RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-142 ♦TUESDAY ♦18 NOVEMBER 2025 ♦PAGE-12 ♦₹ 6.00 | SAMBALPUR | ♦ବର୍ଷ-୪୩ ♦ସଂଖ୍ୟା-୧୪୨ ♦ମଙ୍ଗଳବାର ♦୧୮ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦



ପରଲୋକରେ ହ୍ୟୁମାନ ସାଗର

▸ପୃଷ୍ଠା ୩ ଦେଖନ୍ତୁ...



# ୨୫ ବର୍ଷରେ ସବୁଠୁ ଥଣ୍ଡା ନଭେମ୍ବର

ଭୁବନେଶ୍ୱର,୧୭।୧୧(ସମିସ): ସାରା ରାଜ୍ୟରେ ପ୍ରବଳ ଥଣ୍ଡା ଜାରି ରହିଛି। ରାଜ୍ୟକୁ କ୍ରମାଗତ ଭାବେ ଆସୁଥିବା ଥଣ୍ଡା ଓ ଶୁଷ୍କ ବାୟୁର ପ୍ରଭାବ ଯୋଗୁଁ ତାପମାତ୍ରା ତଳମୁହାଁ ହୋଇଛି। ଏହାଦ୍ୱାରା ସାରା ରାଜ୍ୟରେ ପାରଦ ତଳମୁହାଁ ହୋଇଥିବା ବେଳେ ଗତ ୨୫ ମଧ୍ୟରେ ନଭେମ୍ବର ମାସରେ ଭୁବନେଶ୍ୱରରେ ରେକର୍ଡ ହୋଇଥିବା ତାପମାତ୍ରା ସବୁଠୁ ତଳେ ପହଞ୍ଚିଛି। ଗତ ୩ ଦିନ ହେବ ରାଜଧାନୀ ଭୁବନେଶ୍ୱରରେ ପାରଦ ସ୍ୱାଭାବିକ ତୁଳନାରେ ୫ ଡିଗ୍ରୀ ତଳେ ରହୁଥିବା ହେତୁ ଏଠାରେ ପ୍ରବଳ ଥଣ୍ଡା ଅନୁଭୂତ ହେଉଛି। ଫଳସ୍ୱରୂପ ରାଜଧାନୀର ନଭେମ୍ବର ଥଣ୍ଡା, ୨୫ ବର୍ଷର ରେକର୍ଡ ଭାଙ୍ଗିଛି। ସେହିପରି କଟକରେ ମଧ୍ୟ ତାପମାତ୍ରା ୧୪ ବର୍ଷର ରେକର୍ଡ ଭାଙ୍ଗିଛି। ଏହା ବ୍ୟତୀତ ଝାରସୁଗୁଡ଼ାରେ ରେକର୍ଡ ହୋଇଥିବା ଥଣ୍ଡା ନଭେମ୍ବର ମାସର ଅଷ୍ଟମ ସର୍ବନିମ୍ନ ତାପମାତ୍ରାର ରେକର୍ଡ କହିଛି।

ଗତ୨୪ଘଣ୍ଟାରେଭୁବନେଶ୍ୱରରସର୍ବନିମ୍ନରାତିରତାପମାତ୍ରା ୧୨.୯ ଡିଗ୍ରୀ ରେକର୍ଡ ହୋଇଛି। ଏହାସହ କଟକରେ ୧୩.୨ ଡିଗ୍ରୀ ତାପମାତ୍ରା ରହିଛି। ୨୦୦୦ ମସିହା ପରେ ନଭେମ୍ବର ମାସରେ ଭୁବନେଶ୍ୱରର ରାତିର ତାପମାତ୍ରା ପ୍ରଥମ ଥର ପାଇଁ ଏତେ ତଳକୁ ଖସିଛି। ଏହା ପୂର୍ବରୁ ୨୦୦୯ ନଭେମ୍ବର ୨୯ରେ ଭୁବନେଶ୍ୱରରେ ୧୩.୫ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୨୦୧୮ ନଭେମ୍ବର ୨୫ ୧୩.୬, ୨୦୧୭ ନଭେମ୍ବର ୨୬ରେ ୧୩.୭, ୨୦୨୫ ୧୬ ନଭେମ୍ବରରେ ୧୩.୦ ଓ ଗତ ୨୪ ଘଣ୍ଟାରେ ୧୨.୯ ଡିଗ୍ରୀ ସହ ଏହି



ରେକର୍ଡ ଭଙ୍ଗ ହୋଇଛି। କଟକରେ ୨୦୧୨ ମସିହାରେ ଶେଷ ଥର ପାଇଁ ନଭେମ୍ବରରେ ତାପମାତ୍ରା ୧୨.୮ ଡିଗ୍ରୀ ରେକର୍ଡ ହୋଇଥିଲା।

ଭୁବନେଶ୍ୱର ବ୍ୟତୀତ ଗତ ୨୪ ଘଣ୍ଟାରେ ରାଜ୍ୟର ୬ସହରରେ ତାପମାତ୍ରା ୧୦ ଡିଗ୍ରୀ କିମ୍ବା ତାଠାରୁ କମ ରେକର୍ଡ ହୋଇଛି। ଝାରସୁଗୁଡାଠାରେ ଭୀଷଣ ଶୀତ ଲହରୀ ଅନୁଭୂତ ହୋଇଥିବା ବେଳେ କଟକ ଓ ଭୁବେନଶ୍ୱରରେ ଶୀତ ଲହରୀ ଅନିଭୂତ ହୋଇଛି। ଏହା ବ୍ୟତୀତ ୧୪ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରହିଛି। ଜି.ଉଦୟଗିରି ୫.୪ ଡିଗ୍ରୀ ପାରଦ ପହଞ୍ଚିଥିବା ବେଳେ ସେମିଲିଗୁଡାରେ ୬.୧, ଦାରିଙ୍ଗବାଡି ୭, ଫୁଲବାଣୀ ୮ ଏବଂ ଝାରସୁଗୁଡାରେ ୯.୮ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ସେହିପରି ରାଉରକେଲାରେ ୧୦, କେନ୍ଦୁଝରରେ ୧୧ ଡିଗ୍ରୀ ରେକର୍ଡ ହୋଇଛି। ପାଣିପାଗ ବିଭାଗ କହିବା ଅନୁସାରେ, ପଶ୍ଚିମ ଉତ୍ତର ପବନ ତୀବ୍ର ହେବା, ଆକାଶ ସଫା ରହିବା ଓ ଆର୍ଦ୍ରତା ହ୍ରାସ କାରଣରୁ ରାତିର ତାପମାତ୍ରା ଦ୍ରୁତ ଭାବେ ତଳକୁ ଖସୁଛି। ତେବେ ମଙ୍ଗଳବାର ରାତିଠାରୁ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିବ। ତାପମାତ୍ରା ବଢ଼ିଲେ ମଧ୍ୟ ଆଭ୍ୟନ୍ତରୀଣ ଓଡ଼ିଶାରେ ଶୀତ ଜାରି ରହିବ।

ଅନ୍ୟପଟେ ଦକ୍ଷିଣ ଭାରତରେ ୨୨ ତାରିଖ ଯାଏଁ ପ୍ରବଳ ବର୍ଷା ହେବ ବୋଲି ଆଇଏମ୍‌ଡି ପୂର୍ବନୁମାନ କରିଛି। ଆସନ୍ତା ୨୪ ଘଣ୍ଟା ଅର୍ଥାତ ମଙ୍ଗଳବାର ସକାଳ ସାଢ଼େ ୮ ଟା ପର୍ଯ୍ୟନ୍ତ ରାଜ୍ୟର ଖୋର୍ଦ୍ଧା, କନ୍ଧମାଳ, ଝାରସୁଗୁଡ଼ା, ସୁନ୍ଦରଗଡ଼ର କିଛି କିଛି ଅଞ୍ଚଳରେ ଶୀତ ଲହରୀ ପାଇଁ ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ଆଲର୍ଟ ଜାରି କରାଯାଇଛି।

**ପୁଲିସକୁ ଗାଡ଼ି ଚେକିଂ କ୍ଷମତା**

# ବସ୍‌ମାଲିକ ସଂଘ-ସରକାର ବିବାଦ ତେଜିଲା

ଭୁବନେଶ୍ୱର,୧୭ ।୧୧(ସମିସ): ରାଜ୍ୟରେ ଗାଡ଼ି ଚେକିଂ କ୍ଷମତା ପୁଲିସକୁ ଦେବା ପାଇଁ ସରକାର ଏକ ପ୍ରକାର ସ୍ଥିର କରି ସାରିଛନ୍ତି। ଆସନ୍ତା ଡିସେମ୍ବର ୧ ତାରିଖରୁ ଏହି ନିୟମ ଲାଗୁ ହେବ। ତେବେ ଘରୋଇ ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ସରକାରଙ୍କୁ ଏହି ନିୟମ ଲାଗୁ ନ କରିବାକୁ ଅନୁରୋଧ କରିଥିଲେ ମଧ୍ୟ ରାଜ୍ୟ ପରିବହନ ବିଭାଗ ନିଜ ଜିଦ୍‌ରେ ଅଟଳ ରହିଛି। ଏଭଳି ସ୍ଥିତିରେ ନିଷ୍ପତ୍ତିକୁ ବିରୋଧ କରି ସୋମବାର ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଏକ ପତ୍ର ଲେଖି ଏହି ନିଷ୍ପତ୍ତିର ପୁନର୍ବିଚାର ପାଇଁ

- ମୁଖ୍ୟମନ୍ତ୍ରୀଙ୍କୁ ପତ୍ର ଲେଖି ନିଷ୍ପତ୍ତିର ପୁନଃର୍ବିଚାର ଦାବି
- ନିୟମ ଲାଗୁ ହେଲେ ସାରା ରାଜ୍ୟରେ ଚକଅଖ ବନ୍ଦ
- ୨୫ରେ ସାଧାରଣ ପରିଷଦ ବୈଠକ ଡାକିଲା ସଂଘ

ନିବେଦନ କରିଛନ୍ତି। ଏହାସହିତ ସଂଘ ପକ୍ଷରୁ ଆସନ୍ତା ୨୫ ତାରିଖରେ ସାଧାରଣ ପରିଷଦ ବୈଠକ ଡକାଇଯାଇଥିବା ବେଳେ ଯଦି ସରକାର ଏହି ନିୟମ ଲାଗୁ କରନ୍ତି, ତେବେ ରାଜ୍ୟରେ ଘରୋଇ ବସ୍ ଚଳାଚଳ ବନ୍ଦ କରିବାକୁ ସଂଘ ପରୋକ୍ଷରେ ଚେତାବନୀ ଦେଇଛି।

ଗାଡ଼ି ମାଲିକ ସଂଘ ପକ୍ଷରୁ କୁହାଯାଇଛି ଯେ ଏମ୍‌ଭି ଆକ୍ଟ ୧୯୮୮ ଅଧିନିୟମ ଅନୁଯାୟୀ ରାଜ୍ୟରେ ହେଲମେଟ, ସିଟ୍ ବେଲ୍ଟ, ଟ୍ରିପଲ୍ ରାଇଡର୍, ଭୁଲ ପାଶ୍ୱର୍ରେ ଗାଡ଼ି ଚଳାଇବା, ମଦ୍ୟପାନ କରି ଗାଡ଼ି ଚଳାଇବା ଇତ୍ୟାଦି ମୋଟର ଯାନ ଯାଞ୍ଚ ପାଇଁ ପୁଲିସକୁ ପୂର୍ବରୁ କ୍ଷମତା ଦିଆଯାଇଛି। ଦୁର୍ଘଟଣା ଓ ମୃତ୍ୟୁହାର ହ୍ରାସ କରିବା ପାଇଁ ସରକାର ଏହି ପଦକ୍ଷେପ ନେଇଛନ୍ତି। ମାତ୍ର ଆଗକୁ ରାଜ୍ୟରେ ମୋଟର ଯାନ ଯାଞ୍ଚ ପାଇଁ ପୁଲିସ ବିଭାଗକୁ ଅଧିକ କ୍ଷମତା ପ୍ରଦାନ କରିବାକୁ ସରକାର ଯୋଜନା କରୁଛନ୍ତି। ସାଧାରଣତଃ, ବିଗତ ଦିନରେ ପୁଲିସ ବିଭାଗକୁ ମଧ୍ୟ ଏହି କ୍ଷମତା ଦିଆଯାଇଥିଲା। କିନ୍ତୁ ଦୁର୍ନୀତି ବୃଦ୍ଧି ଏବଂ କ୍ଷମତାର ଅପବ୍ୟବହାର ହେତୁ ଏହି ଉଦ୍ଦେଶ୍ୟ ବିଫଳ ହୋଇଥିଲା। ଏହାସହିତ ପୁଲିସର ମାନବ ସମ୍ବଳ ଅଭାବ ହେତୁ ଏବେ ସେମାନେ ଅପରାଧ ହ୍ରାସ କରିବାରେ ସକ୍ଷମ ହେଉ ନାହାନ୍ତି। ଫଳସ୍ୱରୂପ ପୂର୍ବ ସରକାର ପୁଲିସ ବିଭାଗକୁ ଦିଆଯାଇଥିବା ଏହି କ୍ଷମତାକୁ ପ୍ରତ୍ୟାହାର କରି ନେଇଥିଲେ। ସେହିପରି ବାରମ୍ବାର ଗାଡି ମାଲିକମାନଙ୍କୁ ଅନାବଶ୍ୟକ ଇ-ଚାଲାଣ କରି ପୁଲିସ ବିଭାଗ ଦ୍ୱାରା ହଇରାଣ ହେବାକୁ ପଡୁଛି।

ନିକଟରେ ଭୁବନେଶ୍ୱରରେ ଘରୋଇ ବସ୍ ମାଲିକଙ୍କ ବସ୍ ବିରୋଧରେ ପୁଲିସ ବିଭାଗ ଦ୍ୱାରା ମନମୁଖୀ ଭାବରେ ୫୦୦ ରୁ ଅଧିକ ଇ-ଚାଲାଣ କରାଯାଇଛି। ଏହାସହ ଗୋଟିଏ ଗାଡ଼ିକୁ ମାର୍ଶାଘାଇ ପୁଲିସ ଦ୍ୱାରା ୩୨୫୦୦ ଟଙ୍କାର ଇ-ଚାଲାଣ କରାଯାଇଛି। ଏହି ଇ-ଚାଲାଣ ବିରୋଧରେ ପୁଲିସ ମହାନିର୍ଦ୍ଦେଶକ, ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ସଚିବ, ପରିବହନ କମିଶନର, ରାଜ୍ୟ ପରିବହନ କର୍ତ୍ତୃପକ୍ଷ ଏବଂ କେନ୍ଦ୍ରାପଡ଼ା ଏସ୍‌ପିଙ୍କ ନିକଟରେ ସଂଘ ଆପତ୍ତି କରିବା ସହ ମାର୍ଶାଘାଇ ଆଇଆଇସିଙ୍କ ବିରୋଧରେ ଅଭିଯୋଗ କରାଯାଇଥିଲା। କିନ୍ତୁ ଆଜି ପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନାହିଁ। ଫଳରେ ଗାଡି ମାଲିକ ଉପରୋକ୍ତ ଜୋରିମାନା ଦେବାକୁ ବାଧ୍ୟ ହେଉଛନ୍ତି। ବିଭିନ୍ନ ପୁଲିସ ଷ୍ଟେସନରେ ଏଭଳି ଇ-ଚାଲାଣ କରାଯାଉଥିବାରୁ ଗାଡ଼ି ମାଲିକମାନଙ୍କ ପାଇଁ ବୋଝ ସାଜିଛି। ତେଣୁ ସରକାର ଏହି ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ ବୋଲି ସଂଘ ପକ୍ଷରୁ ନିବେଦନ କରାଯାଇଛି। ମିଳିଥିବା ସୂଚନା ଅନୁଯାୟୀ ଏହି ଘଟଣାକୁ ନେଇ ଆଜି ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ପରିବହନ ଆୟୁକ୍ତଙ୍କୁ ମଧ୍ୟ ସାକ୍ଷାତ କରିଛନ୍ତି। ଯଦି ସରକାର ଏହି ନିଷ୍ପତ୍ତିରୁ ନ ଓହରନ୍ତି ତେବେ ରାଜ୍ୟରେ ବସ୍ ମାଲିକ ସଂଘ କଠୋର ନିଷ୍ପତ୍ତି ନେବ ବୋଲି ମଧ୍ୟ ସଂଘ ଚେତାବନୀ ଦେଇଛି।

**ପୁଣି ଫେରିଲା ବୋର୍ଡ, ନିଗମ ନିଯୁକ୍ତି ଚର୍ଚ୍ଚା**

# ନେତାଙ୍କ ଧୈର୍ଯ୍ୟଚ୍ୟୁତି: ଧନୁରେ ମିଳିବ ନିଗମ ମୁଆଁ!

ଭୁବନେଶ୍ୱର,୧୭।୧୧(ସମିସ): ବେଶ କିଛିଦିନର ନିରବତା ପରେ ପୁଣି ଚର୍ଚ୍ଚାକୁ ଫେରିଛି ରାଜ୍ୟରେ ବୋର୍ଡ, ନିଗମ ନିଯୁକ୍ତି ପ୍ରସଙ୍ଗ। କିଛିମାସର ବ୍ୟବଧାନ ପରେ ରାଜ୍ୟରେ ଖୁବଶୀଘ୍ର ବୋର୍ଡ, ନିଗମ ନିଯୁକ୍ତି ଦିଆଯିବ ବୋଲି ପୁଣି ଦୋହରାଇଛନ୍ତି ରାଜ୍ୟ ବିଜେପି ପ୍ରଭାରୀ ବିଜୟ ପାଲ୍ ସିଂ ତୋମାର। ରାଜ୍ୟସ୍ତରରେ ଚର୍ଚ୍ଚା, ଆଲୋଚନା ସରିବା ସହ ସମସ୍ତ ପ୍ରକ୍ରିୟା ସରିଛି ଓ କେନ୍ଦ୍ରୀୟ ନେତୃତ୍ୱ ଏ ନେଇ ଖୁବଶୀଘ୍ର ନିଷ୍ପତ୍ତି ନେବେ ବୋଲି ସେ କହିଛନ୍ତି। ତେଣୁ ଧନୁ ମାସରେ ଆଶାୟୀଙ୍କୁ ନିଗମ ମୁଆଁ ବଣ୍ଟା ହେବା ଆଶା ଉଜ୍ଜ୍ୱଳ ହୋଇଛି ।

ରାଜ୍ୟରେ ସରକାର ଗଠନ କରିବାକୁ ବିଜେପିକୁ ୧୭ ମାସ ପୂରିଲାଣି। ମାତ୍ର ଏଯାଏଁ ଦଳ ବୋର୍ଡ, ନିଗମ ଏବଂ ବିଭିନ୍ନ ଅକାଦେମୀରେ ନିଯୁକ୍ତି ଦେଇପାରୁ ନାହିଁ। ସେହିପରି ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ମଧ୍ୟ ହୋଇପାରୁନଥିବା ବେଳେ ଏହାକୁ ନେଇ ରାଜ୍ୟ ବିଜେପି ସରକାର ଏବଂ ସଂଗଠନକୁ ବିଭିନ୍ନ ମହଲରୁ ସମାଲୋଚନାର ଶରବ୍ୟ ହେବାକୁ ପଡୁଛି। ଏପଟେ ଥଇଥାନ ହେବା ପାଇଁ ଅନେକ ଦିନ ଅପେକ୍ଷା କରି ଆଶାୟୀଙ୍କ ଧୈର୍ଯ୍ୟଚ୍ୟୁତି ହେଲାଣି। ଜୁଲାଇରୁ ସେପ୍ଟେମ୍ବର ମାସରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ରାଜ୍ୟ ସଭାପତି ମନମୋହନ ସାମଲ ଏକାଧିକବାର ଦିଲ୍ଲୀ ଗସ୍ତ କରିଥିଲେ। ଦିଲ୍ଲୀରେ ପ୍ରମୁଖ ପଦରେ ଦଳୀୟ ନେତାଙ୍କୁ ଥଇଥାନ ଏବଂ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ପ୍ରତିଟି ଗସ୍ତ ବେଳେ କେନ୍ଦ୍ରୀୟ ନେତୃତ୍ୱଙ୍କ ସହ ଆଲୋଚନା ମଧ୍ୟ ହୋଇଥିଲା। ମାତ୍ର ଶେଷ ମୁହୂର୍ତ୍ତରେ କୌଣସି ନା କୌଣସି କାରଣ ପାଇଁ ଏହା ସମ୍ଭବପର ହୋଇପାରୁ ନଥିଲା। ତେବେ ନୂଆପଡ଼ା ନିର୍ବାଚନ ପାଇଁ ବୋର୍ଡ, ନିଗମ ନିଯୁକ୍ତି ଚର୍ଚ୍ଚା କିଛି ସମୟ ପାଇଁ ରାଜ୍ୟରେ ଥମି ଯାଇଥିବା ବେଳେ ଶ୍ରୀ ତୋମାରଙ୍କ ବୟାନ ଏହି ଚର୍ଚ୍ଚାକୁ ପୁଣିଥରପେ ଖୋରାକ୍ ଯୋଗାଇଛି। ନିଗମ ନିଯୁକ୍ତି ଖୁବଶୀଘ୍ର ହୋଇଯିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଥିବା ବେଳେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପାଇଁ କିଛି ସମୟ ଲାଗିବ ବୋଲି କହିଛନ୍ତି।

**ଦଳ ସଭାପତିଙ୍କ ସୁପାରିସ ଆପାତତଃ ଚୂଡ଼ାନ୍ତ**

ତେବେ ବର୍ତ୍ତମାନ ରାଜ୍ୟ ବିଜେପି ରାଜନୀତିକୁ ଦୃଷ୍ଟି ରଖି ଶ୍ରୀ ତୋମାରଙ୍କ କଥାରେ ଦମ୍ ରହିଥିବା କହିଛନ୍ତି ରାଜନୈତିକ ସମୀକ୍ଷକ। ନୂଆପଡ଼ାରେ ମୋହନ-ମନମୋହନଙ୍କ ଯୋଡ଼ି ବେଶ୍ ସଫଳତା ପାଇଥିବାରୁ ଦିଲ୍ଲୀରେ ସେମାନଙ୍କର ପ୍ରଭାବ ବଢ଼ିଛି। ଏପରିସ୍ଥଳେ ନିଗମ ବଣ୍ଟନ ବେଳେ ଦଳୀୟ ଶୀର୍ଷ ନେତୃତ୍ୱଙ୍କ ପାଖେ ମୋହନ-ମନମୋହନ ଏବେ ଅଧିକ ବିଶ୍ୱାସଭାଜନ ହୋଇପାରିଛନ୍ତି। ଉଭୟଙ୍କ ପରାମର୍ଶକୁ ଭିତ୍ତି କରି ରାଜ୍ୟର ତାଲିକାକୁ କେନ୍ଦ୍ର ସବୁଜ ସଙ୍କେତ ଦେବାର ସମ୍ଭାବନା ଉଜ୍ଜ୍ୱଳ ହୋଇଛି। ତେବେ ରାଜ୍ୟ ବିଜେପି ରାଜନୀତିରେ ଘଡ଼ିକେ ଘୋଡ଼ା ଛୁଟୁଥିବାରୁ ଏନେଇ କୌଣସି ସ୍ପଷ୍ଟ ପୂର୍ବାନୁମାନ କରିବା କଷ୍ଟକର ବୋଲି ରାଜନୈତିକ ସମୀକ୍ଷକ ମତ ରଖିଛନ୍ତି।

# କମ୍ବୁପାଣି ପାଢ଼ୀ ରାଜ୍ୟ ଆଇନଜୀବୀ ପରିଷଦର ନୂତନ ସଦସ୍ୟ ନିର୍ବଚିତ

କଟକ, ୧୭ ।୧୧(ସମିସ): ଓଡ଼ିଶା ରାଜ୍ୟ ଆଇନଜୀବୀ ପରିଷଦର ଖାଲି ପଡ଼ିଥିବା ଏକ ସଦସ୍ୟ ପଦ ପାଇଁ ହୋଇଥିବା ନିର୍ବାଚନରେ ଟିଟଲାଗଡର ଆଇନଜୀବୀ କମ୍ବୁପାଣି ପାଢ଼ୀ ନିର୍ବାଚିତ ହୋଇଛନ୍ତି। ଉକ୍ତ



ନିର୍ବାଚନରେ ଶ୍ରୀ ପାଢ଼ୀଙ୍କ ବିପକ୍ଷରେ କଟକର ଆଇନଜୀବୀ ଆଭାସ ମହାନ୍ତି ପ୍ରାର୍ଥୀ ଥିଲେ। ଆଇନଜୀବୀ ପରିଷଦର ମୋଟ ୨୪ଜଣଙ୍କ ମଧ୍ୟରୁ ୧୬ଜଣ ଶ୍ରୀ ପାଢ଼ୀଙ୍କୁ ସମର୍ଥନ ଜଣାଇ ମତଦାନ କରିଛନ୍ତି। ଆଜି ରାଜ୍ୟ ଆଇନଜୀବୀ ପରିଷଦ ତରଫରୁ ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀ ନବନିର୍ବାଚିତ ସଦସ୍ୟ ଶ୍ରୀ ପାଢ଼ୀଙ୍କୁ ସମ୍ବର୍ଦ୍ଧିତ କରିବା ସହ ଅଭିନନ୍ଦନ ଜଣାଇଛନ୍ତି। ପ୍ରକାଶଥାଉକି, ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ଥିବା ପୀତବାସ ପଣ୍ଡାଙ୍କ ପରଲୋକ ପରେ ଏହି ପଦ ଖାଲି ପଡ଼ିଥିଲା। ଶ୍ରୀ ପଣ୍ଡାଙ୍କୁ ଗତ ଅକ୍ଟୋବର ୬ ତାରିଖ ଦିନ ଦୁର୍ବୃତ୍ତମାନେ ହତ୍ୟା କରିଥିଲେ। ଖାଲି ପଦ ପୂରଣ ପାଇଁ ଗତ ଅକ୍ଟୋବର ୨୨ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇ ନଭେମ୍ବର ୧୬ରେ ନିର୍ବାଚନ ଅନୁଷ୍ଠିତ ହୋଇଥିଲା।

# ପୋଖରୀରେ ବୁଡ଼ି ୨ ଶିଶୁ ମୃତ

ଭଦ୍ରକ/ତିହିଡି, ୧୭।୧୧(ସମିସ): ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ ପୀରହାଟ ଥାନା ସାହାପୁର ପଞ୍ଚାୟତ ଅଧୀନ ଜାଫରାବାଦ ଗ୍ରାମରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ପୋଖରୀରେ ବୁଡ଼ି ୨ ଶିଶୁଙ୍କ ମୃତ୍ୟୁ ଘଟିଛି। ମୃତ ଶିଶୁଦ୍ୱୟ ହେଲେ, ଜାଫରାବାଦ ଗ୍ରାମର ବୁଲୁ ବାରିକଙ୍କ ପୁଅ ଅନନ୍ତଦେବ (୩) ଏବଂ ସିମୁଳିଆ ଥାନା ଅଧୀନ ଫୁଲଗଡ଼ ଗ୍ରାମର ଜୟନ୍ତ ସାହୁଙ୍କ ପୁଅ ହିମାଂଶୁ (୪)। ହିମାଂଶୁ ତାଙ୍କ ବାପାଙ୍କ ସହ ଜାଫରାବାଦ ଗ୍ରାମସ୍ଥିତ ବନ୍ଧୁ ଘରକୁ ଆସିଥିଲେ। ମଧ୍ୟାହ୍ନ ୧ଟା ବେଳେ ଦୁହେଁ ସାଙ୍ଗ ହୋଇ ଖେଳୁଥିବା ବେଳେ ପାଖରେ ଥିବା ଏକ ପୋଖରୀରେ ପଡ଼ିଯାଇଥିଲେ। ଗ୍ରାମବାସୀଙ୍କ ସହାୟତାରେ ପରିବାରଲୋକେ ଉଭୟଙ୍କୁ ଉଦ୍ଧାର କରି ତିହିଡ଼ି ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ମାତ୍ର ସେଠାରେଅବସ୍ଥାସଙ୍କଟାପନ୍ନହେବାରୁତାଙ୍କୁ ଭଦ୍ରକ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ।

**■ ହାଇକୋର୍ଟରେ ହୀରାକୁଦ ସଟର ଗେଟ୍ କାର୍ଯ୍ୟ ଦୁର୍ନୀତି ପ୍ରସଙ୍ଗ**

# ଭିତ୍ତିହୀନ ଜନସ୍ୱାର୍ଥ ମାମଲା ପାଇଁ ୨ ଲକ୍ଷ ତଣ୍ଡ ଗଣିବେ ଆବେଦନକାରୀ

କଟକ,୧୭ ।୧୧(ସମିସ): ହୀରାକୁଦ ମେକାନିକାଲ ଡିଭିଜନ୍ ଅଧୀନରେ ସଟର ଗେଟ୍ କାର୍ଯ୍ୟରେ ବ୍ୟାପକ ଅନିୟମିତତା ହୋଇଥିବା ନେଇ ଦାୟର ଜନସ୍ୱାର୍ଥ ମାମଲାକୁ ହାଇକୋର୍ଟ ଖାରଜ କରିଦେଇଛନ୍ତି। ଏଥିସହ ଏଭଳି ଭିତ୍ତିହୀନ ଜନସ୍ୱାର୍ଥ ମାମଲା ପାଇଁ ଆବେଦନକାରୀ ୨ଲକ୍ଷ ଟଙ୍କା ତଣ୍ଡ ଗଣିବେ ବୋଲି ହାଇକୋର୍ଟ ଆଜି ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରଛନ୍ତି। ୨ଲକ୍ଷ ଟଙ୍କା ତଣ୍ଡରାଶିକୁ ଓଡ଼ିଶା ରାଜ୍ୟ ଆଇନସେବା ପ୍ରାଧିକରଣ ନିକଟରେ ଜମା କରିବାକୁ ହାଇକୋର୍ଟ କହିଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏମଏସ୍ ଏମକେ ଇଣ୍ଡଷ୍ଟ୍ରିଜ୍ ପକ୍ଷରୁ ଦାୟର ଜନସ୍ୱାର୍ଥ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ମାମଲାରୁ ପ୍ରକାଶ, ହୀରାକୁଦ ମେକାନିକାଲ ଡିଭିଜନ୍ ଅଧୀନରେ ସଟର୍ ଗେଟ୍ କାର୍ଯ୍ୟରେ ବ୍ୟାପକ ଅନିୟମିତତା ନେଇ ଗତ ମେ' ମାସରେ ଆବେଦନକାରୀ ଜଳସଂପଦ ବିଭାଗ ଅତିରିକ୍ତ ମୁଖ୍ୟ ସଚିବଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ୨୦୧୭ ଏପ୍ରିଲ ୧ରୁ ୨୦୨୦, ଜୁଲାଇ ୩୧ରେ ମଧ୍ୟ ଏହି କାର୍ଯ୍ୟ ପାଇଁ ବେଆଇନ ଭାବେ ବିପୁଳ ସରକାରୀ ଅର୍ଥ ବ୍ୟୟ କରାଯିବା ସହ ନିୟମ ଅନୁସାରେ ଟେଣ୍ଡର୍ କରାଯାଇନଥିଲା। ଡିଭିଜନ୍‌ର ଜନୈକ ତତ୍କାଳୀନ ନିର୍ବାହୀ ଯନ୍ତ୍ରୀ ଏଥିରେ ସଂପୃକ୍ତି ଥିବା ଦର୍ଶାଇ ହାଇକୋର୍ଟରେ ଜନସ୍ୱାର୍ଥ ମାମଲା ରୁଜୁ କରିଥିଲେ। ପୂର୍ବରୁ ଉଚ୍ଚ କର୍ତ୍ତୃପକ୍ଷଙ୍କ ତରଫରୁ ତଦନ୍ତ କରାଯାଇ ସମ୍ପୃକ୍ତ ନିର୍ବାହୀ ଯନ୍ତ୍ରୀଙ୍କୁ ଦୋଷମୁକ୍ତ କରାଯାଇଛି ବୋଲି ସରକାରଙ୍କ ପକ୍ଷରୁ ଅବଗତ କରାଯାଇଥିଲା।

**ତରିକୁନ୍ଦରେ ବୁଲିଲା ବୁଲ୍‌ଡୋଜର୍**

# ମାଟିରେ ମିଶିଲା ବେହେରାମପୁର ବସ୍ତି





ଜଗତସିଂହପୁର, ୧୭।୧୧(ସମିସ): ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ତରିକୁନ୍ଦ ବେହେରାମପୁର ବସ୍ତିରେ ଗତକାଲି ମାରଣାସ୍ତ୍ର ମିଳିବା ପରେ ଆଜି ବସ୍ତିରେ ବୁଲିଛି ବୁଲ୍‌ଡୋଜର। ଫଳରେ ମାଟିରେ ମିଶିଯାଇଛି ଏହି ବସ୍ତିରେ ଥିବା ୩୦ରୁ ଉର୍ଦ୍ଧ୍ୱ ଘର। ଗତକାଲି ସନ୍ଧ୍ୟାରେ ପୁଲିସ ଚଢ଼ଉ କରି ୨ଜଣ ମହିଳାଙ୍କୁ ଗିରଫ କରିଥିଲା। ରାତିରେ ସେମାନଙ୍କୁ କୋର୍ଟଚାଲାଣ କରାଯାଇଥିବା ଆଇଆଇସି ସରୋଜ କୁମାର ସାମଲ ସୂଚନା ଦେଇଛନ୍ତି। ସେହିପରି

- ଆଧାର କାର୍ଡ ସହିତ ବିଭିନ୍ନ କାଗଜପତ୍ର ଜବତ
- ସନ୍ଦିଗ୍ଧଙ୍କ ପ୍ରକୃତ ବାସସ୍ଥାନ ସଂପର୍କରେ ଚାଲିଛି ଅନୁସନ୍ଧାନ

ଅନ୍ୟ କିଛି ପୁରୁଷ ଓ ମହିଳାଙ୍କୁ ପୁଲିସ ଅଟକ ରଖି ତଦନ୍ତ ଚଳାଇଛି। ତେବେ ମୁଖ୍ୟ ଅଭିଯୁକ୍ତ କୁହାଯାଉଥିବା ସିକନ୍ଦର ଆଲାମଙ୍କ ସହ ଅନ୍ୟ ୮/୧୦ ଜଣ ପୁଲିସ ଚଢ଼ଉ ଖବର ପାଇ ଫେରାର୍ ହୋଇଯାଇଛି। ଚଢ଼ଉ ସମୟରେ ପୁଲିସ ସହ ଧସ୍ତାଧସ୍ତି ହେବାରୁ ଜଣେ ମହିଳା କନଷ୍ଟେବଳ ଆହତ ହୋଇଥିବା ପୁଲିସ୍ ସୂଚନା ଦେଇଛି।

ବିଶ୍ୱସ୍ତ ସୂତ୍ରରୁ କିଛି ସନ୍ଦିଗ୍ଧ ଆଚରଣ ସଂପର୍କରେ ସୂଚନା ପାଇ ଏଏସ୍‌ପି ସତ୍ୟ ଦାଶଙ୍କ ନେତୃତ୍ୱରେ ସଦର ଥାନା ପୁଲିସ ଏହି ବସ୍ତିରେ ଚଢ଼ଉ କରିଥିଲା। ଚଢ଼ଉ ବେଳେ ଗୋଟିଏ ଦେଶୀ ବନ୍ଧୁକ, ୫/୬ଟି ବଡ଼ କଟୁରି ଏବଂ ଅନ୍ୟ ହାତହତିଆର ପୁଲିସ ଜବତ କରିଥିଲା। ସରକାରୀ ଜାଗାରେ ଏହି ଗୃହ ନିର୍ମାଣ କରାଯାଇଥିବା ଜଣାପଡ଼ିବା ପରେ ଆଜି ବୁଲ୍‌ଡୋଜର ଲଗାଇ ସମସ୍ତ ଘରକୁ ଭାଙ୍ଗି ଦିଆଯାଇଛି। ଜିଲ୍ଲାପାଳ ଜେ. ସୋନାଲ ଏବଂ ଏସ୍‌ପି ଅଙ୍କିତ ବର୍ମା ଘଟଣାସ୍ଥଳକୁ ଯାଇ ସ୍ଥିତି ଅନୁଧ୍ୟାନ କରିଛନ୍ତି। ସେହିପରି ଆଜି ସନ୍ଧ୍ୟାରେ ଡିଆଇଜି ସତ୍ୟଜିତ ନାୟକ ଜଗତସିଂହପୁର ଗସ୍ତରେ ଆସି ଜିଲ୍ଲାପାଳଙ୍କ ସଦ୍‌ଭାବନା ସଭାଗୃହରେ ଏକ ସାମ୍ବାଦିକ ସମ୍ମିଳନୀରେ ଯୋଗ ଦେଇ ସବିଶେଷ ତଥ୍ୟ ଉପସ୍ଥାପନ କରିଛନ୍ତି। ଯେଉଁମାନେ ଚଢ଼ଉ ସମୟରେ ଫେରାର ହୋଇଯାଇଛନ୍ତି, ସେମାନଙ୍କୁ ଧରିବା ପାଇଁ ସ୍ୱତନ୍ତ୍ର ପୁଲିସ ଟିମ୍ ଗଠନ କରାଯାଇଥିବା ଡିଆଇଜି ସୂଚନା ଦେଇଥିଲେ। ୩ଜଣ ସନ୍ଦିଗ୍ଧ ବାଂଲାଦେଶୀଙ୍କୁ ପୁଲିସ ଅଟକ ରଖି ପଚରାଉଚରା କରୁଥିବା ବେଳେ ସମଗ୍ର ଜିଲ୍ଲାରେ ଏହି ସର୍ଚ୍ଚ ଅପରେସନ ଜାରି ରହିଛି ଏବଂ ଅଗାମୀ ଦିନରେ ମଧ୍ୟ ଜାରି ରହିବ ବୋଲି ଶ୍ରୀ ନାୟକ ସୂଚନା ଦେଇଛନ୍ତି।

କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ଅନୁପ୍ରବେଶକାରୀ ବାଂଲାଦେଶୀଙ୍କୁ ଚିହ୍ନଟ କରିବା ପ୍ରକ୍ରିୟା ଚାଲିଥିବା ବେଳେ ଜଗତସିଂହପୁର ଜିଲ୍ଲାରେ ରହୁଥିବା ସନ୍ଦିଗ୍ଧ ପରିବାରଙ୍କ ଉପରେ ନଜର ରଖାଯାଇଛି ବୋଲି ସାମ୍ବାଦିକ ସମ୍ମିଳନୀରେ ଜିଲ୍ଲାପାଳ ଜେ. ସୋନାଲ ସୂଚନା ଦେଇଛନ୍ତି। ବେହେରାମପୁର ବସ୍ତିରୁ ଜବତ ହୋଇଥିବା ସମସ୍ତ କାଗଜପତ୍ର ଅନୁସନ୍ଧାନ କରାଯାଉଛି ଏବଂ ଅଟକ ଥିବା ସନ୍ଦିଗ୍ଧମାନେ ପଶ୍ଚିମବଙ୍ଗର ଯେଉଁ ଜିଲ୍ଲାର ବାସିନ୍ଦା ବୋଲି ଦର୍ଶାଉଛନ୍ତି, ସେହି ଜିଲ୍ଲା ପ୍ରଶାସନକୁ ଏ ସଂପର୍କରେ ଅବଗତ କରାଯିବ ବୋଲି ଜିଲ୍ଲାପାଳ କହିଛନ୍ତି। ଜିଲ୍ଲା ପ୍ରଶାସନ ଓ ପୁଲିସ ପ୍ରଶାସନ ପକ୍ଷରୁ ଏହି ସମ୍ବେଦନଶୀଳ ପ୍ରସଙ୍ଗରେ କଡ଼ା ଆଭିମୁଖ୍ୟ ନିଆଯାଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଛନ୍ତି।

# ମହାପ୍ରଭୁଙ୍କର ହେଲା ପଇତାଲାଗି

ପୁରୀ,୧୭।୧୧(ସମିସ): ଶ୍ରୀମନ୍ଦିରରେ ସୋମବାର ମହାପ୍ରଭୁଙ୍କ ପଇତାଲାଗି ନୀତି ସମ୍ପନ୍ନ ହୋଇଛି। ସନ୍ଧ୍ୟା ୫ଟା ୪୦ରେ ଦ୍ୱିତୀୟ ଭୋଗମଣ୍ଡପ ପରେ ମଇଲମ ହୋଇଥିଲା। ୫ଟା ୫୫ରେ ଲକ୍ଷ୍ମୀ, ସରସ୍ୱତୀ ଖଟଶେଯ ଘରକୁ ବିଜେ କରିଥିଲେ। ସନ୍ଧ୍ୟା ୬ଟା ୫ରେ ଜୟ



ବିଜୟ ଦ୍ୱାର ବନ୍ଦ ହୋଇଥିଲା। ଏହାପରେ ଦଇତାପତି ସେବକମାନେ ଗର୍ଭଗୃହକୁ ପ୍ରବେଶ କରିଥିଲେ। ଆରମ୍ଭ ହୋଇଥିଲା ପଇତାଲାଗି ନୀତି। ଦେଉଳକରଣଙ୍କଠାରୁ ବାସୁଙ୍ଗା ପାଟରେ ନିର୍ମିତ ପଇତା ନେଇ ଦଇତାପତିମାନେ ଗୋଷ୍ଠୀଗତ ଭାବେ ଏହି ପଇତାଲାଗି କରିଥିଲେ। ଏହା ଏକ ଗୁପ୍ତ ନୀତି ହୋଇଥିବାରୁ ଏହି ସମୟରେ ଜୟ ବିଜୟ ଦ୍ୱାର ବନ୍ଦ କରାଯାଇଥିଲା। ଫଳରେ ସର୍ବସାଧାରଣ ଦର୍ଶନ ବନ୍ଦ ରହିଥିଲା। ପଇତାଲାଗି ନୀତି ସମ୍ପନ୍ନ ହେବାପରେଠାକୁରଙ୍କମହାସ୍ନାନପରେ ପୁଣି ଦର୍ଶନ ଆରମ୍ଭ ହୋଇଥିଲା। ସୂଚନାଥାଉ କି, ଠାକୁରଙ୍କ ଶ୍ରୀଅଙ୍ଗର ସୁରକ୍ଷା ଲାଗି ବର୍ଷକୁ ପ୍ରାୟ ଚାରିଥର ପଇତାଲାଗି କରାଯାଏ। ଦୈନନ୍ଦିନ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲାଗି ହେଉଥିବା ଚନ୍ଦନ ଖସି ନ ଯିବା ପାଇଁ ଏହା କରାଯାଇଥାଏ।

# ହାଇୱା-ସ୍କର୍ପିଓ ମୁହାଁମୁହିଁ; ଜଣେ ମୃତ

ଯୋଡ଼ା, ୧୭।୧୧ (ସମିସ): ଆଜି ସନ୍ଧ୍ୟାରେ ଯୋଡ଼ାସ୍ଥିତ ଫ୍ଲାଏଓଭର୍‌ରେ ଉପରେ ହାଇୱା ଓ ସ୍କର୍ପିଓ ମୁହାଁମୁହିଁ ଧକ୍କା ହେବାରୁ ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତ ମହିଳା ଜଣକ ବଡ଼ବିଲର ସୋନାଲି ଓଝା। ସେ ସ୍କର୍ପିଓରେ ବାଂଶପାଣି ଅଭିମୁଖେ ଯାଉଥିବା ବେଳେ ଏହି ଅଘଟଣ ଘଟିଥିଲା। ସାମ୍ନାପଟୁ ଦ୍ରୁତ ଗତିରେ ଆସୁଥିବା ଏକ ହାଇୱା ମୁହାଁମୁହିଁ ଧକ୍କା ଦେଇଥିଲା। ଦୁର୍ଘଟଣା ଏତେ ଭୟଙ୍କର ଥିଲା ଯେ ଏଥିରେ ସ୍କର୍ପିଓଟି ପୂରା ଚୂରମାର୍ ହୋଇଯାଇଛି। ଅପରପକ୍ଷେ, ଦୁର୍ଘଟଣା ଘଟାଇବା ପରେ ହାଇୱାଟି ଘଟଣାସ୍ଥଳରୁ ଚମ୍ପଟ ମାରିଥିଲା। ଯୋଡ଼ା ପୁଲିସ ସ୍କର୍ପିଓରେ ଥିବା ଯାତ୍ରୀଙ୍କୁ ଉଦ୍ଧାର କରିଛି। ଦୁର୍ଘଟଣାଗ୍ରସ୍ତ ସ୍କର୍ପିଓରେ ଚାଳକ ସହ ମହିଳାଙ୍କ ଭାଇ ଥିବା ବେଳେ ଉଭୟ ସାମାନ୍ୟ ଆହତ ହୋଇଛନ୍ତି। ସେମାନଙ୍କୁ ପ୍ରାଥମିକ ଚିକିତ୍ସା ପରେ ଛାଡ଼ି ଦିଆଯାଇଥିବା ଜଣାପଡ଼ିଛି।

**ଆଇଟମ୍ ଡ୍ୟାନ୍ସରୁ ଯାଇ ପୌରାଣିକ ମଞ୍ଚରେ ପହଞ୍ଚିଲା ଅଶ୍ଳୀଳତା**

# କୁଆଡ଼େ ଗଲା ସଂସ୍କୃତି ସୁରକ୍ଷା ନିର୍ଦ୍ଦେଶାବଳୀ?

ଭୁବନେଶ୍ୱର, ୧୭।୧୧(ସମିସ): ଦର୍ଶକ ସଂଖ୍ୟା ବୃଦ୍ଧି କରିବା ନିଶାରେ ଓଡ଼ିଆ ସଂସ୍କୃତି, ପରମ୍ପରାକୁ ଭୁଲି ଯାଉଛନ୍ତି ଯାତ୍ରା କମିଟି ଓ ଯାତ୍ରା କଳାକାର। ଟଙ୍କା ପାଇଁ ହଜାର ହଜାର ଦର୍ଶକଙ୍କ ସାମ୍ନାରେ ଅର୍ଦ୍ଧନଗ୍ନ ହେବାକୁ ପଛାଉ ନାହାନ୍ତି। ଆଇଟମ୍ ଡ୍ୟାନ୍ସ ନାଁରେ ଯେଭଳି ନୃତ୍ୟ ହେଉଛି, ପରିବାର ସହ ଯାଉଥିବା ଲୋକେ ମୁଣ୍ଡଟେକି ମଞ୍ଚକୁ ଚାହିଁ ପାରୁନାହାନ୍ତି। ବାରମ୍ବାର ଏଭଳି ଘଟଣା ଘଟିବା ପରେ ଲୋକଙ୍କ ଚାପରେ ସରକାର ନୂଆ ମାର୍ଗଦର୍ଶିକା (ଏସ୍‌ଓପି) ଆଣିବେ ବୋଲି କହିଥିଲେ। ଏଥିପାଇଁ ଥରକୁ ଥର ବୈଠକ ହେଲା, ଗଣମାଧ୍ୟମରେ ବି ମନ୍ତ୍ରୀ ବୟାନବାଜି କରି ନିଜ ପିଠି ଥାପୁଡ଼େଇଲେ। କିନ୍ତୁ, କିଛି ଦିନ ଚର୍ଚ୍ଚାରେ ରହିବା ପରେ ପୂରା ପ୍ରସଙ୍ଗ କୁଆଡ଼େ ହଜିଗଲା। ସରକାର ବି ପାସୋରିଗଲେ। ମାର୍ଗଦର୍ଶିକା ଜାରି ହେବା ତ ଦୂରର କଥା, ତା'ର ନାଁ ଗନ୍ଧ ମଧ୍ୟ ନାହିଁ। ସେପଟେ, ମଞ୍ଚରେ ପୂର୍ବଭଳି ସେମିତି ନଗ୍ନତାର ତାଣ୍ଡବ ଜାରି ରହିଛି। ଯାତ୍ରାରେ ଅଶ୍ଳୀଳତା ଦିନକୁ ଦିନ ସୀମା ଟପୁଥିବା ବେଳେ ଏ ଦିଗରେ ସରକାର କୌଣସି ପଦକ୍ଷେପ ନ ନେବା ବୁଦ୍ଧିଜୀବୀ ଓ ସଂସ୍କୃତିପ୍ରେମୀଙ୍କୁ ଆଶ୍ଚର୍ଯ୍ୟ କରିଛି।

ରାମାୟଣ ଭଳି ପବିତ୍ର କଥାବସ୍ତୁରେ ବି ଏବେ ଅଶ୍ଳୀଳତା ଧସେଇ ପଶିଲାଣି। ସୀତାହରଣ ଭଳି ଦୃଶ୍ୟରେ ଅଶ୍ଳୀଳତା ସବୁ ସୀମା ଲଂଘିଛି। ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି

- ନିଜ ପିଠି ଥାପୁଡ଼ାଇ ଚୁପ୍ ବସିଗଲେ ସରକାର
- ସୀମା ଟପୁଛନ୍ତି ଆଇଟମ୍ ଡ୍ୟାନସର୍ ଓ କଳାକାର

ଗଞ୍ଜାମ ଜିଲ୍ଲା ଦିଗପହଣ୍ଡି ଅଞ୍ଚଳର ମୌଳଭଣଜା ଗାଁରେ। ଦୁଇ ଦଳ ମଧ୍ୟରେ ରାମାୟଣ ନାଟକ ପରିବେଷଣ କରାଯାଇଥିଲା। ପୂର୍ବରୁ ଗୋଟିଏ ଦଳ ପକ୍ଷରୁ ଜଣେ ଚର୍ଚ୍ଚିତ ଆଇଟମ୍ ଡ୍ୟାନସରଙ୍କୁ ନିଆଯାଇଥିଲା। ସେଠାରେ ସେ ଅର୍ଦ୍ଧନଗ୍ନ ହୋଇ ନୃତ୍ୟ ପରିବେଷଣ କରିଥିବା ବେଳେ ଆଉ ଏକ ଦଳ ପକ୍ଷରୁ ତାଙ୍କ ସହ ପ୍ରତିଯୋଗିତା କରି ସୀତାହରଣ ଦୃଶ୍ୟରେ ଅତ୍ୟନ୍ତ ଅଶ୍ଳୀଳତା ପ୍ରଦର୍ଶନ କରିଥିଲେ। ଆଧ୍ୟାତ୍ମିକ ଓ ପୌରାଣିକ କଥାବସ୍ତୁକୁ ଏଭଳି କଦର୍ଥ କରାଯାଇଥିବାରୁ ସାରା ରାଜ୍ୟରେ ଏହାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବାରେ ଲାଗିଛି।

ଏଭଳି ସ୍ଥିତିରେ ସରକାରଙ୍କ ଭୂମିକା ଓ କାର୍ଯ୍ୟଦକ୍ଷତାକୁ ନେଇ ପ୍ରଶ୍ନ ଉଠିଛି। ଏହା ପୂର୍ବରୁ ରାଜ୍ୟ ସରକାରଙ୍କ ଦୁଇ ଗୁରୁତ୍ୱପୂର୍ଣ୍ଣ ବିଭାଗର ୨ଜଣ ମନ୍ତ୍ରୀ ଯଥା ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ସଂସ୍କୃତିର ସୁରକ୍ଷା ପାଇଁ ଏକ କଡ଼ା ଏସ୍‌ଓପି ଅଣାଯିବ ବୋଲି କହିଥିଲେ। ଏହି ଏସ୍‌ଓପି ଜରିଆରେ ରାଜ୍ୟରେ ଯାତ୍ରା ପେଣ୍ଡାଲ ହେଉ ଅବା ଅନ୍ୟ ସ୍ଥାନରେ, ଯେପରି ଅଶ୍ଳୀଳତା ପ୍ରଦର୍ଶନ ହେବନି, ତାହା ସୁନିଶ୍ଚିତ ହେବ ବୋଲି ଦୁଇ ମନ୍ତ୍ରୀ କହିଥିଲେ। ହେଲେ ଦୁଇ ମନ୍ତ୍ରୀଙ୍କ କଥାକୁ ପ୍ରାୟ ବର୍ଷଟେ ବିତିଯାଇଥିଲେ ହେଁ ଏଯାଏଁ କୌଣସି ଏସ୍‌ଓପି ଆସିପାରିନାହିଁ। ଫଳରେ ରାଜ୍ୟରେ ପ୍ରତ୍ୟେକ ଦିନ ବିଭିନ୍ନ ଜିଲ୍ଲାରେ ମଞ୍ଚଗୁଡ଼ିକରେ କଳକାରମାନେ ଅଶ୍ଳୀଳତାର ସୀମା ଟପୁଛନ୍ତି।

ନିକଟରେ ଏକ ଯାତ୍ରା ମଞ୍ଚରେ ଜଣେ ଆଇଟମ ଡ୍ୟାନସର୍ ଦର୍ଶକଙ୍କ ଆଗରେ ପୋଷାକ ଖୋଲିବା ସହ ଅନ୍ତଃବସ୍ତ୍ର ମଧ୍ୟ ଖୋଲି ଦେଇଥିଲେ। ଯାହାର ଭିଡିଓ ସାମାଜିକ ଗଣମାଧ୍ୟରେ ଘୂରି ବୁଲୁଛି। ସମାଜ ଉପରେ ଏହାର କୁ-ପ୍ରଭାବ ପଡ଼ିବା ସହ ସପରିବାର ଏକାଠି ବସି ଯାତ୍ରା ବା ମଞ୍ଚ ନାଟକ ଦେଖିବା ସମ୍ଭବ ହୋଇପାରୁନାହିଁ।

ଦିଗପହଣ୍ଡି ଅଞ୍ଚଳର ଏହି ଘଟଣାକୁ ଓଡ଼ିଶା ଯାତ୍ରା କମିଟି ମହାସଂଘ ଦୃଢ଼ ନିନ୍ଦା କରିଛି। ଯାତ୍ରା ପରିବେଷଣ ପାଇଁ ସରକାର ଏକ ସ୍ୱତନ୍ତ୍ର ନିୟମାବଳୀ ଆଣିଲେ ଏହି ଅଶ୍ଳୀଳତାରେ ଅଙ୍କୁଶ ଲଗାଯାଇପାରିବ ବୋଲି ମହାସଂଘ ପକ୍ଷରୁ କୁହାଯାଇଛି।



ରେକର୍ଡ ୪୪.୯ କୋଟି ଜିତିଲେ ସିନ୍ନର୍

▶କ୍ରୀଡ଼ା ପୃଷ୍ଠାରେ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-142 ◆TUESDAY ◆18 NOVEMBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୪୨ ◆ମଙ୍ଗଳବାର ◆୧୮ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


ଇଣ୍ଟରନ୍ୟାସ୍‌ନାଲ୍ କ୍ରାଇମ୍ ଟ୍ରିବ୍ୟୁନାଲ୍‌ଙ୍କ ରାୟ

## ହସିନାଙ୍କୁ ଫାଶୀ ଦଣ୍ଡାଦେଶ

■ **ଢାକା, ୧୭ ।୧୧ (ଏଜେନ୍ସି):** ବାଂଲାଦେଶର ବିତାଡିତ ପ୍ରଧାନମନ୍ତ୍ରୀ ଶେଖ ହସିନା ୱାଜେଦଙ୍କୁ ଦୋଷୀ ସାବ୍ୟସ୍ତ କରିଛି ବାଂଲାଦେଶର କୋର୍ଟ । ମାନବିକତା ବିରୋଧରେ ଅପରାଧ ପାଇଁ ତାଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହିତ ହସିନାଙ୍କୁ ଫାଶୀଦଣ୍ଡ ଶୁଣାଇଛନ୍ତି । ତାଙ୍କ ସହିତ ତାଙ୍କର ଦୁଇ ଜଣ ଘନିଷ୍ଠ ସହଯୋଗୀ ତତ୍କାଳୀନ ଗୃହ ମନ୍ତ୍ରୀ ଓ ପୁଲିସ ମୁଖ୍ୟଙ୍କୁ ମଧ୍ୟ ଦୋଷୀ ସାବ୍ୟସ୍ତ କରାଯାଇଛି । ଏହି ଦଣ୍ଡାଦେଶକୁ ରାଜନୈତିକ ପ୍ରତିଶୋଧ ବୋଲି ବର୍ଣ୍ଣନା କରିଛନ୍ତି ହସିନା । ଅନ୍ୟପକ୍ଷେରେ ଭାରତରେ ନିର୍ବାସିତ ଜୀବନ ବିତାଉଥିବା ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରିବା ଲାଗି ଭାରତକୁ ଅନୁରୋଧ କରିଛନ୍ତି ବାଂଲାଦେଶ ସରକାର । ତେବେ ଭାରତ ଏସଂପର୍କରେ କୌଣସି ସିଧାସଳଖ ପ୍ରତିକ୍ରିୟା ଦେଇ ନାହିଁ ।

ଗତବର୍ଷ ତାଙ୍କ ବିରୋଧରେ ହୋଇଥିବା ଛାତ୍ର ଆନ୍ଦୋଳନକୁ ଦମନ କରିବା ଲାଗି ତତ୍କାଳୀନ ପ୍ରଧାନମନ୍ତ୍ରୀ ହସିନା ୱାଜେଦ ▶ପୃଷ୍ଠା-୭

ହସିନାଙ୍କୁ ତୁରନ୍ତ ହସ୍ତାନ୍ତର ଲାଗି ଭାରତକୁ ବାଂଲାଦେଶର ପରାମର୍ଶ

ବାଂଲାଦେଶରେ ଶାନ୍ତି, ସ୍ଥିରତା ଓ ଗଣତନ୍ତ୍ରର ସୁରକ୍ଷାକୁ ଭାରତର ଗୁରୁତ୍ୱ



ଟ୍ୟାଙ୍କର ସହ ଧକ୍କା ପରେ ମଦିନାରେ ଜଳିଗଲା ବସ୍

## ୪୫ ଭାରତୀୟ ଶ୍ରଦ୍ଧାଳୁ ଦଗ୍ଧ

■ **ରିୟାଦ, ୧୭।୧୧ (ଏଜେନ୍ସି):** ସାଉଦି ଆରବରେ ସୋମବାର ବିଳମ୍ବିତ ରାତିରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣାରେ ୪୫ ଜଣ ଭାରତୀୟ ଶ୍ରଦ୍ଧାଳୁ ପ୍ରାଣ ହରାଇଛନ୍ତି । ସେମାନଙ୍କ ମଧ୍ୟରେ ହାଇଦରାବାଦର ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ଥିବା ଜଣାପଡ଼ିଛି । 'ଉମରା' ପାଇଁ ଭାରତୀୟ ଶ୍ରଦ୍ଧାଳୁଙ୍କୁ ନେଇ ମଦିନା ଯାଉଥିବା ବସ୍‌ଟି ଏକ ଡିଜେଲ ଟ୍ୟାଙ୍କର ସହ ଧକ୍କା ହେବାରୁ ବିସ୍ଫୋରଣ ଘଟିଥିଲା । ଏହାପରେ ବସ୍‌ଟି ସମ୍ପୂର୍ଣ୍ଣ ଜଳିଯାଇଥିଲା । ଦୁର୍ଘଟଣାରୁ କେବଳ ବସ୍ ଚାଳକ ବଞ୍ଚିଯାଇଥିବା ବେଳେ ଅନ୍ୟ ସମସ୍ତ ୪୫ ଯାତ୍ରୀ ଜୀବନ୍ତ ଦଗ୍ଧ ହୋଇଯାଇଛନ୍ତି । ମୃତକଙ୍କ ମଧ୍ୟରେ ୧୮ ମହିଳା, ୧୭ ପୁରୁଷ ଓ ୧୦ଜଣ ▶ପୃଷ୍ଠା-୭

ହାଇଦରାବାଦ୍‌ର ଗୋଟିଏ ପରିବାରର ୧୮ ସଦସ୍ୟ ମୃତ

ଜଳିଗଲେ ବସ୍‌ର ସମସ୍ତ ଯାତ୍ରୀ; ବଞ୍ଚିରହିଲେ କେବଳ ଚାଳକ



# ବିହାର ରାଜନୀତିରେ 'ହାଇଡ୍ରାମା'

■ **ପାଟନା, ୧୭।୧୧ (ଏଜେନ୍ସି):** ନିର୍ବାଚନ ନିର୍ବାଚନ ଫଳ ପ୍ରକାଶ ପାଇବା ପରେ ବିହାରରେ ଆରମ୍ଭ ହୋଇଛି ରାଜନୈତିକ ଖେଳ । ଅତୀତରେ ମହାରାଷ୍ଟ୍ରରେ ଏକନାଥ ସିନ୍ଧେଙ୍କ ନେତୃତ୍ୱରେ ଏନ୍‌ଡ଼ିଏ ନିର୍ବାଚନ ଲଢ଼ି ବିଜୟୀ ହେବା ପରେ ଯେଉଁ ନାଟକର ଅବତାରଣା ହୋଇଥିଲା, ଏବେ ବିହାରରେ ଠିକ୍ ସମାନ ନାଟକ ମଞ୍ଚସ୍ଥ ହେବାକୁ ଯାଉଛି । ଏନ୍‌ଡ଼ିଏର ଅଂଶୀଦାର ଦଳ ଭାବରେ ନୀତିଶ କୁମାରଙ୍କ ଜେଡ଼ିୟୁ ତୁଳନାତ୍ମକ ଭାବରେ ବିଜେପିଠାରୁ କମ୍ ଆସନ ପାଇଥିବାରୁ ମୁଖ୍ୟମନ୍ତ୍ରୀ ପଦ ପାଇଁ ବିଜେପି ପ୍ରଥମ ଦାବିଦାର ବୋଲି ଯେଉଁ ପ୍ରାୟୋଜିତ ରାଜନୈତିକ ଚର୍ଚ୍ଚା ବିହାରରେ ଆରମ୍ଭ ହୋଇଛି; ତାହା ହିଁ ସବୁ ଗଣ୍ଡଗୋଳର ମୂଳ ବୋଲି କୁହାଯାଉଛି । ସେଥିପାଇଁ ନୀତିଶ କୁମାର ସୋମବାର ରାଜ୍ୟପାଳ ଆରିଫ ମହମ୍ମଦ ଖାନଙ୍କୁ ଭେଟି ଇସ୍ତଫା ଦେବାକୁ ନେଇଥିବା ନିଷ୍ପତ୍ତିରେ ପରିବର୍ତ୍ତନ କରିଛନ୍ତି ଓ ରାଜ୍ୟପାଳଙ୍କୁ ଭେଟିଥିଲେ ମଧ୍ୟ ଇସ୍ତଫା ଦେଇ ନାହାନ୍ତି । ଆସନ୍ତା ୧୯ ତାରିଖରେ ସେ ମନ୍ତ୍ରିମଣ୍ଡଳ ଭଙ୍ଗ କରିବାକୁ ସୁପାରିସ କରିବା ସହ ଇସ୍ତଫା ଦେଇପାରନ୍ତି ବୋଲି କୁହାଯାଉଛି । ନିର୍ବାଚନ ଫଳ ପ୍ରକାଶର ୩ ଦିନ ବିତିଥିଲେ ମଧ୍ୟ ଏ ପର୍ଯ୍ୟନ୍ତ ଏନ୍‌ଡ଼ିଏ ବିଧାୟକ ଦଳ ନେତା ମନୋନୟନ ପ୍ରକ୍ରିୟା ଆରମ୍ଭ ହୋଇ ନ ଥିବାରୁ ଏହା ପଛରେ କିଛି କେଁ ଥିବା ସ୍ୱାଭାବିକ ମନେ ହେଉଛି ।

ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେଲେନାହିଁ ନୀତୀଶ

ଜେଡ଼ିୟୁ ବିଧାୟକ ଦଳ ବୈଠକ ଆକସ୍ମିକ ସ୍ଥଗିତ

ଦୁଇଦିନ ପରେ ମନ୍ତ୍ରିମଣ୍ଡଳ ଭାଙ୍ଗିବାକୁ ସୁପାରିସ

୩ ଦିନ ହେଲା ହୋଇପାରୁନି ମୁଖ୍ୟମନ୍ତ୍ରୀ ଚେହେରା ନିଷ୍ପତ୍ତି



ନୀତିଶଙ୍କୁ ମୁଖ୍ୟମନ୍ତ୍ରୀ କରାଯିବା ପ୍ରସଙ୍ଗରେ ବିଜେପିର ରହସ୍ୟମୟ ନିରବତା ସବୁ ସମସ୍ୟାର ମୂଳ ବୋଲି କୁହାଯାଉଛି । ବିଜେପିର ନିର୍ବାଚନ ପ୍ରଭାରୀ ବିନୋଦ ତାୱଡ଼େ ଓ ନୀତିନ ନବୀନଙ୍କ ବୟାନ ଏହି ପ୍ରସଙ୍ଗକୁ ଅଧିକ ସ୍ପର୍ଶକାତର କରିଛି । ଏବେ ବିଜୟ ଉତ୍ସବ ପାଳନ ସମୟ, ସମୟ ଆସିଲେ କିଏ ମୁଖ୍ୟମନ୍ତ୍ରୀ ହେବେ ତାହା ସ୍ପଷ୍ଟ ହୋଇଯିବ ବୋଲି ଶ୍ରୀ ତାୱଡ଼େ ଦେଇଥିବା ଟିପ୍ପଣୀରୁ ବିଜେପି ଯେ ନୀତିଶଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଶତ ପ୍ରତିଶତ ରାଜି ନୁହେଁ, ତାହା ସ୍ପଷ୍ଟ ହୋଇ ଯାଇଛି । ସେହିପରି ଦଳର ଅନ୍ୟତମ ବରିଷ୍ଠ ନେତା ନୀତିନ ନବୀନ ବିହାରରେ ମହାରାଷ୍ଟ୍ର ପରି ସବୁକିଛି ଠିକ୍ ଥିଲା ଓ ସବୁକିଛି ଠିକ୍ ହେବ ବୋଲି ଦେଇଥିବା ମନ୍ତବ୍ୟ ପରେ ନୀତିଶକୁମାରଙ୍କ ଅବସ୍ଥା ଏକନାଥ ସିନ୍ଧେଙ୍କ ପରି ହେବ ନାହିଁ ତ ବୋଲି ଅନେକ ଆଶଙ୍କା କରୁଛନ୍ତି । ଏହି ସମୟରେ ବିଜେପିର ଜାତୀୟ ନେତୃତ୍ୱ 'ବିଜେପିର ବିଧାୟକମାନେ ମୁଖ୍ୟମନ୍ତ୍ରୀ ବାଛିବେ' ବୋଲି ଟିପ୍ପଣୀ ଅନେକ ଦିଗକୁ ଇଙ୍ଗିତ କରିଛି ।

ଅନ୍ୟପକ୍ଷରେ ବିଜେପିର ଗତିବିଧି ଦେଖି ନୀତିଶ ନିଜ ଆଭିମୁଖ୍ୟରେ ପରିବର୍ତ୍ତନ କରିଛନ୍ତି । ଜେଡ଼ିୟୁ ବିଧାୟକ ଦଳ ବୈଠକ ନଭେମ୍ବର ୧୭ ତାରିଖରେ ହେବ ବୋଲି ପୂର୍ବରୁ ସ୍ଥିର ହୋଇଥିବାରୁ ଦଳର ସମସ୍ତ ୮୫ ବିଧାୟକ ପାଟନାରେ ପହଞ୍ଚିଥିଲେ । ମାତ୍ର ନୀତିଶ ଶେଷ ମୁହୂର୍ତ୍ତରେ ବୈଠକକୁ ସ୍ଥଗିତ ରଖିଛନ୍ତି, ତେବେ ସମସ୍ତ ଦଳୀୟ ବିଧାୟକଙ୍କୁ ପରବର୍ତ୍ତୀ ସୂଚନା ପର୍ଯ୍ୟନ୍ତ ରାଜଧାନୀ ନ ଛାଡ଼ିବାକୁ ପରାମର୍ଶ ଦେଇଛନ୍ତି । ସେହିପରି ଆଜି କ୍ୟାବିନେଟ୍ ବୈଠକ ପରେ ନୀତିଶ ଇସ୍ତଫା ଦେବା ଚୂଡ଼ାନ୍ତ ହୋଇଥିଲେ ହେଁ ସେପରି କିଛି ଘଟିନାହିଁ । ନୀତିଶ କ୍ୟାବିନେଟ୍ ବୈଠକ ଡ଼ାକିଥିଲେ, ନିଜ ସହଯୋଗୀଙ୍କ ସହ ଆଲୋଚନା ପରେ ସେ ରାଜଭବନକୁ ବାହାରିଥିଲେ ମଧ୍ୟ ରାସ୍ତାରେ ଇସ୍ତଫା ନିଷ୍ପତ୍ତି ପରିବର୍ତ୍ତନ କରିଥିଲେ । ନଭେମ୍ବର ୧୯ ତାରିଖରେ ସେ ▶ପୃଷ୍ଠା-୭

ଭାରତ-ଦକ୍ଷିଣ ଆଫ୍ରିକା ବାରବାଟୀ ଟି-୨୦

# ଏଥର କମ୍ ଟିକଟ



ଚାଲିଛି ୭ ଗ୍ୟାଲେରୀର ନବୀକରଣ କାର୍ଯ୍ୟ

ସିଟ୍ ନମ୍ବରିଂ ପରେ ଜଣାପଡ଼ିବ ଷ୍ଟାଡିୟମ୍‌ର ଦର୍ଶକ କ୍ଷମତା

ଡିସେମ୍ବର ୧ରୁ ଅନ୍‌ଲାଇନ୍ ଓ ୫ରୁ କାଉଣ୍ଟର ଟିକଟ

■ **କଟକ, ୧୭।୧୧ (ସମିସ):** ଆସନ୍ତା ଡିସେମ୍ବର ୯ରେ ବାରବାଟୀ ଷ୍ଟାଡିୟମରେ ଖେଳାଯିବ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମ୍ୟାଚ୍ । ଏଥିପାଇଁ ଓଡ଼ିଶା କ୍ରିକେଟ ଆସୋସିଏସନ ପକ୍ଷରୁ ପ୍ରସ୍ତୁତି ଆଗେଇ ଚାଲିଛି । ତେବେ ଆଗାମୀ ମ୍ୟାଚ୍‌ରେ ଷ୍ଟାଡିୟମର ଦର୍ଶକ କ୍ଷମତା ପୂର୍ବାପେକ୍ଷା ହ୍ରାସ ପାଇବ । ୭ଟି ଯାକ ଗ୍ୟାଲେରୀର ସିଟ୍‌କୁ ଚଉଡା କରାଯାଉଛି । ୧୯ ଇଞ୍ଚ ବିଶିଷ୍ଟ ସିମେଣ୍ଟ ସିଟ୍ ଗୁଡିକୁ ୨୨ ଇଞ୍ଚ କରାଯାଉଛି । ଗ୍ୟାଲେରୀ ନଂ-୫ ଏବଂ ଗ୍ୟାଲେରୀ ନଂ-୬ରେ ଏହି ନିର୍ମାଣ କାମ ଶେଷ ହୋଇଥିବା ବେଳେ ଅବଶିଷ୍ଟ ଗ୍ୟାଲେରୀ ଗୁଡିକର ନବୀକରଣ କାର୍ଯ୍ୟ ଜାରି ରହିଛି । ପ୍ରତ୍ୟେକ ଦର୍ଶକ ସୁବିଧାରେ ବସି କିଭଳି ମ୍ୟାଚ୍ ଉପଭୋଗ କରିପାରିବେ ତାହାକୁ ଉପଲବ୍ଧି କରି ଓସିଏ ଏଭଳି ପଦକ୍ଷେପ ନେଇଛି । ଅନ୍ୟପକ୍ଷରେ ମୋଟ୍ କେତେ ସଂଖ୍ୟକ ଟିକଟ ଏଥର ଛପା ଯିବ ତାହା ମଧ୍ୟ ସ୍ଥିର ହୋଇ ପାରିନାହିଁ । ନବୀକରଣ ପ୍ରକ୍ରିୟାରେ ଗ୍ୟାଲେରୀର ସମସ୍ତ ସିଟ୍‌କୁ ଚଉଡା କରାଯାଇ ପ୍ରଥମେ ନମ୍ବରିଂ ହେବ । ଏହା ପରେ ସମୁଦାୟ ଟିକଟ ସଂଖ୍ୟା ଜଣାପଡିବ । ପ୍ରକାଶଯୋଗ୍ୟ, ବାରବାଟୀରେ ପ୍ରାୟ ୪୫ହଜାର ଦର୍ଶକ ▶ପୃଷ୍ଠା-୭


# ଅଫେରା ରାଇଜରେ ହ୍ୟୁମାନ୍ ସାଗର

■ **ଭୁବନେଶ୍ୱର, ୧୭।୧୧ (ସମିସ):** ଓଡ଼ିଆ ସଂଗୀତ ଜଗତର ଲୋକପ୍ରିୟ କଣ୍ଠଶିଳ୍ପୀ ତଥା ସଙ୍ଗୀତ ଜଗତର ୟୁଥ୍ ଆଇକନ୍ ହ୍ୟୁମାନ ସାଗରଙ୍କ ଆଜି ଭୁବନେଶ୍ୱର ଏମ୍‌ସରେ ଚିକିତ୍ସାଧୀନ ଅବସ୍ଥାରେ ପରଲୋକ ହୋଇଯାଇଛି । ତାଙ୍କୁ ୩୫ ବର୍ଷ ହୋଇଥିଲା । ଏକାଧିକ ରୋଗରେ ପୀଡ଼ିତ ହ୍ୟୁମାନ୍‌ଙ୍କୁ ଗତ ୧୪ ତାରିଖରେ ଏମସ୍‌ରେ ଭର୍ତ୍ତି କରାଯାଇଥିଲା । କିଡ୍‌ନୀ ଓ ଲିଭର୍ ଜନିତ ସମସ୍ୟା ସମେତ ତାଙ୍କର ଏକାଧିକ ଅଙ୍ଗପ୍ରତ୍ୟଙ୍ଗ କାମ କରୁନଥିଲା । ଡାକ୍ତରଙ୍କ ଶତଚେଷ୍ଟା ସତ୍ତ୍ୱେ ସୋମବାର ସଂଧ୍ୟାରେ ସେ ଜୀବନଯୁଦ୍ଧରେ ହାରି ଯାଇଥିଲେ । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମା', ପତ୍ନୀ ଓ ପରିବାର ସଦସ୍ୟ ଉପସ୍ଥିତ ଥିଲେ । ଏହି ଖବର ପ୍ରଚାରିତ ହେବା ପରେ ଓଲିଉଡ୍ ଜଗତରେ ଶୋକର ଛାୟା ଖେଳି ଯାଇଛି । ବହୁସଂଖ୍ୟାରେ ସିନେ କଳାକାର, କଣ୍ଠଶିଳ୍ପୀ ଓ ବିଶିଷ୍ଟ ବ୍ୟକ୍ତିବିଶେଷ ଏମ୍‌ସରେ ପହଞ୍ଚି ତାଙ୍କ ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ ।

ସଙ୍ଗୀତ ଜଗତ ସ୍ତବ୍ଧ

ଏମସ୍‌ରେ ଚିକିତ୍ସାଧୀନ ଅବସ୍ଥାରେ ଆଖିବୁଜିଲେ

ଶୋକବ୍ୟକ୍ତ କଲେ ମୋହନ-ନବୀନ



ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ମଧ୍ୟ 'ଏକ୍ସ' ଜରିଆରେ ଶୋକ ପ୍ରକଟ କରିଛନ୍ତି । ଶୋକବାର୍ତ୍ତାରେ ମୋହନ ଉଲ୍ଲେଖ କରିଛନ୍ତି ଯେ ବିଶିଷ୍ଟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କ ବିୟୋଗରେ ମୁଁ ଦୁଃଖିତ । ତାଙ୍କର ବିୟୋଗ ଓଡ଼ିଶା ସଙ୍ଗୀତ ଓ ସିନେମା ପାଇଁ ଏକ ଅପୂରଣୀୟ କ୍ଷତି । ତାଙ୍କର ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ସମବେଦନା ଜଣାଇବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି । ସେହିପରି ଶୋକବାର୍ତ୍ତାରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ହ୍ୟୁମାନ୍‌ଙ୍କ ମନଛୁଆଁ ସଙ୍ଗୀତ ଅଗଣିତ ଶ୍ରୋତାଙ୍କ ହୃଦୟକୁ ଛୁଇଁଛି । ଓଡ଼ିଆ ସଙ୍ଗୀତ ପ୍ରତି ତାଙ୍କର ଅବଦାନ ସର୍ବଦା ସ୍ମରଣୀୟ ହୋଇ ରହିବ । ତାଙ୍କ ଅମର ଆତ୍ମାର ସଦଗତି କାମନା କରିବା ସହ ଏଭଳି ଦୁଃଖଦ ସମୟରେ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ଶ୍ରୀ ପଟ୍ଟନାୟକ ସମଦେବନା ଜଣାଇଛନ୍ତି । ସେହିପରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଶୋକବ୍ୟକ୍ତ କରିଛନ୍ତି । ଆସନ୍ତାକାଲି ତାଙ୍କର ଶେଷକୃତ୍ୟ ସଂପନ୍ନ ହେବ ବୋଲି ଜଣାଯାଇଛି ।

୧୯୯୦ନଭେମ୍ବର ୨୫ ତାରିଖରେ ବଲାଙ୍ଗୀର ଜିଲ୍ଲାର ଟିଟିଲାଗଡ଼ରେ ଜନ୍ମିତ ହ୍ୟୁମାନ୍ ସଙ୍ଗୀତ ପରିବାରରୁ ଆସିଥିଲେ । ତାଙ୍କ ପିତା-ମାତା, ଦୁହେଁ ଗାୟକ ▶ପୃଷ୍ଠା-୭

## ଜାଲରେ ପଡ଼ିଲା ୩ କ୍ୱିଣ୍ଟାଲ୍‌ର ଶାଙ୍କୁଚ



■ **ଅସ୍ତରଙ୍ଗ, ୧୭।୧୧ (ସମିସ):** ଦେବୀନଦୀରୁ ଆଜି ସ୍ଥାନୀୟ ଅଞ୍ଚଳର ୨୦ ଜଣ ମତ୍ସ୍ୟଜୀବୀଙ୍କ ଜାଲରେ ୩ କ୍ୱିଣ୍ଟାଲ୍ ଓଜନର ଏକ ଶାଙ୍କୁଚ ପଡ଼ିଛି । ପ୍ରାୟ ଦୁଇଘଣ୍ଟାର ପରିଶ୍ରମ ପରେ ଏହି ଶାଙ୍କୁଚକୁ ମତ୍ସ୍ୟଜୀବୀମାନେ ଡଙ୍ଗାରେ କୂଳକୁ ଆଣିଥିଲେ । ଶାଙ୍କୁଚଟିର ଓସାର ପ୍ରାୟ ୧୨ଫୁଟ୍ ହେବ । ସମୁଦ୍ର ଭିତରୁ ମାଛ ଅନ୍ୱେଷଣ କରି ମୁହାଣ ଦେଇ ଦେବୀ ନଦୀ ଭିତରକୁ ପଶି ଆସିବା ପରେ ଏହା ଧରାଳିଙ୍କ ଜାଲରେ ପଡ଼ିଥିବା କୁହାଯାଉଛି । ଏହା ବିରାଟକାୟ ଶାଙ୍କୁଚକୁ ଦେଖିବା ପାଇଁ ଦେବୀ ମୁହାଣରେ ଆଜି ପ୍ରବଳ ଭିଡ଼ ଲାଗିଥିଲା ।

# ଦାଦନ ଖଟାଇବାକୁ ନେଇ ୭ ଜଣଙ୍କୁ ବିକିଦେଲେ

## ପୀଡ଼ିତାଙ୍କ ମଧ୍ୟରେ ମହିଳା, ଶିଶୁ, ନାବାଳିକା

■ **ନୟାଗଡ଼/ଗଣିଆ, ୧୭।୧୧ (ସମିସ):** ଦାଦନ ଖଟାଇବାକୁ ନେଇ ବିକିଦେଲେ । ନୟାଗଡ଼ ଜିଲ୍ଲା ଗଣିଆ ବ୍ଲକ୍‌ରେ ଅନୁଷ୍ଠିତ ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିରରେ ଆଜି ଏପରି ଏକ ସାଂଘାତିକ ଅଭିଯୋଗ ସାମ୍ନାକୁ ଆସିଛି । ଗଣିଆ ବ୍ଲକ୍ ଆଡ଼କଟା ପଞ୍ଚାୟତ ଆଡ଼କଟା ଗ୍ରାମରୁ ଦାଦନ ଖଟାଇବାକୁ ନେଇ ୭ ଜଣଙ୍କୁ ବିକ୍ରି କରି ଦିଆଯାଇଥିବା ଅଭିଯୋଗ ହୋଇଛି । ସେମାନଙ୍କ ମଧ୍ୟରେ ଜଣେ ଶିଶୁ, ଜଣେ ନାବାଳିକା ଓ ଦୁଇଜଣ ମହିଳା ରହିଛନ୍ତି । ଗ୍ରାମର ଚନ୍ଦ୍ରମଣି ପ୍ରଧାନ ଓ ମୀନା ପ୍ରଧାନ ଏ ସଂପର୍କରେ ଅଭିଯୋଗ କରିବା ପରେ ନୟାଗଡ଼ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୁବାସ ଚନ୍ଦ୍ର ପଣ୍ଡା ଗଣିଆ ଥାନା ପୁଲିସକୁ ତ୍ୱରିତ ପଦକ୍ଷେପ ନେବାକୁ ପରାମର୍ଶ ଦେଇଥିବା କହିଛନ୍ତି ।

ସୂଚନାନୁସାରେ, ତିନି ମାସ ତଳେ ଆଡ଼କଟା ଗ୍ରାମର ବୁଲୁ ପ୍ରଧାନ, ବୌଦ୍ଧ ଅଞ୍ଚଳର ଚନ୍ଦନ ଗଡ଼ତିଆ ଗ୍ରାମରୁ ଅନେକ ଲୋକଙ୍କୁ ହାଇଦ୍ରାବାଦ ନିକଟସ୍ଥ ପାଇଜାପଲ୍ଲୀ ଅଞ୍ଚଳକୁ ଦାଦନ ଖଟାଇବାକୁ ନେଇଥିଲେ । ଏ ନେଇ ପ୍ରତ୍ୟେକ ବ୍ୟକ୍ତି ପିଛା ମଜୁରି ଆକାରରେ ୪୦ ହଜାର ଟଙ୍କା ଲେଖାଏଁ ଅଗ୍ରୀମ ଦେଇଥିଲେ । ତେବେ ସେଠାରେ ଅକଥନୀୟ ନିର୍ଯାତନା ଦିଆଯିବାରୁ ଅନେକ ଲୋକ ଖସି ଆସିଥିବା ବେଳେ ଦଲାଲମାନେ ଗ୍ରାମର ୭ ଜଣଙ୍କୁ ଅନ୍ୟତ୍ର ବିକ୍ରି କରି ଦେଇଥିବା ଅଭିଯୋଗ ହୋଇଛି । ଚନ୍ଦ୍ରମଣି ପ୍ରଧାନଙ୍କ ନାବାଳିକା ଝିଅ, ତାଙ୍କ ସମ୍ପର୍କୀୟ କିରଣ ପ୍ରଧାନ, ବର୍ଷା ପ୍ରଧାନ ଏବଂ ମୀନା ପ୍ରଧାନଙ୍କ ଭାଇ କିଶୋର ପ୍ରଧାନ, ଭାଉଜ ସଞ୍ଜୁ ପ୍ରଧାନ ଏବଂ ଛୋଟ ପୁତୁରା ଶିଶିର ପ୍ରଧାନ ନିଖୋଜ ଥିବା ଅଭିଯୋଗ ହୋଇଛି । ଏହାସହ ଆଡ଼କଟା ଗ୍ରାମର ପପୁନ ଗଡ଼ିତିଆ ମଧ୍ୟ ସେମାନଙ୍କ ସହ ନିଖୋଜ ରହିଛି । ଏ ସଂପର୍କରେ ଆଜି ଚନ୍ଦ୍ରମଣି ଓ ମୀନା ଜିଲ୍ଲାପାଳଙ୍କ ଜନଶୁଣାଣିରେ ଅଭିଯୋଗ କରିଛନ୍ତି ।

ନୟାଗଡ଼ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ ରାଉତ, ଉପଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାର ଅଭିଯୋଗକୁ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକଙ୍କୁ ପ୍ରଦାନ କରିଥିଲେ । ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଘଟଣା ଶୁଣାଣି କରିବା ପରେ ଗଣିଆ ଥାନା ଅଧିକାରୀଙ୍କୁ ନିଖୋଜ ବ୍ୟକ୍ତିଙ୍କୁ ଠାବ କରିବା ପାଇଁ ଦାୟିତ୍ୱ ଦେଇଛନ୍ତି । ଚନ୍ଦ୍ରମଣିଙ୍କ କହିବାନୁସାରେ, ୪୦ ହଜାର ଟଙ୍କାରେ ନେଇ ସେମାନଙ୍କୁ ଲକ୍ଷାଧିକ ଟଙ୍କାରେ ବିକ୍ରି କରି ଦିଆଯାଇଛି । ସେମାନଙ୍କଠାରୁ ମୋବାଇଲ ଫୋନ୍ ମଧ୍ୟ ଛଡ଼ାଇ ନିଆଯାଇଛି । ଫଳରେ ସେମାନେ କାହା ସହ ଯୋଗାଯୋଗ କରିପାରୁନାହାନ୍ତି ସେଠାରୁ ଖସି ଆସି ପାରୁନାହାନ୍ତି । ସେମାନଙ୍କ ଜୀବନ ପ୍ରତି ବିପଦ ରହିଛି ଚନ୍ଦ୍ରମଣି କହିଛନ୍ତି ।

ଆଜି ରାଜଧାନୀର ସବୁଠାରୁ ବଡ଼ ଉଚ୍ଛେଦ

# ମାଟିରେ ମିଶିବ ସାଲିଆସାହି

■ **ଭୁବନେଶ୍ୱର, ୧୭।୧୧ (ସମିସ):** ରାଜଧାନୀର ସବୁଠାରୁ ବଡ଼ ବସ୍ତି ସାଲିଆସାହିକୁ ଉଚ୍ଛେଦ କରିବାକୁ ଯାଉଛି ଭୁବନେଶ୍ୱର ମହାନଗର ନିଗମ (ବିଏମ୍‌ସି) । ବାମ ସମାନ୍ତରାଳ ରାସ୍ତା ନିର୍ମାଣ ପାଇଁ ଏହି ଉଚ୍ଛେଦ କରାଯିବ ବୋଲି ବିଏମ୍‌ସି ପକ୍ଷରୁ କୁହାଯାଇଛି । ମଙ୍ଗଳବାର ପ୍ରାୟ ୫୨୧ଟି ଘରକୁ ଭାଙ୍ଗିବାକୁ ଟାର୍ଗେଟ କରାଯାଇଛି । ଏଥିପାଇଁ ପ୍ରଶାସନ ପକ୍ଷରୁ ଆରମ୍ଭ ହୋଇଛି ସମରସଜ୍ଜା । ଉଚ୍ଛେଦ ପାଇଁ ସମସ୍ତ ପ୍ରସ୍ତୁତି ଏକପ୍ରକାର ଶେଷ ହୋଇଛି । ଏହି ଉଚ୍ଛେଦରେ ବିଏମ୍‌ସି,



ଉତ୍ତେଜନା ଆଶଙ୍କାରେ ୭ ପ୍ଲାଟୁନ୍ ଫୋର୍ସ ମୁତୟନ

ବିଜେପି ଜମିଦେବା ନିର୍ବାଚନ ପ୍ରତିଶ୍ରୁତିକୁ ଗଣ୍ଠି କରିଛନ୍ତି ବସ୍ତିବାସିନ୍ଦା

ବିଡିଏ, ୱାଟକୋ, ବିଦ୍ୟୁତ ବିଭାଗ ଏବଂ ପୁଲିସ ବିଭାଗ ସାମିଲ ହେବ । ଘଟଣାସ୍ଥଳରେ ତୀବ୍ର ଉତ୍ତେଜନାକୁ ଆଖିଆଗରେ ରଖି ୭ପ୍ଲାଟୁନ୍ ଫୋର୍ସ ମୁତୟନ କରିବାକୁ ପ୍ରଶାସନ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି ।

ବିଏମ୍‌ସି ପକ୍ଷରୁ ଭଙ୍ଗାଯିବାକୁ ଥିବା ଘରଗୁଡ଼ିକୁ ଚିହ୍ନଟ କରାଯାଇଛି । ପ୍ରତ୍ୟେକଙ୍କୁ ଅପରାହ୍ନରେ ଏସମ୍ପର୍କରେ ଅବଗତ କରାଯାଇଥିଲା । ଡାକବାଜୀ ଯନ୍ତ୍ର ଘର ଘର ବୁଲି ଏସମ୍ପର୍କରେ ଅବଗତ କରାଇଛି । ନିଜ ନିଜର ଆସବାବପତ୍ର ବାହାର କରିବାକୁ କୁହାଯାଇଛି । ବିଏମ୍‌ସିର ଡାକବାଜୀ ଯନ୍ତ୍ର ପ୍ରଚାର କରିବା ପରେ ସାଲିଆସାହିରେ ଚାପା ଉତ୍ତେଜନା ଦେଖାଦେଇଛି । ଥଇଥାନ ନ କରି କେମିତି ଉଚ୍ଛେଦ କରାଯିବ । ଏହା ଆଇନ୍ ବିରୋଧୀ ବୋଲି ବସ୍ତିବାସିନ୍ଦା କହିଛନ୍ତି । ତେବେ ଉଚ୍ଛେଦ ହେଲେ ଘର ନୁହେଁ ଜମି ଦିଆଯିବ ବୋଲି ବିଜେପି ୨୦୨୪ରେ ନିର୍ବାଚନ ପ୍ରତିଶ୍ରୁତି ଦେଇଥିଲା । ହେଲେ ଭୋଟ୍ ନେଇ ସରକାରକୁ ଆସିଲା ପରେ ପ୍ରତିଶ୍ରୁତି ପାଳନ କାହିଁକି କରୁନାହିଁ ବୋଲି ବସ୍ତିବାସିନ୍ଦା ଗଣ୍ଠି ▶ପୃଷ୍ଠା-୭

## ପଲନା ପଞ୍ଚାୟତରେ ମନରେଗା କାମରେ ଅନିୟମିତତା

# କାମ ନକରି ଟଙ୍କା ଚଳୁ

**ଭବାନୀପାଟଣା, ୧୭ ।୧୧(ସମିସ)**

ଭବାନୀପାଟଣା ସଦର ବ୍ଲକର ପଞ୍ଚାୟତମାନଙ୍କରେ ହୋଇଥିବା ଉନ୍ନୟନ କାର୍ଯ୍ୟରେ ବ୍ୟାପକ ଅନିୟମିତିତା ଘଟଣା ଚର୍ଚ୍ଚାର ବିଷୟ ପାଲଟିଛି । ତେବେ ବ୍ଲକର ୩୬ ପଞ୍ଚାୟତ ମଧ୍ୟରୁ ପଲନାପଞ୍ଚାୟତରେ ରାସ୍ତା କାମ ନକରି ଲକ୍ଷ ଲକ୍ଷ ଟଙ୍କା ଚଳୁ ପ୍ରସଙ୍ଗ ପଞ୍ଚାୟତବାସୀଙ୍କ ମନକୁ ଅସ୍ଥିର କରିଥିଲା । ସମସ୍ତଙ୍କୁ ଦୁର୍ନୀତି ସମ୍ପର୍କରେ ଗୁହାରୀ କରି ନିରାଶ ହୋଇଯାଇ ଶେଷରେ ଭିଜିଲାନ୍ସର ଦ୍ୱାରସ୍ଥ ହେଲେ । ଭିଜିଲାନ୍ସ ବିଭାଗ ଘଟଣାସ୍ଥଳକୁ ଯାଇ ତଦନ୍ତ କରି ଚୁପ ରହିବା କାରଣରୁ ସନ୍ଦେହ କୁହୁଳିବାରେ ଆରମ୍ଭ କରିଥିଲା ।ପଲନା ପଞ୍ଚାୟତ ଅଞ୍ଚଳବାସୀଙ୍କ ପାଇଁ ଚାଲେଞ୍ଜ ସଦୃଶ ହେବା ସତ୍ତ୍ୱେ ନିରବି ନଥିଲେ । ବାରମ୍ବାର ଭିଜିଲାନ୍ସ ଅଫିସ ଭବାନୀପାଟଣା ଦୌଡିବା ଛାଡି ନଥିଲେ ।ଏମିତି ଭିଜିଲାନ୍ସ ଉପରେ ଥିବା ଶେଷ ଭରସା ବିଶ୍ୱାସ ତୁଟାଇଦେଲେ ।ଯାହାହେଉ ଗୋଟିଏ ବର୍ଷପରେ ଭିଜିଲାନ୍ସ ଫାଇଲ ଖୋଲିଲା ।ଦୋଷୀଙ୍କ ବିରେ ।ଧରେ ମକଦ୍ଦମା ଏବେ ରୁଜୁ ହେଇଥିବା ସୂଚନା ମିଳିଛି । ଶାସକ ଦଳର ଚାପ ଆଉ କାମ କରିନଥିବା କୁହାଯାଇଛି । ଦୁର୍ନୀତିକୁ ଲୋକଲୋଚନକୁ ଆଣିବା ପରିବର୍ତ୍ତେ ଘଣ୍ଟ ଘୋଡାଇବାର ନୂଆ ଟ୍ରେଣ୍ଡ ଆପଣାଇଥିବା ଅନୁମାନ କରାଯାଉଥିଲା । ଦୁର୍ନୀତିକୁ ଘଣ୍ଟ ଘୋଡାଇବାର ପୃଷ୍ଠଭୂମି କଣ ? ଏବଂ ଫାଇଲକୁ କିଏ ଅଟକାଇବାରେ ଅପଚେଷ୍ଟା କରିଥିଲେ ତାହା ଏବେ ଆଲୋଚନାର ବିଷୟ। ଅନ୍ୟପକ୍ଷରେ ପଞ୍ଚାୟତରେ ଦୁର୍ନୀତିର ପୃଷ୍ଠା ଖୋଲାଉ ଖୋଲାଉ ଭିଜିଲାନ୍ସ ପକ୍ଷରୁ ତଦନ୍ତକୁ ଜୋର କରାଗଲା। ଗତ ୨୦ ନଭେମ୍ବର ୨୦୨୪ରେ ଘଟଣାସ୍ଥଳରୁ ସବିଶେଷ ରିପୋର୍ଟ ଆଣି ଉପରିସ୍ଥ ଅଧିକାରୀଙ୍କୁ ଭବାନୀପାଟଣା ଭିଜିଲାନ୍ସ ପଠାଇଥିବା କୁହାଯାଇଛି। ପରିଶେଷରେ କଟକ ଭିଜିଲାନ୍ସ ମୁଖ୍ୟ କାର୍ଯ୍ୟାଳୟରେ ଫାଇଲ ପଡ଼ିରହିଲା। ସଦର ବ୍ଲକ ପଲନାପଞ୍ଚାୟତରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଉପରେ କାମ ନକରି ମନରେଗା ବିଲ୍, ପାଣି ଭର୍ତ୍ତି ପୋଖରୀରେ ମନରେଗା ବିଲ୍, ରାସ୍ତା କାମରେ ମୁଠାଏ ମାଟି ନପଡ଼ି ଲକ୍ଷ ଲକ୍ଷ ଟଙ୍କାର ମିଛ କାମରେ ବିଲ୍ ପାସ କରି ଟଙ୍କା ଆତ୍ମସାତ ଅଭିଯୋଗ ଗ୍ରାମବାସୀ କରିଥିଲେ। ପିଇଓ, ସରପଞ୍ଚ ଓ କନିଷ୍ଠ ଯନ୍ତ୍ରୀଙ୍କ ଜ୍ଞାତସାରରେ ଏତେବ? ବେନିୟମ କାର୍ଯ୍ୟ କରିବାକୁ ଦୁଃସାହସ କରିଥିଲେ। ବର୍ତ୍ତମାନ ଭିଜିଲାନ୍ସ କେସ ସରପଞ୍ଚ ହିରୋଜିନି ମାଝୀ, ପିଇଓ ବଳଭଦ୍ର ତାଣ୍ଡି, କନିଷ୍ଠ ଯନ୍ତ୍ରୀ ମାନସ କୁମାର ସେଠୀ, ଜିଆରଏସ ସୁଧୀର ନାଗ ଏବଂ ଠିକାଦାର ସୁରେନ୍ଦ୍ର କୁମାର ସାହୁଙ୍କ ବିରୋଧରେ ଭିଜିଲାନ୍ସ ମକଦ୍ଦମା ରୁଜୁକରି ପରବର୍ତ୍ତୀ କାର୍ଯ୍ୟ ଆରମ୍ଭ କରିଛି ବୋଲି ଡ଼ିଏସପି ଭିଜିଲାନ୍ସ ପକ୍ଷରୁ ଜଣାଯାଇଛି । ଆଉ ଏକ କେସରେ ଠିକାଦାର ବିଶ୍ୱନାଥ କନ୍ଦପାନଙ୍କ ସମେତ ଉପରୋକ୍ତ ସମସ୍ତ ଅଭିଯୁକ୍ତଙ୍କୁ ଯୋଡି ମକଦ୍ଦମା ରୁଜୁ ହୋଇଛି । ଦୁଇଟି ପୃଥକ ପୃଥକ କେସକୁ ଭିଜିଲାନ୍ସ କେଉଁବାଟରେ ନେଉଛି ତାହା ଆଗକୁ ସ୍ପଷ୍ଟ ହେବ ।ଏତଦବ୍ୟତୀତ ତଦନ୍ତ ପ୍ରକ୍ରିୟାରେ ତତ୍କାଳୀନ ବିଡ଼ିଓଙ୍କୁ ମଧ ଅଣାଯିବ। କାରଣ ଭବାନୀପାଟଣା ପୂର୍ବତନ ବିଡ଼ିଓ ବିଲ ପାସ କରିବା ପୂର୍ବରୁ ତଦନ୍ତ କାହିଁକି କଲେନାହିଁ ? ପଲନାପଞ୍ଚାୟତର ଏଭଳି ମହାଦୁର୍ନୀତି ଭିତରେ ପ୍ରାୟ ୪୦ ଲକ୍ଷ ଚଳୁ ଘଟଣାକୁ ଗ୍ରାମବାସୀ ସହଜରେ ହଜମ କରିପାରୁନଥିଲେ। ଦୁର୍ନୀତି ସମ୍ପର୍କରେ ବ୍ଲକ ପ୍ରଶାସନ ଓ ଜିଲ୍ଲା ପ୍ରଶାସନକୁ ଜଣାଇବାପରେ ସୁଫଳ ମିଳିନଥିଲା। ଆରଟିଆଇ ଦ୍ୱାରା ତଥ୍ୟ ମାଗିଥିଲେ ସୁଦ୍ଧା ଉତ୍ତର ପାଇନଥିଲେ । ବାରମ୍ବାର ପଞ୍ଚାୟତବାସୀ ଦୁର୍ନୀତି ଘଟଣାରେ ଥିବା ପରଦାପଛର ଚରିତ୍ରମାନଙ୍କୁ ଲୋକଲୋଚନକୁ ଆଣିବାପାଇଁ ଚେଷ୍ଟାକରି ବିଫଳ ହୋଇଥିଲେ । ଶେଷରେ ଭିଜିଲାନ୍ସର ଦ୍ୱାରସ୍ଥ ହେବାକୁ ପରିସ୍ଥିତି ବାଧ କଲା । ଭବାନୀପାଟଣା ଭିଜିଲାନ୍ସ ଦୁର୍ନୀତିର ଖୋଳତାଡ଼ କରି ରିପୋର୍ଟ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷଙ୍କ ନିକଟକୁ ପଠାଇବାପରେ ବି ଅଟକି ରହିଥିଲା । ବିଗତ ଦୁଇ ବର୍ଷ ୨୨-୨୩ ଆଉ ୨୩-୨୪ରେ କାମ ନ ହୋଇ ମିଥ୍ୟା ବିଲ୍ କରି ହଡ଼ପ କରିଛନ୍ତି ଟଙ୍କା । ସରପଞ୍ଚ, ଜେଇ, ପିଇଓ, ଜିଆରଏସ ଏବଂ ବିଡ଼ିଓ ଆଉ ଭେଣ୍ଡର ଠିକାଦାର ପ୍ରମୁଖ ସମସ୍ତେ ଏବେ ଭିଜିଲାନ୍ସର ସ୍କାନରେ। ଭବାନୀପାଟଣା ବ୍ଲକ ପଲନା ପଞ୍ଚାୟତରେ ଗତ ଦୁଇ ବର୍ଷ ଧରି ମିଳିମିଶି ଲୁଟ୍ କରୁଥିଲେ ସୁଦ୍ଧା ସମସ୍ତେ ଚୁପ ରହୁଥିଲେ। ଆଶ୍ଚର୍ଯ୍ୟର କଥା ଏହିକି ଯେ ପ୍ରଧାନମନ୍ତ୍ରୀ ସଡ଼କ, ପିଚୁ ରାସ୍ତା ଉପରେ ଲକ୍ଷ ଲକ୍ଷ ଟଙ୍କାର ମାଟି ଓ ମୋରମ କାମ ହୋଇଥିବା ଦର୍ଶାଇ ମନରେଗାରେ ମିଛ ବିଲ ପ୍ରସ୍ତୁତ, ପୁଣି ରାସ୍ତା ଗୋଟିଏ ଦୁଇଟି ନାଁରେ ମିଛ ବିଲ କରାଯାଇଛି। ପଞ୍ଚାୟତରେ ସବୁ ବିଲ ମଧ ମଞ୍ଜୁର ହୋଇଛି। ଭିଜିଲାନ୍ସ ବିଭାଗ ଡ଼ିଏସପିଙ୍କ ସମେତ ଇନ୍ସପେକ୍ଟର ଓ ଅନ୍ୟ ସମସ୍ତ ଷ୍ଟାଫ ଟେକ୍ନିକାଲ ଏକ୍ସପାର୍ଟଙ୍କ ସହିତ ତନ୍ନତନ୍ନ କରି ତଦନ୍ତ କରିଛନ୍ତି। ତଦନ୍ତରେ ବିଳମ୍ବ ଘଟିବାରୁ ଅନେକବାର ପଲନା ପଞ୍ଚାୟତବାସୀ ଭିଜିଲାନ୍ସ ବିଭାଗର ପହଞ୍ଚି ତଦନ୍ତକୁ ତ୍ୱରାନ୍ୱିତ କରାଯାଉ ଏବଂ ଦୋଷୀ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରି ଆସୁଥିଲେ। ତେବେ ଭିଜିଲାନ୍ସ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟରେ ଫାଇଲ ଅଟକିବା କାରଣ ଅସ୍ପଷ୍ଟ ଯୋଗୁଁ ସମସ୍ତେ ଚୁପ ରହି ଅପେକ୍ଷାରେ ରହିଥିଲେ। ବର୍ତ୍ତମାନ ଭିଜିଲାନ୍ସ କି ପ୍ରକାର ପଦକ୍ଷେପ ଗ୍ରହଣ କରିବ ତାହା ଦେଖିବାକୁ ବାକିରହିଲା।

> ଭିଜିଲାନ୍ସ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟରେ ଅଟକିଥିଲା ଫାଇଲ
>
> ତଦନ୍ତର ବର୍ଷେ ପରେ ମକଦ୍ଦମା ରୁଜୁ

## ଭାରସାମ୍ୟ ହରାଇ ବାଇକ୍ ଦୁର୍ଘଟଣାଗ୍ରସ୍ତ ; ଜଣେ ମୃତ

**କୋକସରା, ୧୭ ।୧୧ (ସମିସ):** କୋକସରା ବ୍ଲକ ଆମପାଣି ଥାନା ବଡକେନ୍ଦୁଗୁଡା ନିକଟରେ ରବିବାର ସନ୍ଧ୍ୟାରେ ଭାରସାମ୍ୟ ହରାଇ ଏକ ବାଇକ୍ ଦୁର୍ଘଟଣା ଘଟିଛି। ଏଥିରେ ଜୟପାଟଣା ଥାନା ଅନ୍ତର୍ଗତ ଲାଖବାହାଲି (ଯାମତୁଆଁ) ଗ୍ରାମର ସୁନାଧର ନିଆଳ (୪୫)ଙ୍କ ମୃତ୍ୟୁ ହୋଇଥିବା ଜଣାପଡ଼ିଛି ।ସୂଚନା ମୁତାବକ, ସୁନାଧର ବଡକେନ୍ଦୁଗୁଡା ଏକୋଶିଆ ଘର ଆସି ସନ୍ଧ୍ୟାରେ ଗ୍ରାମର ଦୁଇ ଜଣଙ୍କ ସହିତ ସୁନାଧର ବାଇକ୍ ଯୋଗେ ବୁଲିବାକୁ ଯାଇଥିଲେ। ତେବେ ଆମପାଣି ପଟୁ ଫେରୁଥିବା ବେଳେ ବଡକେନ୍ଦୁଗୁଡା ନିକଟରେ ଭାରସାମ୍ୟ ହରାଇ ବାଇକ୍ ଦୁର୍ଘଟଣା ହୋଇଥିଲା। ଦୁର୍ଘଟଣା ଫଳରେ ସୁନାଧର ସହିତ ସାଥିରେ ଥିବା ଚଞ୍ଚଳା ସାଗର ଓ ହର ସାଗର ଗୁରୁତର ହୋଇଥିଲେ। ସ୍ଥାନୀୟ ଲୋକେ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ ଡାକ୍ତରଖାନା ମେଡ଼ିକାଲକୁ ପଠାଇଥିଲେ। ସେଠାରେ ଡାକ୍ତର ସୁନାଧରକୁ ମୃତ ଘୋଷଣା କରିଥିଲେ। ସୋମବାର ସକାଳେ ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ଶବ ହସ୍ତାନ୍ତର କରାଯାଇଛି। ଆମପାଣି ଥାନା ପୁଲିସ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇବା ସୂଚନା ମିଳିଛି।

## ବୋଡ଼େନ ବ୍ଲକ୍‌ରେ ଯୁଗ୍ମ ଅଭିଯୋଗ ଶୁଣାଣି




**ନୂଆପଡ଼ା, ୧୭ ।୧୧(ସମିସ):** ନୂଆପଡ଼ା ଜିଲ୍ଲା ବୋଡ଼େନ ବ୍ଲକରେ ଜିଲ୍ଲାପାଳ ମଧୁସୂଦନ ଦାଶ ଓ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ଅମ୍ରିତପାଲ ସିଂଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଅଭିଯୋଗ ଶୁଣାଣି ଶିବିରରେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ସହ ବନଖଣ୍ଡ ଅଧିକାରୀ ଖରିଆର ଅଜିଜ ଖାନ, ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଲମ୍ବୋଦର ଧରୁଆ, ବନଖଣ୍ଡ ଅଧିକାରୀ କେନ୍ଦୁପତ୍ର ଏ ମାଧବୀ ଲତା, ଉପଜିଲ୍ଲାପାଳ ସୁର୍ମି ସୋରେନ, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା.ଧନେଶ୍ୱର ସେଠୀ ପ୍ରମୁଖ ଉପସ୍ଥିତ ଥିଲେ। ଶିବିରରେ ୩୦ଟି ବ୍ୟକ୍ତିଗତ ଓ ୧୧ ଟି ଗୋଷ୍ଠିଗତ ଏଭଳି ମୋଟ ୪୧ଟି ଅଭିଯୋଗର ଶୁଣାଣି ଜିଲ୍ଲାପାଳ କରିଥିଲେ ।ସବୁ ଅଭିଯୋଗ ଉପରେ ତୁରନ୍ତ ପଦକ୍ଷେପ ନେବା ପାଇଁ ସମ୍ପୃକ୍ତ ଜିଲ୍ଲାସ୍ତରୀୟ ଅଧିକାରୀମାନଙ୍କୁ ସେ ନିର୍ଦ୍ଦେଶ ଦେଇଥିଲେ। ବିଡ଼ିଓ ସୁଶାନ୍ତ କୁମାର ରଣା, ତହସିଲଦାର ସରିତା ଗୁପ୍ତା, ଡେପୁଟୀ କଲେକ୍ଟର ଶେଖ ନସିମ, ଚିନ୍ମୟ ସାଗର ଶିବିର ପରିଚାଳନାରେ ସହଯୋଗ କରିଥିଲେ। ସଭାରେ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ, ବିଭିନ୍ନ ବିଭାଗର ଯନ୍ତ୍ରୀ, ଲାଇନ ବିଭାଗ ଅଧିକାରୀ ଓ ବ୍ଲକ ସ୍ତରୀୟ ଅଧିକାରୀ ଏବଂ କର୍ମଚାରୀ ଉପସ୍ଥିତ ଥିଲେ। ଅଭିଯୋଗ ଶିବିର ଉପଲକ୍ଷେ ବ୍ଲକ ପରିସରରେ ସ୍ୱାସ୍ଥ୍ୟ ଶିବିର ଆୟୋଜନ କରାଯାଇଥିଲା। ସେହିପରି ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗୋଟିଏ ରକ୍ତଦାନ ଶିବିର ଆୟୋଜନ କରାଯାଇ ଥିଲା। ଏହି ଅବସରରେ ଫରସରା ଗାଁରେ ଗୃହପାଳିତ ପଶୁ ପକ୍ଷୀଙ୍କ ପାଇଁ ପ୍ରାଣୀ ସମ୍ପଦ ବିଭାଗ ତରଫରୁ ପ୍ରାଣୀ ପାଇଁ ଦିନଟିଏ ନାମରେ ଚିକିତ୍ସା ଶିବିର ଆୟୋଜିତ ହୋଇଥିଲା।

## ନିଖୋଜ ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

**କୋକସରା, ୧୭ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା କୋକସରା ବ୍ଲକ ଆମପାଣି ଥାନା ବିଜମରା ଗାଁର ବନ ନାଏକ (୫୮) ଗତ ୮ ଦିନ ହେଲା ନିଖୋଜ ଥିଲେ । ତାଙ୍କ ପରିବାର ଲୋକେ ଖୋଜାଖୋଜି କରିବା ସତ୍ତ୍ୱେ ମଧ କୌଣସି ସନ୍ଧାନ ପାଇ ନଥିଲେ। ତେବେ ରବିବାର ପାପଡ଼ାହାଣ୍ଡି ଥାନା ବାବାଜୀଗୁଡା ଜଙ୍ଗଲରେ ଝୁଲନ୍ତା ଅବସ୍ଥାରେ ନିଖୋଜ ଯୁବକର ମୃତଦେହ ଉଦ୍ଧାର ହୋଇଥିଲା। ପାପଡ଼ାହାଣ୍ଡି ଥାନା ପୁଲିସ ଠାରୁ ଖବର ପାଇ ପରିବାର ଲୋକେ ନବରଙ୍ଗପୁର ଯାଇ ଶବ ଚିହ୍ନଟ କରି ବ୍ୟବଚ୍ଛେଦ ପରେ ଗାଁକୁ ଆଣୁଥିବା ଜଣାପଡ଼ିଛି। ତେବେ ପରିବାର ଲୋକଙ୍କ କହିବା ଅନୁଯାୟୀ ନିଖୋଜ ଯୁବକ ମାନସିକ ସ୍ଥିତି ଭଲ ନଥିବା ସୂଚନା ମିଳିଛି । ଅନ୍ୟପଟେ ପାପଡ଼ାହାଣ୍ଡି ଥାନାରେ ଅପମୃତ୍ୟୁ ମାମଲା ରୁଜୁ ହୋଇଥିବା ଜଣାପଡ଼ିଛି।

## ସମସ୍ୟାରେ ତେନ୍ତୁଳିଆପଡ଼ାବାସୀ

# ସମାଧାନ ପାଇଁ ଧର୍ମଗଡ଼ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ

**ଧର୍ମଗଡ଼, ୧୭ ।୧୧(ସମିସ):** ଧର୍ମଗଡ଼ ବିଜ୍ଞାପିତ ଅଞ୍ଚଳ ପରିଷଦ ଅନ୍ତର୍ଗତ ୱାର୍ଡ ନମ୍ବର ୫ର ତେନ୍ତୁଳିଆପଡ଼ା ବାସୀ ୧୦ଟି ଦାବି ନେଇ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଛନ୍ତି । ବିଜୁଳି, ପିଇବା ପାଣି, ବିଦ୍ୟୁତ୍, ରାସ୍ତା ତଥା ପରିମଳ ବ୍ୟବସ୍ଥା ଭଳି ଅନେକ ସୁବିଧା ହେବ ବୋଲି ଆଶା କରିଥିଲେ। ହେଲେ ଏନ୍‌ଏସି ହେବା ପରେ ମଧ ଅନେକ ସୁବିଧା ପାଇବାରୁ ବଞ୍ଚିତ ହେଉଥିବା ଅଭିଯୋଗ କରିଛନ୍ତି। ଏନେଇ ଆଜି ଧର୍ମଗଡ଼ ଏନଏସିର ୫ନମ୍ବର ୱାର୍ଡ ତେନ୍ତୁଳିଆପଡ଼ାବାସୀ ଧର୍ମଗଡ଼ ଉପଜିଲ୍ଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି। ଧର୍ମଗଡ଼ ଏନ୍‌ଏସି ୫ନମ୍ବର ୱାର୍ଡ ତେନ୍ତୁଳିଆପଡ଼ାରେ ଥିବା ସ୍କୁଲରେ ପ୍ରଥମ ଠାରୁ ନବମ ଶ୍ରେଣୀ ରହିଥିବା ବେଳେ କେବଳ ୪ ଜଣ ଶିକ୍ଷକ ରହିଛନ୍ତି। ଯାହାକୁ ନେଇ ଆନ୍ଦୋଳନ ବି ହୋଇଛି ।ଏହା ସହ ଏହି ୱାର୍ଡବାସୀଙ୍କ ପାଇଁ ଜଳ ଯୋଗାଣ, ବିଦ୍ୟୁତ୍‌କରଣ, ପରିମଳ ବ୍ୟବସ୍ଥା ଭଳି ଅନେକ ସମସ୍ୟା ରହିଛି ଯାହାକୁ ନେଇ ବାରମ୍ବାର ଅଭିଯୋଗ ପରେ ମଧ କୌଣସି କାର୍ଯ୍ୟାନୁଷ୍ଠାନ ନେଉ ନ ଥିବା ଯୋଗୁଁ ଆଜି ଧର୍ମଗଡ଼ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ଦେଇଛନ୍ତି। ଦାବିପତ୍ର ଦେବା ସମୟରେ ବିରେନ୍ଦ୍ର ମାଝୀ, ଶିବଲାଲ ସାଗର, ଦୟାରାମ ରାଉତ, ଶଙ୍କର ଚଣ୍ଡୀ, ରମେଶ ଚଣ୍ଡୀ, ଗଗନ ମାଝୀ, କାର୍ତ୍ତିକ ସେଠୀଆ, ନବୀନ ମହାନନ୍ଦ, ରିଖିରାମ ସାଗର, ସଲିମା ସେଠିଆ, ଜୁଲି ସେଠିଆ, ରୁଦ୍ର ବଣିଆ, ଟଙ୍କଧର ମାଝୀ, ଜଗମୋହନ ସେଠି, ଯୁବରାଜ ବଣିଆ ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟପଟେ ଦାବି ଗୁଡିକ ଶୀଘ୍ର ପୂରଣ ନ ହେଲେ ଆଗାମୀ ଦିନରେ ଭୟାବହ ଆନ୍ଦୋଳନ କରିବୁ ବୋଲି ତେନ୍ତୁଳିଆପଡ଼ା ୱାର୍ଡବାସୀ ଚେତାବନୀ ଦେଇଛନ୍ତି।



## ମାଁ ଗଡ଼ିଆଣି ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ

# ରାଣିମୁଣ୍ଡା ଚାମ୍ପିଅନ




**ସିନାପାଲି, ୧୭ ।୧୧ (ସମିସ):** କାପସିସ୍ଥିତ ସିନାପାଲି କଲେଜ ସମ୍ମୁଖ ଖେଳ ପଡ଼ିଆରେ ବ୍ଲକ ଲେବଲ ସ୍ପୋର୍ଟ୍ସ କ୍ଲବ୍ ଦ୍ୱାରା ଆୟୋଜିତ ପାଞ୍ଚ ଦିବସୀୟ ଫୁଟବଲ୍ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ ହୋଇଯାଇଛି। ଟୁର୍ଣ୍ଣାମେଣ୍ଟର ଫାଇନାଲ ଖେଳ ରାଣିମୁଣ୍ଡା ଓ ମାଣ୍ଡିଆରୁଚା ଦଳ ମଧ୍ୟରେ ହୋଇଥିଲା। ଏଥିରେ ରାଣିମୁଣ୍ଡା ଦଳ ବିଜୟ ଲାଭ କରିଥିଲେ। ଫାଇନାଲ ଖେଳର ମୁଖ୍ୟ ଅତିଥି ଭାବରେ ଆୟୁବ ଖାଁ ଓ ସମ୍ମାନିତ ଅତିଥି ଭାବରେ ତ୍ରିନାଥ ମେହେର, ବୈଷ୍ଣବ ମେହେର, ବଂଶୀଧର ଜଗତ, ନରୋତ୍ତମ ମାଝୀ, ଆଲୋକ ମେହେର, ଜଗନ୍ନାଥ ସାଗର, ସ୍ୱରୂପ ଯୋଷୀ, ଝସକେତନ ରଣା, ହରେଶ ମେହେର, ପ୍ରଦ୍ୟୁମ୍ନ ସିଂହ ଚିନ୍ଦା, ଡୋଲାମଣି ସାଗର, ଶଶିଭୂଷଣ ଜଗତ, ଚୈତନ୍ୟ ମଶ୍ରା ପ୍ରମୁଖ ଯୋଗଦେଇ ଉଭୟ ବିଜେତା ଓ ଉପବିଜେତା ଦଳକୁ ପୁରସ୍କୃତ କରିଥିଲେ। ଟୁର୍ଣ୍ଣାମେଣ୍ଟର ଭିନ୍ନଭିନ୍ନ ଦିବସରେ ରେଫରି ଦେବାଶିଷ ଯୋଷୀ, ରିକୁ ମାଝୀ, ବିଭାଷଣ ମାରାଣ୍ଡି, ସୁଦୀପ୍ତ ଯୋଷୀ, ବବଲୁ ମାଝୀ, ଜଗା ସା, ଅଜୟ ବାଗ, ଯଶୋବନ୍ତ ସା ଖେଳ ପରିଚାଳନା କରିଥିଲେ । ନରେଶ ମାଝୀ, ଜଗଦିଶ ନାଗ, ଅରବିନ୍ଦ ହୋତା ଧାରାବିବରଣୀ ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟ ଆୟୋଜନରେ ଅଜୟ ବାଗ, ଡଗର ଲୋହାର ସମେତ ତରୁଣ, ପିକୁ, ଡିଲେ, ବିଦ୍ୟା, ଯୁଗେଶ୍ୱର, ଆତଙ୍କ, ତନ୍ମୟ, ଶିବୁ, ଉଆଁସୁ ପ୍ରମୁଖ ସହଯୋଗ କରିଥିଲେ।

## ଆଇନ ସଚେତନତା ଶିବିର

**କେସିଙ୍ଗା, ୧୭ ।୧୧ (ସମିସ):** ତାଲୁକ ଆଇନ ସେବା ସମିତି କେସିଙ୍ଗା ପକ୍ଷରୁ ଅଦାଲତ ପରିସରରେ ମାତା ପିତା ଏବଂ ବରିଷ୍ଠ ନାଗରିକଙ୍କ ଭରଣ ପୋଷଣ ଓ କଲ୍ୟାଣ ଅଧିନିୟମ ୨୦୦୭ ଉପରେ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇ ଯାଇଛି ।ଅଧକ୍ଷା ତଥା ବିଚାରପତି ଦୀପ୍ତା ସେଠୀଙ୍କ ଅଧକ୍ଷତାରେ ଅନୁଷ୍ଠିତ ଶିବିରରେ ଉପରୋକ୍ତ ବିଷୟ ଉପରେ ଆଲୋଚନା କରାଯିବା ସହ ତତ୍ ସଂଲଗ୍ନ ବିଭିନ୍ନ ଆଇନ ଉପରେ ଆଲୋଚନା କରାଯାଇଥିଲା ।ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ଆଇନଜୀବି ସୌମ୍ୟ ରଞ୍ଜନ ମିଶ୍ର, ସୁନ୍ଦର ବାବୁ ପତ୍ର, ସନ୍ତୋଷ ଦାସ, ଦିନେଶ କୁମାର ଭୋଇ, ହରିପ୍ରସାଦ ତାଣ୍ଡି, ରଞ୍ଜିତ କୁମାର ଷଡଙ୍ଗୀ, ସୌରରଶ୍ମି ନନ୍ଦ, ମନୋଜ କୁମାର ନାଗଙ୍କ ସମେତ ଅନ୍ୟ ବରିଷ୍ଠ ଆଇନଜୀବୀଙ୍କ ସମେତ ଅଦାଲତ କର୍ମଚାରୀମାନେ ମଧ ଉପସ୍ଥିତ ଥିଲେ।

## ପଞ୍ଚାୟତସ୍ତରୀୟ ଜନଶୁଣାଣି ଓ ସମାଧାନ ଶିବିର

# ୧୧୮ ଅଭିଯୋଗରୁ ୨୨ ତୁରନ୍ତ ସମାଧାନ

**ଗୋଲାମୁଣ୍ଡା, ୧୭ ।୧୧ (ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଅଧକ୍ଷ ବିନ୍ଦୁ ମହାନନ୍ଦ ନେତୃତ୍ୱରେ ସୋମବାର ଦିନ ଧାମନପୁର ପଞ୍ଚାୟତସ୍ତରୀୟ ଜନଶୁଣାଣି ଓ ସମାଧାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ୧୧୮ ଅଭିଯୋଗରୁ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନାରେ ସାମିଲ କରି ୨୨ଟି ସମସ୍ୟାର ତୁରନ୍ତ ସମାଧାନ ହୋଇଥିଲା। ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନାର ସୁବିଧା ପ୍ରତି ଗାଁ ଗାଁ ବସ୍ତିରେ ପହଞ୍ଚାଇବା ଆମ ପ୍ରଶାସନର ଉଦ୍ଦେଶ୍ୟ ବୋଲି ବ୍ଲକ ଅଧକ୍ଷ ଶ୍ରୀ ମହାନନ୍ଦ ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ଗୋଲାମୁଣ୍ଡା ବ୍ଲକ ଅଧକ୍ଷ ବିନ୍ଦୁ ମହାନନ୍ଦ, ସରପଞ୍ଚ ଦିଗାମ୍ବର ତାଣ୍ଡି, ସହକାରୀ ନିର୍ବାହୀଯନ୍ତ୍ରୀ ଚିତ୍ତ ରଞ୍ଜନ ଜେନା, କନିଷ୍ଠ ଯନ୍ତ୍ରୀ ନିକୁଞ୍ଜ ନାଏକ, ସାମାଜିକ ସୁରକ୍ଷା ବିଭାଗର ଚନ୍ଦନ ବିହାରୀ, ଗ୍ରାମୀଣ ଗୃହ ଯୋଜନାର ବିପିସି ମଧୁ ସାହୁ, ଯୋଗାଣ ବିଭାଗରୁ ଦିବ୍ୟରାଜ ଭୋଇ, ଏପିଓ କ୍ଷେତ୍ର ମୋହନ ମାଝୀ, ପାନୀୟ ଜଳ ବିଭାଗରୁ ସୁବାସ ପଣ୍ଡା, ବିଇଓ ରାଜେଶ ନାଏକ, କୃଷି ବିଭାଗରୁ ସରସ୍ୱତୀ ମେହେର, ରାଜସ୍ୱ ନିରୀକ୍ଷକ ତପନ କୁମାର ନାଏକ, ପିଇଓ ନିରଞ୍ଜନ ସୁନାନୀ, ଭିଏଡବ୍ଲୁ ଛନ୍ଦା ଚରଣ ଭୋଇଙ୍କ ସମେତ ବ୍ଲକସ୍ତରୀୟ ବିଭାଗୀୟ ଅଧିକାରୀ ଓ ଧାମନପୁର ପଞ୍ଚାୟତର ଜନସାଧାରଣ ଉପସ୍ଥିତ ଥିଲେ। ଉକ୍ତ ଅବସରରେ ଧାମନପୁର ଗ୍ରାମର ତିନିଟି ଶିଶୁ ବାପା ମାଁ ଙ୍କୁ ହରାଇ ନିଜ ଜେଜେ ବାପା ପାଖରେ ରହୁଛନ୍ତି, ଆଜି ତାଙ୍କ ଜେଜେ ବାପା ଜନଶୁଣାଣି ଶିବିରକୁ ଆସି ବାପା ମାଁ ଛେଉଣ୍ଡ ପିଲାକୁ ସରକାରୀ ସହାୟତା ପ୍ରଦାନ କରିବାକୁ ନିବେଦନ କରିଥିବାରୁ ତାଙ୍କୁ ବ୍ଲକ ଅଧକ୍ଷ କର୍ପସ ଫଣ୍ଡରୁ ୧୦ ହଜାର ଓ ଉକ୍ତ ଗାଁର ସ୍ୱର୍ଗତ ଚକ୍ର ପହରିଆ ରୋଗାଗ୍ରସ୍ତ ହୋଇ ମୃତ୍ୟୁ ହୋଇଥିବାରୁ ତାଙ୍କର ସାତ ଜଣ ଶିଶୁ ଙ୍କୁ ଲାଳନ ପାଳନ କରିବାରେ କଷ୍ଟ ଦାୟକ ହେଉଥିବାରୁ ଶିଶୁ ଙ୍କୁ ମା ଆସି ଆର୍ଥିକ ସହାୟତା ମାଗିବାରୁ ତାଙ୍କୁ ମଧ ଦଶ ହଜାର ଆର୍ଥିକ ସହାୟତା ଦିଆଯାଇଛି।




## କମଲେଇ ଗାଁରେ ହାତୀ ଉପଦ୍ରବ

# ନଷ୍ଟ କଲେ ଧାନ ଫସଲ



**ଲାଞ୍ଜିଗଡ଼, ୧୭ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା ଦକ୍ଷିଣ ବନଖଣ୍ଡ ବିଶ୍ୱନାଥପୁର ରେଞ୍ଜ ବିଜେପୁର ସେକ୍ସନ କମଲେଇ ଗାଁରେ ହାତୀ ଉପଦ୍ରବ ଦେଖିବାକୁ ମିଳିଛି। ନିକଟସ୍ଥ ଫୁଲବାଣୀ ଜଙ୍ଗଲରେ ୧୫ ଟିକିଆ ହାତୀପଲ ରହିଥିବା ବେଳେ ଗତ ରାତିରେ ଲାଞ୍ଜିଗଡ଼ ବ୍ଲକ ଲାଖବାହାଲି ପଞ୍ଚାୟତ କମଲେଇ ଗାଁର ସୁଶାନ୍ତ ମାଝୀଙ୍କ ଧାନ ଫସଲକୁ ଦଳି ଚକଟି ନଷ୍ଟ କରି ଦେଇଛନ୍ତି। ବର୍ଷ ସାରା ଉକ୍ତ ଅଞ୍ଚଳରେ ହାତୀ ଉପଦ୍ରବ ବଢୁଥିବା ବେଳେ ଚାଷକୁଳ ଧାର କରଜ କରି ଧାନ ସହିତ ବିଭିନ୍ନ ଚାଷ କରିଥାନ୍ତି। ହେଲେ ଫସଲକୁ ହାତୀପଲ ଦଳି ଚକଟି ନଷ୍ଟ କରିଦେଇଥିବା ବେଳେ ପରିବାର ଚିନ୍ତାରେ ଭାଙ୍ଗି ପଡ଼ିଛନ୍ତି। ବର୍ତ୍ତମାନ ଫୁଲବାଣୀ ଜଙ୍ଗଲରେ ୧୫ଟିକିଆ ହାତୀପଲ ରହିଥିବା ବେଳେ ଅଞ୍ଚଳଲୋକେ ଭୟଭୀତ ଅବସ୍ଥାରେ ରହିଛନ୍ତି। ତେବେ ଏବେ ଯାଏଁ ବିଜେପୁର ବନବିଭାଗ ଘଟଣାସ୍ଥଳରେ ପଞ୍ଚିନ ଥିବା ଯୋଗୁଁ ଅଞ୍ଚଳ ଲୋକେ ଅସନ୍ତୋଷ ପ୍ରକାଶ କରିଛନ୍ତି। ଏନେଇ ବିଜେପୁର ବନପାଳ ପଦ୍ମଲୋଚ ଶବରଙ୍କୁ ଯୋଗାଯୋଗ କରିଥିଲେ ସୁଦ୍ଧା ଯୋଗାଯୋଗ ସମ୍ଭବ ହୋଇପାରିନାହିଁ।

## ଶ୍ରୀ ସତ୍ୟସାଇ ବିଦ୍ୟାମନ୍ଦିରର ବାର୍ଷିକ ଉତ୍ସବ

**ଭବାନୀପାଟଣା, ୧୭ ।୧୧ (ସମିସ):** ସ୍ଥାନୀୟ ଘୋଡାଘାଟ ଛକ ନିକଟସ୍ଥ ଶ୍ରୀ ସତ୍ୟସାଇ ବିଦ୍ୟା ମନ୍ଦିରର ବାର୍ଷିକ ଉତ୍ସବ ପାଳନ ହୋଇଯାଇଛି। ସ୍ଥାନୀୟ ସଦର ବିଧାୟକ ସାଗର ଚରଣ ଦାସ, ଜିଲ୍ଲା ଶିକ୍ଷା ଅଧିକାରୀ ରାଧାକାନ୍ତ ଛତ୍ରୀ ଓ ଭବାନୀପାଟଣା ସତ୍ୟସାଇ ସମିତି ଆବାହକ ତୁଳସୀରାମ ସାହୁ ଅତିଥି ଭାବରେ ଯୋଗଦାନ କରି ଛାତ୍ରଛାତ୍ରୀ, ଅଭିଭାବକ ଓ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଉତ୍ସାହିତ କରିଥିଲେ । କଳାହାଣ୍ଡି ଜିଲ୍ଲାରେ ଶିକ୍ଷାର ବିକାଶ ପାଇଁ ଶ୍ରୀସତ୍ୟସାଇ ବିଦ୍ୟା ମନ୍ଦିର ଭବାନୀପାଟଣାର ଯୋଗଦାନ ବିଷୟରେ ଆଲୋଚନା କରି ଏହାର ପୂର୍ବତନ ଛାତ୍ରଛାତ୍ରୀଙ୍କୁ ବିକାଶ ଦିଗରେ ସାମିଲ ହେବା ପାଇଁ ଆହ୍ୱାନ ଦେଇଥିଲେ। ଚିତ୍ତାକର୍ଷକ ସାଂସ୍କୃତିକ କାର୍ଯ୍ୟକ୍ରମ ଛାତ୍ରଛାତ୍ରୀଙ୍କ ଦ୍ୱାରା ପରିବେଷଣ ହୋଇଥିଲା। ଛାତ୍ରଛାତ୍ରୀଙ୍କ ଦ୍ୱାରା ବେଦପାଠ ହୋଇ ଅତିଥିମାନଙ୍କୁ ନିମନ୍ତ୍ରୀତ କରାଯାଇଥିଲା । ଶିକ୍ଷୟିତ୍ରୀ ସୌମ୍ୟାଶ୍ରୀ ଦାସ ଓ ଛାତ୍ର ଅନିମେଶ ମହାନ୍ତି ସ୍ୱାଗତ ଅଭିଭାଷଣ ଦେଇଥିବା ବେଳେ ଶିକ୍ଷୟିତ୍ରୀ ଗୀନା ଶୁକ୍ଳା ଅତିଥି ପରିଚୟ ପ୍ରଦାନ କରିଥିଲେ। ଅଧକ୍ଷ ଜ୍ଞାନରଞ୍ଜନ ମିଶ୍ର ବାର୍ଷିକ ବିବରଣୀ ପାଠ କରିବା ସହ ବିଦ୍ୟାଳୟର ବିକାଶ ପାଇଁ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ବିଦ୍ୟାଳୟ ସମ୍ପାଦକ ସୁବ୍ରତ କୁମାର ଖାଡଙ୍ଗା ଭଗବାନ ଶ୍ରୀ ସତ୍ୟସାଇ ବାବାଙ୍କ ଜନ୍ମ ଶତବାର୍ଷିକ ଅବସରରେ ସାପ୍ତାହିକ କାର୍ଯ୍ୟକ୍ରମର ସୂଚନା ପ୍ରଦାନ କରି ସମସ୍ତଙ୍କୁ ସାମିଲ ହୋଇ ଜନ୍ମ ଶତବାର୍ଷିକ ପାଳନକୁ ଆନନ୍ଦିତ କରିବା ପାଇଁ ନିବେଦନ କରିଥିଲେ। ଶେଷରେ ଛାତ୍ର ଦେବାଶିଷ ବେହେରା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ଭବାନୀପାଟଣା ସତ୍ୟସାଇ ସମିତିର ସେବାଦଳ, ଅଭିଭାବକ ଅଭିଭାବିକା ଓ ଛାତ୍ରଛାତ୍ରୀ ସହଯୋଗ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ଧର୍ମଗଡ଼ ଚାମ୍ବର ଅଫ କମର୍ସର ବାର୍ଷିକ ଉତ୍ସବ

# ବାଣିଜ୍ୟ, ସହରୀ ସଭ୍ୟତାର ପ୍ରାଚୀନ ସଂସ୍କୃତି

**ଧର୍ମଗଡ଼, ୧୭ ।୧୧(ସମିସ)**

ବାଣିଜ୍ୟ, ସହରୀ ସଭ୍ୟତାର ପ୍ରାଚୀନ ସଂସ୍କୃତି। ବ୍ୟବସାୟରେ କ୍ରେତା ବିକ୍ରେତା ପରସ୍ପର ପରିପୂରକ ହେତୁ ସାମାଜିକ ସଦଭାବ ପ୍ରତିଷ୍ଠିତ ହୋଇଥାଏ ବୋଲି ଚାମ୍ବର ଅଫ କମର୍ସର ଦଶମ ବାର୍ଷିକ ଉତ୍ସବରେ ଅତିଥିମାନେ ପ୍ରକାଶ କରିଛନ୍ତି। କଳାହାଣ୍ଡି ଜିଲ୍ଲା ଧର୍ମଗଡ଼ ସହର ସ୍ଥିତ ହୋଟେଲ ରୟାଲ ପ୍ୟାଲେସରେ ଚେମ୍ବର ଅଫ କମର୍ସର ଦଶମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସଙ୍ଘର ସଭାପତି ବିଦ୍ୟାଧର ସାହୁଙ୍କ ଅଧକ୍ଷତାରେ ଆୟୋଜିତ ଉକ୍ତ ଉତ୍ସବରେ ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ମୁଖ୍ୟ ବକ୍ତା ଭାବେ ବିଶିଷ୍ଟ ଶିକ୍ଷାବିତ ପ୍ରତାପ କିଶୋର ମୁଣ୍ଡ, ଧର୍ମଗଡ଼ ନଗରପାଳ ଅଶୋକ କୁମାର ମହାନ୍ତି, ଉପଖଣ୍ଡ ପୁଲିସ ଅଧିକାରୀ ଡୋଲାମଣି ଭୋଇ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ଧର୍ମଗଡ଼ ଅଞ୍ଚଳରେ ବ୍ୟବସାୟିକ କ୍ଷେତ୍ରରେ ଚାମ୍ବର ଅଫ କମର୍ସ ଭୂମିକା ସମ୍ପର୍କରେ ଆଲୋକପାତ କରିଥଲେ। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ବ୍ୟବସାୟୀ ସୁକଲାଲ ଅଗ୍ରୱାଲ, ସଙ୍ଘର ଉପସଭାପତି ଯଶୋବନ୍ତ ମେହେର ମଞ୍ଚାସୀନ ଥିଲେ । ସାଧାରଣ ସମ୍ପାଦକ ଅରୁଣ କୁମାର ତାୟଲ ସ୍ୱାଗତ ସମ୍ଭାଷଣ ପ୍ରଦାନ କରିଥଲେ ।ସଙ୍ଘର ଆଇନ ପରାମର୍ଶ ଦାତା ଆଇନଜୀବୀ ରାଜେନ୍ଦ୍ର ମୁନି କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ସହ ସମ୍ପାଦକ ବିଷ୍ଣୁ ପ୍ରସାଦ ଅଗ୍ରୱାଲ ଧନ୍ୟବାଦ୍ ପ୍ରଦାନ କରିଥଲେ। ଏହି ଅବସରରେ ବୟୋଜ୍ୟେଷ୍ଠ ବ୍ୟବସାୟୀ ହେମରାଜ ସାହୁ, ନରେଶ ଅଗ୍ରୱାଲ, ଭାନୁ ପ୍ରତାପ ମିଶ୍ର, ହୁକୁମ ଚାନ୍ଦ ଅଗ୍ରୱାଲ, ରାଜୁଲାଲ ଅଗ୍ରୱାଲ, ରଘୁନାଥ ପଣ୍ଡା, ରୋଷନଲାଲ ଅଗ୍ରୱାଲ, ସୁରେଶ ଅଗ୍ରୱାଲ, ମୁରଲୀ ଅଗ୍ରୱାଲ, ଜୟ ଭଗବାନ ଅଗ୍ରୱାଲଙ୍କୁ ସମ୍ବର୍ଦ୍ଧିତ କରାଯାଇଥିବା ବେଳେ ଯୁବ ପ୍ରତିଭା ଭାବେ ଯୁବ ବ୍ୟବସାୟୀ ଜ୍ୟୋତି ଅଗ୍ରୱାଲ, ରାଜେଶ ମିତ୍ତଲ, ରୂପେଶ ଅଗ୍ରୱାଲ, ସାମ୍ବାଦିକ ବୈଦ୍ୟନାଥ ବେହେରା ଓ ଓଡ଼ିଶା ପବ୍ଲିକ ସର୍ଭିସ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ରାଜ କୁମାର ସିଂଘଲଙ୍କୁ ମଞ୍ଚରେ ସମ୍ବର୍ଦ୍ଧିତ କରାଯାଇଥିଲା ।ସଙ୍ଘର ଉପସଭାପତି ସୁବାସ ଅଗ୍ରୱାଲ, ସହ ସମ୍ପାଦକ ଅତୁଲ୍ୟ ମେହେର, କୋଷାଧକ୍ଷ ସରୋଜ ସାହୁ ସକ୍ରୀୟ ସଦସ୍ୟ ହରେଶ ଅଗ୍ରୱାଲ, ଜଗନ୍ନାଥ ପୃଷ୍ଟି, ବିକାଶ ମେହେର, ପଙ୍କଜ ଅଗ୍ରୱାଲ, ମୁନ୍ନା ନାଏକ, ସୁରେନ୍ଦ୍ର ମୁନି, ମିନ କେତନ ସାହୁ, ପ୍ରବୀଣ ଅଗ୍ରୱାଲ, ଦୀପକ ଅଗ୍ରୱାଲ ପ୍ରମୁଖଙ୍କ ସହଯୋଗରେ କାର୍ଯ୍ୟକ୍ରମ ସଫଳତାର ସହ ଶେଷ ହୋଇଥିଲା।



ବେଆଇନ କ୍ଲିନିକ୍‌ରେ ଚଢ଼ଉ ଘଟଣା

# ରିପୋର୍ଟ ଦାଖଲ ପରେ ବି କାର୍ଯ୍ୟାନୁଷ୍ଠାନ ନାହିଁ

**ଧର୍ମକୁ ଆଖିଠାର ସ୍ୱାସ୍ଥ୍ୟ ବିଭାଗର ଚଢ଼ଉ**




ବଲାଙ୍ଗିର,୧୭ ।୧୧(ସମିସ): ବଲାଙ୍ଗିର ଜିଲ୍ଲା ଲୋଇସିଂହା ବ୍ଲକ୍ ପଣ୍ଡରାନୀ ଠାରେ ଥିବା ବେଆଇନ କ୍ଲିନିକ ଉପରେ ଚଢ଼ଉ ଘଟଣାର ପାଞ୍ଚଦିନ ପରେ ବି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଯଦିଓ ଉଭୟ ସ୍ୱାସ୍ଥ୍ୟ ବିଭାଗ ଓ ଡ୍ରଗ୍ସ ଇନ୍ସପେକ୍ଟର ଚଢ଼ଉ ପରେ ନିଜ ନିଜ ରିପୋର୍ଟ ଦାଖଲ କରିସାରିଛନ୍ତି ତଥାପି ଉକ୍ତ କ୍ଲିନିକ୍ ସିଲ୍ ହେବା ଦିଗରେ କିଛି ପଦକ୍ଷେପ ନିଆଯାଇ ନ ଥିବାବେଳେ ନକଲି ଡାକ୍ତର ସାଜି ରୋଗୀସେବା କରୁଥିବା ଦୋକାନ ମାଲିକଙ୍କ ବିରୋଧରେ ମଧ୍ୟ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନାହିଁ। ଅନ୍ୟପକ୍ଷରେ ଉକ୍ତ ଦୋକାନ ବିରୋଧରେ ଆହୁରି ମଧ୍ୟ ଅନେକ ସାଂଘାତିକ ଅଭିଯୋଗ ସାମ୍ନାକୁ ଆସିବାରେ ଲାଗିଛି।

ବଲାଙ୍ଗିର ଜିଲ୍ଲା ଲୋଇସିଂହା ଥାନା ଅଧୀନ ପଣ୍ଡରାନୀଠାରେ ରହିଥିବା 'ଅଭିଷେକ ଔଷଧ ଦୋକାନ' ଉପରେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଚଢ଼ଉ କରାଯାଇଥିଲା। ସ୍ଥାନୀୟ ସ୍ୱାସ୍ଥ୍ୟ ବିଭାଗରୁ ଦୁଇଜଣ ଡାକ୍ତର ଓ ବଲାଙ୍ଗିର ଡ୍ରଗ୍ସ ବିଭାଗ ପକ୍ଷରୁ ଦୁଇ ଜଣ ଅଧିକାରୀ ମିଳିତ ଭାବେ ଚଢ଼ଉ କରିଥିଲେ। ଅଭିଯୋଗକ୍ରମେ ଉକ୍ତ ଔଷଧ ଦୋକାନ ଆଳରେ ଦୋକାନ ମାଲିକ ନକଲି ଡାକ୍ତର ସାଜି ରୋଗୀସେବା କରିଆସୁଥିଲେ। ତାଙ୍କ ପାଖରେ କୌଣସି ଯୋଗ୍ୟତା କି ଅନୁମତି ନ ଥିବାବେଳେ ସେ ନିୟମିତ ରୋଗୀମାନଙ୍କ ଚିକିତ୍ସା କରିବା ସହ ଔଷଧ ଦେଇ ଆସୁଥିଲେ। ଏପରିକି ଜଣେ ମହିଳା ସମ୍ପୃକ୍ତ ଦୋକାନକୁ ଯାଇ ଇଞ୍ଜେକ୍ସନ ନେବାପରେ ତାଙ୍କ ଆଣ୍ଠୁ ସେପ୍‌ଟିକ୍ ହୋଇ ସେ ଗୁରୁତର ହୋଇଥିବା ମଧ୍ୟ ବିଶ୍ୱସ୍ତସୂତ୍ରରୁ ଜଣାପଡ଼ିଥିଲା। ଏହିଭଳି ଅନେକ ସମୟରେ ନକଲି ଡାକ୍ତର ସାଜି ଚିକିତ୍ସା କରିଥିବା ରୋଗୀମାନେ ଗୁରୁତର ହୋଇ ଡାକ୍ତରଖାନାରେ ଭର୍ତ୍ତି ହେଉଥିବା ସ୍ଥାନୀୟ ସିଏଚ୍‌ସି ଡାକ୍ତରମାନେ ସୂଚନା ପାଇଥିବା ଜଣାପଡ଼ିଥିଲା। ତେବେ ଚଢ଼ଉ ସମୟରେ ଦୋକାନ କଡ଼ରେ ଏକ ପଟା ତିଆରି ବେଡ୍ ରହିଥିବାବେଳେ ରକ୍ତଚାପ ମାପକ ଯନ୍ତ୍ର ଭଳି ସାମଗ୍ରୀ ରହିଥିବା ଉକ୍ତ ଟିମ୍ ଦେଖିବାକୁ ପାଇଥିଲେ। ଏନେଇ ସ୍ୱାସ୍ଥ୍ୟ ବିଭାଗ ରିପୋର୍ଟ ଦେଇସାରିଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଦୋକାନ ଖୋଲିବା ଅନୁମତି ଗୁଣନିଧି ରଣାଙ୍କ ନାମରେ ରହିଛି ସତ କିନ୍ତୁ ଦୋକାନରେ ଅନ୍ୟ ଜଣେ ଫାର୍ମାସିଷ୍ଟଙ୍କ ଅନୁମତି ରହିଛି। ଯିଏକି ସେ ଦିନ ସେହି ସ୍ଥାନରେ ଅନୁପସ୍ଥିତ ଥିବା ଉକ୍ତ ଟିମ୍ ଜାଣିବାକୁ ପାଇଥିଲେ। ସମ୍ପୃକ୍ତ ଫାର୍ମାସିଷ୍ଟ ଜଣକ କେବେ ବି ଦୋକାନରେ ବସନ୍ତି ନାହିଁ। ଆଉ ଜଣେ ଫାର୍ମାସିଷ୍ଟଙ୍କ ଉକ୍ତ ଦୋକାନରେ ବସିବା ପାଇଁ ଚୁକ୍ତି ହୋଇଥିବା ବେଳେ ତାହା ମଧ୍ୟ ଗତ ମାର୍ଚ୍ଚମାସରୁ ଅସିଦ୍ଧ ହୋଇସାରିଥିବା ଜଣାପଡ଼ିଥିଲା। ତେବେ ସ୍ୱାସ୍ଥ୍ୟସେବା ଭଳି ଏକ ସମ୍ବେଦନଶୀଳ କାର୍ଯ୍ୟରେ ଏହିଭଳି ଖାମଖିଆଲି ମନୋଭାବ ଯୋଗୁ ରୋଗୀମାନଙ୍କ ଜୀବନ ନିହାତି ଭାବେ ବିପଦପୂର୍ଣ୍ଣ। ଏହିଭଳି କାରବାରକୁ ତିଳେମାତ୍ର ପ୍ରଶ୍ରୟ ଦେବା ବେଆଇନ ହୋଇଥିବାବେଳେ ନିଜେ ସ୍ୱାସ୍ଥ୍ୟ ବିଭାଗ ଏହି କାରବାର ପ୍ରତି ଆଖିବନ୍ଦ କରିଦେଇଥିବା ଅଭିଯୋଗ ହୋଇଛି। ଏନେଇ ଲୋଇସିଂହା ମେଡିକାଲ ଅଧିକାରୀଙ୍କ ପକ୍ଷରୁ ରିପୋର୍ଟ ଦାଖଲ ହୋଇସାରିଥିବା ଜଣାପଡ଼ିଛି। ସେହିପରି ଡ୍ରଗ୍ସ ଇନ୍ସପେକ୍ଟର ଅଙ୍କୁଶ ଅଗ୍ରୱାଲଙ୍କୁ ପଚାରିବାରୁ ସେ ମଧ୍ୟ ଚଢ଼ଉ ପରେ ନିଜ ରେପୋର୍ଟ ଦାଖଲ କରିଥିବା କହିଛନ୍ତି। ତେବେ ରିପୋର୍ଟ ଦାଖଲ ହେବାର ଦୁଇ ତିନି ଦିନ ପରେ ବି ଜିଲ୍ଲା ସ୍ୱାସ୍ଥ୍ୟବିଭାଗ ପକ୍ଷରୁ ବେଆଇନ କ୍ଲିନିକ ସିଲ କରିବା ଦିଗରେ କିମ୍ବା ଉକ୍ତ ଔଷଧ ଦୋକାନ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନାହିଁ। ଏନେଇ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ଡା. ରମେଶ ଚନ୍ଦ୍ର ସାହୁଙ୍କୁ ପଚାରିବା ପାଇଁ ଯୋଗାଯୋଗ କରାଯାଇଥିବା ବେଳେ ସେ ଛୁଟିରେ ଥିବା ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ ଚଢ଼ଉ ପରେ ଉକ୍ତ ଦୋକାନ ଖୋଲା ରହିବା ସହ ବେଆଇନ କ୍ଲିନିକ ମଧ୍ୟ ପୂର୍ବ ଭଳି ଚାଲୁରହିଥିବା ଅଭିଯୋଗ ହୋଇଛି। ଫଳରେ ସ୍ୱାସ୍ଥ୍ୟ ବିଭାଗର ଉକ୍ତ ଚଢ଼ଉ କେବଳ ଧର୍ମକୁ ଆଖିଠାର ବୋଲି ଲୋକେ ଆଲୋଚନା କରୁଥିବାବେଳେ ଏହା ହିଁ ସ୍ୱାସ୍ଥ୍ୟ ବିଭାଗ ଏହି କାରବାର ପ୍ରତି କେତେ ଯତ୍ନବାନ ତାହା ସ୍ପଷ୍ଟ କରୁଥିବା ଲୋକେ ଅଭିଯୋଗ କରିଛନ୍ତି।

## ବୃଦ୍ଧାଙ୍କୁ ଉଦ୍ଧାର କଲା ପ୍ରଶାସନ




'ସକାଳ' ପ୍ରଭାବ

**ସଇଁତଲା,୧୭ ।୧୧(ସମିସ):** କିଛି ଦିନ ଆଗରୁ ସଇଁତଲା ଥାନାରୁ ମାତ୍ର ୫୦୦ ମିଟର ରାସ୍ତା କଡ଼ରେ ଏକ ଡାକବଙ୍ଗଳା ଘରେ ଭୋକ ଉପାସରେ ଜଣେ ବୃଦ୍ଧା ରହୁଥିବା ନେଇ 'ସକାଳ'ରେ ଖବର ପ୍ରକାଶ ପାଇଥିଲା। ଏହାପରେ ବିଡିଓ, ପୁରୁଷୋତ୍ତମ ମିର୍ଦ୍ଧା ମହିଳାଙ୍କ ପାଖକୁ ଯାଇ ତାଙ୍କ ଗୁହାରି ଶୁଣିବା ସହ ଉଦ୍ଧାର କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ପରେ ପ୍ରଶାସନ ତତ୍ପରତା ଦେଖାଇ ବୃଦ୍ଧା ସାବେତ୍ରୀ ଦଣ୍ଡସେନାଙ୍କୁ ଉଦ୍ଧାର କରିବାପରେ ସୋନପୁରର ଯଶୋଦା ଆଶ୍ରମରେ ଥଇଥାନ କରାଯାଇଛି ବୋଲି ବିଡିଓ ଶ୍ରୀ ମିର୍ଦ୍ଧା ସୂଚନା ଦେଇଛନ୍ତି। ଯାହାକୁ ନେଇ ସ୍ଥାନୀୟଲୋକେ 'ସକାଳ'କୁ ଧନ୍ୟବାଦ ଜଣାଇଛନ୍ତି।

■ କପା ଫସଲ ନଷ୍ଟ; ଚାଷୀଙ୍କ ମୁଣ୍ଡରେ ଚଡ଼କ

## ସହାୟତା ପାଇଁ ସରକାରଙ୍କୁ ନିବେଦନ



**କଣ୍ଟାବାଞ୍ଜି/ମୁରିବାହଲ,୧୭ ।୧୧(ସମିସ):** ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକର ମାଲେସିରା, ହଳଦୀ, ଦେଶିଲ, ତେତଖୁନ୍ଟି, ସହ ବିଭିନ୍ନ ପଞ୍ଚାୟତରେ ଅନେକ ସମୟରେ ଅଦିନିଆ ବର୍ଷା ଏବଂ କୀଟପତଙ୍ଗ କପା ଚାଷ ନଷ୍ଟ କରି ଦେଇଥିବା ଚାଷୀମାନେ ଅଭିଯୋଗ କରିଛନ୍ତି। ଏହି ଅଞ୍ଚଳର ଚାଷୀମାନେ ଚଳିତ ବର୍ଷ କପା ଉତ୍ପାଦନ ଉପରେ ବହୁତ ଆଶା ରଖିଥିଲେ, ସେମାନେ ଏବେ ଗୁରୁତର କ୍ଷତିର ସମ୍ମୁଖୀନ ହେଉଛନ୍ତି। କାରଣ ସେମାନଙ୍କର କ୍ଷେତର ସମସ୍ତ କପା ନଷ୍ଟ ହୋଇଛି। ଦୀର୍ଘ ସମୟ ଧରି ବର୍ଷା ଯୋଗୁଁ କପା ଗଛ ପଚି ଏବଂ ଝଡ଼ି ଯାଇଛି। ଯାହା ଫଳରେ ଚାଷୀମାନେ ଅସୁବିଧାରେ ପଡ଼ିଛନ୍ତି। ଚାଷୀଙ୍କ କହିବା ଅନୁସାରେ ଆମେ ବିହନ, ସାର ଏବଂ କୀଟନାଶକରେ ପ୍ରଚୁର ନିବେଶ କରିଥିଲୁ। ଏବେ ସବୁକିଛି ସରିଗଲା। ସରକାର କ୍ଷତିପୂରଣ ସହିତ ପଦକ୍ଷେପ ନେବା ଉଚିତ।

ସ୍ଥାନୀୟ ଚାଷୀ ସଂଗଠନଗୁଡ଼ିକ ଜିଲ୍ଲା ପ୍ରଶାସନ ଏବଂ ଓଡ଼ିଶା ସରକାରଙ୍କୁ ଫସଲ କ୍ଷତିର ଆକଳନ କରିବା ଏବଂ ପ୍ରଭାବିତ ଚାଷୀମାନଙ୍କୁ ତୁରନ୍ତ ଆର୍ଥିକ ସହାୟତା ପ୍ରଦାନ କରିବାକୁ ଅନୁରୋଧ କରିଛନ୍ତି।

## ପୁଇଁନ୍ତଲାରେ ଶିଶୁ ମହୋତ୍ସବ ସୁରଭି




**ବଲାଙ୍ଗିର,୧୭ ।୧୧(ସମିସ):** ବଲାଙ୍ଗିର ଜିଲ୍ଲାର ପୁଇଁନ୍ତଲା ବ୍ଲକ୍‌ସ୍ଥିତ ଭାଲେର ଗ୍ରାମ ଖେଳପଡ଼ିଆ ପରିସରରେ ୱାଇସିଡିଏ ପକ୍ଷରୁ ପତାଙ୍ଗୀ-୨୦୨୫ ଶିଶୁ ମହୋତ୍ସବ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ୩୦୦ରୁ ଊର୍ଦ୍ଧ୍ୱ ଶିଶୁ ଅଂଶଗ୍ରହଣ କରିଥିଲେ। ଉଦ୍‌ଘାଟନୀ ଉତ୍ସବରେ ଗୋଷ୍ଠୀ ଶିକ୍ଷାଧିକାରୀ ରତ୍ନାମୟୀ ପୁରୋହିତ, ଶିଶୁ ବିକାଶ ଏବଂ ପ୍ରକଳ୍ପ ଅଧିକାରୀ ସୁଷମା ତ୍ରିପାଠୀ, ଆଇଆଇସି. ଅନିତା ପ୍ରଧାନ, ଭାଲେର ସରପଞ୍ଚ ପ୍ରଦୀପ ନନ୍ଦ, ୱାଇସିଡିଏ ପରିଚାଳନା କମିଟି ସଦସ୍ୟ ସୁରେଖା ମେହେର, ପ୍ରୋଗ୍ରାମ ମେନେଜର ରୁପମ ମହାପାତ୍ର ଏବଂ ଶିଶୁ ନେତା ଟଇଙ୍କିଲ ଏବଂ ସମ୍ବିତ ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଉତ୍ସବର ମୁଖ୍ୟ ଅତିଥି ଭାବେ ଗୋଷ୍ଠୀ ଶିକ୍ଷାଧିକାରୀ ରତ୍ନମୟୀ ପୁରୋହିତ ଯୋଗଦେଇ ଶିଶୁମାନଙ୍କୁ ପ୍ରେରଣା ଦେବା ସହ ସେମାନଙ୍କ ଭବିଷ୍ୟତ ଗଠନରେ ସମାଜର ସାମୁହିକ ଉଦ୍ୟମର ଆହ୍ୱାନ କରିଥିଲେ। ଗ୍ରାମାଞ୍ଚଳରୁ ଆସିଥିବା ଶିଶୁମାନଙ୍କ ଅନ୍ତର୍ନିହିତ ପ୍ରତିଭାକୁ ମଞ୍ଚ ଦେବା ପାଇଁ ବିଭିନ୍ନ ପ୍ରତିଯୋଗିତାର ଆୟୋଜନ ହୋଇଥିଲା। ବିଜେତା ଶିଶୁମାନଙ୍କୁ ମୁଖ୍ୟ ଅତିଥିମାନଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଛି। ଉଦ୍‌ଯାପନୀ ସମାରୋହରେ ସହକାରୀ ଜିଲ୍ଲାପାଳ ଡ. ଅନୁପମା ପ୍ରଧାନ ଏବଂ ଜିଲ୍ଲା ଶିକ୍ଷାଧିକାରୀ ପ୍ରଦୀପ କୁମାର ନାଗ କାର୍ଯ୍ୟକ୍ରମ ରେ ମୁଖ୍ୟ ଅତିଥି ଭାବରେ ଯୋଗଦାନ କରିଥିଲେ। ୱାଇସିଡିଏ ପ୍ରୋଗ୍ରାମ ସୁବ୍ରତା ଜେନା ଓ ଜ୍ୟୋତି କୁମାର ରଥ ଶିଶୁଙ୍କୁ ପ୍ରେରଣା ଦେଇଥିଲେ। ଜିଲ୍ଲା ସଂଯୋଜିକା ଆନନ୍ଦିନି ରଥ ଓ ପ୍ରୋଗ୍ରାମ ମ୍ୟାନେଜର ଗଣେଶ କୁମାର ପ୍ରଧାନ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ୱାଇସିଡିଏ କର୍ମକର୍ତ୍ତା ଏବଂ ପୁଇଁନ୍ତଲା ବ୍ଲକର ପୁଲିସ ବିଭାଗ, ଅଗ୍ନିସମ ବିଭାଗ, ସ୍ୱାସ୍ଥ୍ୟବିଭାଗ, ଶିଶୁମାନେ, ଶିକ୍ଷକ, ଅଭିଭାବକ ଏବଂ ପିତାମାତାଙ୍କ ପ୍ରଚେଷ୍ଟାରେ ସଫଳ ହୋଇଥିଲା। ନିକିତା ଦାଶ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

## 'ସୁରଭି'ରେ ଦମୟନ୍ତୀଙ୍କ କୃତିତ୍ୱ



**ବଲାଙ୍ଗିର,୧୭ ।୧୧(ସମିସ):** ବଲାଙ୍ଗିର ପୌରାଞ୍ଚଳ ଗାନ୍ଧୀନଗରପଡ଼ାସ୍ଥିତ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ନବମ ଶ୍ରେଣୀ ଛାତ୍ରୀ ଦମୟନ୍ତୀ ଖୁଆସ ସୁରଭି ୨୦୨୫ କାର୍ଯ୍ୟକ୍ରମରେ ବକ୍ତୃତା ପ୍ରତିଯୋଗିତା ପ୍ରସଙ୍ଗ- କୃତିମ ବୁଦ୍ଧିମତା ଶିକ୍ଷଣ ଶିକ୍ଷାଦାନରେ ଶିକ୍ଷକଙ୍କର ଭୂମିକା ନେଇ ପାରିବ କି? ଉପରେ ଜିଲ୍ଲାରେ ପ୍ରଥମ ଓ ରାଜ୍ୟସ୍ତରରେ ତୃତୀୟ ସ୍ଥାନ ହାସଲ କରିଛନ୍ତି। ହାଟପଦାପଡ଼ା ନିବାସୀ ସୁଦର୍ଶନ ଖୁଆସ ଓ ତରଙ୍ଗିନୀ ଖୁଆସଙ୍କ ସୁପୁତ୍ରୀ ଅଟନ୍ତି ଦମୟନ୍ତୀ। ଗାଇଡ଼ ଶିକ୍ଷକ ଭାବେ ଶିକ୍ଷୟିତ୍ରୀ ପ୍ରଜ୍ଞା ପରିମିତା ବଘାର ଏହି ରାଜ୍ୟସ୍ତରୀୟ ସୁରଭି ପ୍ରତିଯୋଗିତାରେ ଦମୟନ୍ତୀଙ୍କୁ ମାର୍ଗଦର୍ଶନ କରିଥିଲେ। ତାଙ୍କର ଏହି ସଫଳତା ପାଇଁ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ନୂତନ ନାୟକଙ୍କ ସମେତ ଅନ୍ୟାନ୍ୟ ଶିକ୍ଷକ, ଶିକ୍ଷୟିତ୍ରୀ ତଥା ଶିକ୍ଷା କର୍ମଚାରୀ ଶୁଭେଚ୍ଛା ଜଣେଇଛନ୍ତି।

## ଜିଲ୍ଲା ବ୍ରାହ୍ମଣ ମହାସଭାର ଶପଥଗ୍ରହଣ



**ବଲାଙ୍ଗିର,୧୭ ।୧୧(ସମିସ) :** ଜିଲ୍ଲା ବ୍ରାହ୍ମଣ ମହାସଭା ଶପଥ ଗ୍ରହଣ ସମାରୋହ ଶ୍ରୀନୃସିଂହ ମନ୍ଦିର ପରିସରରେ ପାଳିତ ହୋଇଥିଲା। ଏହି ଉତ୍ସବରେ ଅତିଥି ଭାବେ ନୂତନ ସଭାପତି ପ୍ରାଣବଲ୍ଲଭ ତ୍ରିପାଠୀ, ସମ୍ପାଦକ ନରେନ୍ଦ୍ର କୁମାର ଆଚାର୍ଯ୍ୟ, ଶ୍ରୀନୃସିଂହ ମନ୍ଦିର ମହନ୍ତ ବ୍ରଜମୋହନ ଶରଣଦେବ ମହାରାଜ, ଅଖିଳ ଓଡ଼ିଶା ବ୍ରାହ୍ମଣ ମହାସଭାର ସଭାପତି ମହନ୍ତ ପର୍ଶୁରାମ ଦାଶ ମହାରାଜ, ରାଜ୍ୟ ମହାସଚିବ ବ୍ରହ୍ମଚାରୀ ହରିଚରଣ ଦାଶ, ମୁଖ୍ୟ ଅତିଥି ଡ.ସତ୍ୟନାରାୟଣ ଆଚାର୍ଯ୍ୟ, ସମ୍ମାନିତ ଅତିଥି ଭାବେ ଡ. ଦୈତାରୀ ପୁଝାରୀ, ଡ.ଅଜିତ ଦାଶ, ଅଶୋକ ମିଶ୍ର, ପୂର୍ବତନ ଅଧ୍ୟାପକ ଦେବଗଡ ମହାବିଦ୍ୟାଳୟ ଉପସ୍ଥିତ ଥିଲେ। ସର୍ବ ଭାରତୀୟ ବ୍ରହ୍ମଣ ଫେଡେରେସନର ସଭାପତି ଡ.ଏଚ.ଡି.ଶର୍ମା ଭିଡିଓ କଲ ମାଧ୍ୟମରେ ଶୁଭେଚ୍ଛା ବାର୍ତ୍ତା ଜଣାଇଥିଲେ। ନୂତନ ଉପଦେଷ୍ଟା ଭାବେ ଜୟରାମ ମିଶ୍ର, ଶିବଶଙ୍କର ଖୁଆସ, ପର୍ଶୁରାମ ନାୟକ, ଲୋକନାଥ ନେପାକ ଓ ବସନ୍ତ କୁମାର ଆଚାର୍ଯ୍ୟ ରହିଥିଲେ। ନୂତନ ସଭାପତି ପ୍ରାଣ ବଲ୍ଲଭ ତ୍ରିପାଠୀ, ଉପସଭାପତି କିଶୋର କୁମାର ପୁରୋହିତ ଓ ରାଜଶ୍ରୀ ତ୍ରିପାଠୀ, ସମ୍ପାଦକ ନରେନ୍ଦ୍ର କୁମାର ଆଚାର୍ଯ୍ୟ, ସହ-ସଂପାଦକ ସଂକିର୍ତ୍ତନ ତ୍ରିପାଠୀ, କୋଷାଧ୍ୟକ୍ଷ ରାଜେନ୍ଦ୍ର ମିଶ୍ର, ସଂଗଠନ ସମ୍ପାଦକ ସୋମନାଥ ମିଶ୍ର, ନଗର ସଭାପତି ରାକେଶ ପଣ୍ଡା, ନଗର ସମ୍ପାଦକ ସର୍ଜନ ଆଚାର୍ଯ୍ୟ ଓ ଅଡିଟର ଭାବେ କୃପାସିନ୍ଧୁ ମିଶ୍ର ଏବଂ କାର୍ଯ୍ୟକାରୀ କମିଟିର ସଦସ୍ୟ/ ସଦସ୍ୟା ଭାବେ ଅଶୋକ ପାଣ୍ଡିଆ, ସୁଧୀର ଚାନ୍ଦ, ଶିବ ନାରାୟଣ ରଥ, ସନ୍ତୋଷ କୁମାର ତ୍ରିପାଠି, ଗିରିଶ ପଣ୍ଡା, ବିଘ୍ନରାଜ ମିଶ୍ର, ଜଗଦୀଶ ପ୍ରସାଦ ନାଥ, ଦିବାକର ହୋତା, ଇ. କିଶୋର ମୋହନ ମିଶ୍ର, ପଣ୍ଡିତ ସନ୍ତୋଷ ଶତପଥୀ ପ୍ରମୁଖଙ୍କ ଅନ୍ୟ ସଦସ୍ୟ ରହିଥିଲେ।

## ଲୋଇସିଂହା ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା



**ଲୋଇସିଂହା,୧୭ ।୧୧(ସମିସ) :** ବଲାଙ୍ଗିର ଜିଲ୍ଲା ଲୋଇସିଂହା କଲେଜ ଖେଳପଡ଼ିଆରେ ଲୋଇସିଂହା ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ସ୍ଥାନୀୟ ବିଧାୟକ ତଥା ସ୍ୱାସ୍ଥ୍ୟମନ୍ତ୍ରୀ ଡ.ମୁକେଶ ମହାଲିଙ୍ଗ ଯୋଗଦେଇ ଯୁବକମାନେ ଚାକିରି ପଛରେ ନ ଧାଇଁ ସ୍ୱାବଲମ୍ବୀ ହେବାକୁ ପରାମର୍ଶ ଦେଇଥିଲେ। ସେହିପରି ଲୋଇସିଂହା ବ୍ଲକ୍‌ରେ ଚିଙ୍ଗୁଡି ଚାଷ ଉପରେ ପ୍ରାଧାନ୍ୟ ଦେବାକୁ ବିଭାଗୀୟ ଅଧିକାରୀ ଓ ଚାଷୀଙ୍କୁ ପରାମର୍ଶ ଦେବା ସହିତ ଆଗାମୀ ଗୋଟିଏ ବର୍ଷରେ ନୂଆ ଉଦ୍ୟୋଗି ସୃଷ୍ଟି କରିବାକୁ ଉଭୟ ବିଭାଗର ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥୁଲେ। ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ସାରଦା ପ୍ରସାଦ ସିଂ ବରିହା ଅଧ୍ୟକ୍ଷତା କରିଥିବାବେଳେ ଏଥିରେ ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଅତିରିକ୍ତ ନିର୍ଦ୍ଦେଶକ ଦିଗାମ୍ବର ନାଏକ, ବିଡିଓ ଅକ୍ଷୟ ପାଣି ଉଜ୍ଜୁ, ତହସିଲଦାର ଟିକୁନୁ ପୁଟା, ସରପଞ୍ଚ ନବକିଶୋର ନାଏକ, ସାଂସଦ ପ୍ରତିନିଧି ବାଳକୃଷ୍ଣ ଧରୁଆ, ଜିଲ୍ଲା ମତ୍ସ୍ୟ ବିଭାଗ ଅଧିକାରୀ ପ୍ରଫୁଲ୍ଲ କହଁର, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ମହୋନ ମାନିଆ ପ୍ରମୁଖ ଉପସ୍ଥିତ ରହିଥିଲେ। ଅତିଥି ପରିଚୟ ପ୍ରଦାନ କରିଥିଲେ ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଅନନ୍ଦ ସାଗର ସେଠ। ଅନ୍ୟବାଦ ଦେଇଥିଲେ ପ୍ରଣମିତା ମଲ୍ଲିକ।

## ମୁରିବାହାଲ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ



**ମୁରିବାହାଲ,୧୭ ।୧୧(ସମିସ) :** ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ ଗୋପବନ୍ଧୁ ଯୁବକ ସଂଘ ଠାରେ ପାଳିତ ହୋଇଯାଇଛି। ମୁରିବାହାଲ ବ୍ଲକ୍ ସାମ୍ବାଦିକ ସଙ୍ଘ ସଭାପତି ସୁବ୍ରତ ମହାକୁର ସଭାପତିତ୍ୱରେ ମୁଖ୍ୟ ଅତିଥି ରୂପେ ବରିଷ୍ଠ ସାମ୍ବାଦିକ ଡ଼ ଭଗବାନ ମହାନ୍ତି, ସ୍ୱତନ୍ତ୍ର ଅତିଥି ଭାବେ ବିଜେପି ସଭାପତି ତଥା ବରିଷ୍ଠ ସାମ୍ବାଦିକ ଶ୍ରୀବତ୍ସ ବେହେରା, ମୁଖ୍ୟବକ୍ତା ଶାନ୍ତରାମ ପଧାନ, ଶିକ୍ଷାବିତ୍ତ ଭଗତ ନାଗ, ତରଣୀସେନ ଦୀପ, କ୍ରୀଡ଼ାବିତ ଶ୍ରୀପତି ଷାଣ୍ଢ, ସ୍ୱେଚ୍ଛାସେବୀ ଯୁଧିଷ୍ଠିର ବଘାର ପ୍ରମୁଖ ମଞ୍ଚାସିନ ଥିଲେ।

ଅଗ୍ନିଶମ ବିଭାଗ ଓଆଇସି ଶ୍ରୀକାନ୍ତ ସେଠ, ମୁରିବାହାଲ ବିକାଶ ମଞ୍ଚ ସଭାପତି ଫାଲ୍‌ଗୁନୀ ହାତୀ, ମୁରିବାହାଲ ରାମଲୀଳା କମିଟି ର ଘାସିରାମ ସେଠ ଓ ଗୋପବନ୍ଧୁ ଯୁବକ ସଙ୍ଘର ସଦସ୍ୟ ଯଦୁପତି ଅଗସ୍ତିଙ୍କୁ ସଙ୍ଘ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ସାମ୍ବାଦିକ ଟୁନା ବାବା ମଞ୍ଚ ପରିଚାଳନା କରିଥିବା ବେଳେ ସାମ୍ବାଦିକ ଅବିନାଶ ଭୋଇ, ଉଦ୍ଧବ ଦାଶ, ଦେବବ୍ରତ ବିଶି, ମନୋଜ ସାହୁ, କେଦାର ବଡ଼ଜେନା, ପ୍ରଶାନ୍ତ ମାହାର, ସଞ୍ଜୟ ବାଗ, ତ୍ରିଲୋଚନ ବାଗ, ଅନନ୍ତ ପ୍ରଧାନ, ନିରାକାର ବଘାର, ଉମାକାନ୍ତ କର୍ମୀ ପ୍ରମୁଖ ଉପସ୍ଥିତ ଥିଲେ। ବରିଷ୍ଠ ସାମ୍ବାଦିକ ନାରାୟଣ ସାହୁ ଧନ୍ୟବାଦ ଦେଇଥିଲେ।

## ଖପ୍ରାଖୋଲରେ ଜାତୀୟ ପ୍ରେସ୍ ଦିବସ




**ଖପ୍ରାଖୋଲ,୧୭ ।୧୧(ସମିସ):** ବଲାଙ୍ଗିର ଜିଲ୍ଲା ଅଧୀନ ଖପ୍ରାଖୋଲ ସ୍ଥାନୀୟ ଥାନା ଅଭ୍ୟର୍ଥନା କକ୍ଷରେ ଖପ୍ରାଖୋଲ ବ୍ଲକ୍ ସାମ୍ବାଦିକ ସଂଘର ଅନୁକୂଲ୍ୟରେ ଜାତୀୟ ପ୍ରେସ୍ ଦିବସ ବରିଷ୍ଠ ସାମ୍ବାଦିକ ଡ. ଅଭୟ ତ୍ରିପାଠୀଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଖପ୍ରାଖୋଲ ତହସିଲଦାର ସତ୍ୟସୁନ୍ଦର ରାଉତରାୟ, ସମ୍ମାନିତ ଅତିଥି ଭାବେ ଉପମୁଖ୍ୟମନ୍ତ୍ରୀଙ୍କ ବ୍ଲକ ପ୍ରତିନିଧି ପଦ୍ମ କୁମାର ସିଂ ବରିହା, ଖପ୍ରାଖୋଲ ଥାନା ଅଧିକାରୀ ନରେନ୍ଦ୍ର ଛାତ୍ର, ଲାଠୋର ଥାନା ଅଧିକାରୀ ରମାକାନ୍ତ ସାହୁ, ଏସିଏଫ୍ ତଥା ହରିଶଙ୍କର ବନାଞ୍ଚଳ ଅଧିକାରୀ ଅରବିନ୍ଦ ନାଏକ, ହରିଶଙ୍କର ଉଚ୍ଚ ମାଧମିକ ବିଦ୍ୟାଳୟର ଅଧକ୍ଷ ବଳଭଦ୍ର ଦାଶ ଯୋଗ ଦେଇଥିଲେ। ଏହି ଅବସରରେ ବରିଷ୍ଠ ସାମ୍ବାଦିକ ନରେନ୍ଦ୍ର ଭୋଇ, ଉମାକାନ୍ତ ପଧାନ, ବିହାରୀ ପଧାନ, ସଦାନନ୍ଦ ବେହେରାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଜ୍ୟୋତିରଞ୍ଜନ ପଣ୍ଡା, ସରୋଜ ମିଶ୍ର, ପାର୍ଥବ ଭୁଏ, ଗୋପାଳ ସାହୁ, ସରୋଜ ସାହୁ, ହେମସାଗର ସାହୁ, ବସନ୍ତ ମେହେର ପ୍ରମୁଖ ଉପସ୍ଥିତ ଥିଲେ। ବରିଷ୍ଠ ସଦସ୍ୟ ବିମଳ ରଞ୍ଜନ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

ବ୍ଲାକସ୍ପଟ୍ ସାଜିଛି ପୋଖରୀ

## ରାସ୍ତାକଡ଼ ପୋଖରୀକୁ ପଶିଗଲା ଟ୍ରକ୍

● ପୂର୍ବରୁ କାର୍ ପଶି ଜଣକର ମୃତ୍ୟୁ ଘଟିଥିଲା
● ସୁରକ୍ଷା ଦେଇପାରୁନି ସୁରକ୍ଷା ବାଡ଼



**ବଲାଙ୍ଗିର,୧୭ ।୧୧(ସମିସ)**


ଦୁର୍ଘଟଣାର ବ୍ଲାକସ୍ପଟ ସାଜିଛି ପୋଖରୀ। ୨୬ ନଂ ଜାତୀୟ ରାଜପଥ ବରଗଡ଼ - ବଲାଙ୍ଗିର ଜାମସର ଛକ ନିକଟରେ ଥିବା ଏହି ପୋଖରୀ ଠିକ ରାସ୍ତାକୁ ଲାଗିରହିଥିବା ବେଳେ ବିଭିନ୍ନ ସମୟରେ ଗାଡ଼ି ପୋଖରୀକୁ ପଶି ଦୁର୍ଘଟଣାଗ୍ରସ୍ତ ହେଉଥିବା ଦେଖିବାକୁ ମିଳିଛି। ସୋମବାର ଏହି ପୋଖରୀ ଭିତରକୁ ପଶି ଏକ ମାଲ ବୋଝେଇ ଟ୍ରକ ଦୁର୍ଘଟଣାଗ୍ରସ୍ତ ହୋଇଥିବା ବେଳେ ବହୁ ଉଦ୍ୟମ ସତ୍ତ୍ୱେ ତାକୁ ବାହାର କରାଯାଇପାରିନାହିଁ। ପୂର୍ବରୁ ମଧ୍ୟ ଏହି ପୋଖରୀରେ ଦୁର୍ଘଟଣା ଘଟିସାରିଛି।

ବଲାଙ୍ଗିର - ବରଗଡ଼ ୨୬ ନଂ ଜାତୀୟ ରାଜପଥ ବଲାଙ୍ଗିର ପହଞ୍ଚିବା ପୂର୍ବରୁ ରହିଛି ଜାମସର ଛକ। ଏହି ଛକ ନିକଟରେ ଏକ ପୋଖରୀ ରହିଛି। ଏହି ପୋଖରୀ ଟି ରାଜପଥକୁ ଲାଗି ରହିଥିବାବେଳେ ଅନେକ ସମୟରେ ଏହି ପୋଖରୀକୁ ଡ୍ରାଇଭରମାନେ ଠିକ ଭାବେ ଦେଖିପାରୁନଥିବାରୁ ଦୁର୍ଘଟଣାଗ୍ରସ୍ତ ହେଉଥିବା ଦେଖିବାକୁ ମିଳିଛି। ସୋମବାର ଭୋର୍ ସମୟରୁ ଏହି ପୋଖରୀକୁ ମାଲବୋଝେଇ ଟ୍ରକ ପଶିଯାଇ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ଦୁର୍ଘଟଣା ପରେ ଉକ୍ତ ଟ୍ରକ୍‌କୁ ପୋଖରୀରୁ ବାହାରକରିବା ପାଇଁ ହାଇଡ୍ରା ଗାଡ଼ି ଲଗାଇ ଚେଷ୍ଟା କରାଯାଇଥିଲେ ମଧ୍ୟ ସମ୍ଭବ ହୋଇପାରି ନ ଥିଲା। ଏହି ପୋଖରୀରେ ଏହି ପ୍ରଥମ ଦୁର୍ଘଟଣା ନୁହଁ। ପୂର୍ବରୁ ମଧ୍ୟ ଏହି ପୋଖରୀରେ ଦୁର୍ଘଟଣା ଯୋଗୁଁ ଜୀବନହାନି ହୋଇଛି। ଦୁଇବର୍ଷ ତଳେ ଏହି ପୋଖରୀକୁ ଏକ କାର୍ ପଶିଯାଇଥିଲା। ଉକ୍ତ କାର୍‌ରେ ଥିବା ଜଣେ ମହିଳାଙ୍କ ମୃତ୍ୟୁ ହୋଇଥିବାବେଳେ ସ୍ୱାମୀ ଜଣକ ଜୀବନ ବଞ୍ଚାଇବାରେ ସଫଳ ହୋଇଥିଲେ। ଉକ୍ତ ଦୁର୍ଘଟଣା ପୂର୍ବରୁ ବଲାଙ୍ଗିର ପଟୁ ଅସୁଥିବା ଏକ ବୋଲେରୋ ମଧ୍ୟ ପୋଖରୀ ଭିତରକୁ ପଶି ଯାଇଥିଲା।

ସୌଭାଗ୍ୟକ୍ରମେ ଡ୍ରାଇଭର ଜଣକ ବଞ୍ଚି ଯାଇଥିଲେ। ତେବେ କିଛି ମାସ ତଳେ ଜାତୀୟ ରାଜପଥ ପକ୍ଷରୁ ପୋଖରୀ ହିଡ଼ରେ ଏକ ସୁରକ୍ଷା ବାଡ଼ର ବ୍ୟବହାର କରାଯାଇଥିଲା ସତ କିନ୍ତୁ ତାହା କେତେ ସୁରକ୍ଷିତ ତାହା ଦୁର୍ଘଟଣା ପରେ ସ୍ପଷ୍ଟ ହୋଇଛି। ତେବେ ଅନେକ ସମୟରେ ଲୋକେ ଏହି ପୋଖରୀ ଯୋଗୁଁ ଦୁର୍ଘଟଣାଗ୍ରସ୍ତ ହେଉଥିବା ବେଳେ ପୋଖରୀ ହୁଡ଼ାରେ ସିମେଣ୍ଟଣ୍ଟ ବାଡ଼ଦେଇ ବନ୍ଦ କରିବା ପାଇଁ ଦାବି ହୋଇଛି।



# ସମ୍ପାଦକୀୟ



ପ୍ରକୃତି-ମଣିଷ ମଧ୍ୟରେ ନୈସର୍ଗିକ ସମ୍ପର୍କର ପୁନଃପ୍ରତିଷ୍ଠା ଦ୍ୱାରା ବିଶ୍ୱର ପ୍ରମୁଖ ସମସ୍ୟାର ସମାଧାନ ସମ୍ଭବ।

-ସୁନ୍ଦରଲାଲ୍ ବହୁଗୁଣା

ସକାଳ
THE SAKALA

## ସମବାୟକୁ ସୁଯୋଗ

ଇଣ୍ଟରନେଟ୍‌ରେ କାରବାର ବା ବ୍ୟବସାୟ ଉପରେ ନିର୍ଭରଶୀଳତା ଦିନକୁ ଦିନ ବୃଦ୍ଧି ପାଉଛି। ପାରମ୍ପରିକ ବଜାର ଉପରେ ତାହାର ପ୍ରତିକୂଳ ପ୍ରଭାବ ପଡୁଛି। ଆମାଜନ ଓ ଫ୍ଲିପକାର୍ଟ ଭଳି କମ୍ପାନୀର ପ୍ରାଧାନ୍ୟ କବଳରୁ ଆମଦେଶର ଆଭ୍ୟନ୍ତରୀଣ ବଜାରକୁ ସୁରକ୍ଷା ଦେବା ସକାଶେ ବାଣିଜ୍ୟ ମନ୍ତ୍ରାଳୟ ପକ୍ଷରୁ ଓଏନଡିସି ନାମରେ ଡିଜିଟାଲ ମାର୍କେଟିଂ ପାଇଁ ପ୍ରୟାସ କରାଯାଇଥିଲା। କିନ୍ତୁ ଗତ ୩ ବର୍ଷ ମଧ୍ୟରେ ତାହା ଆଶାନୁରୂପ ଅଗ୍ରଗତି ଲାଭ କରିପାରିନାହିଁ। ତେଣୁ ସମବାୟ ଭିତ୍ତିରେ ପ୍ରସ୍ତୁତ ସାମଗ୍ରୀର ବିପଣନ ଓ ବଜାର ସୃଷ୍ଟି କରିବାରେ ଓଏନଡିସି ସହାୟତାର ହାତ ବଢ଼ାଇବ। ସମବାୟ ମନ୍ତ୍ରାଳୟ ସହ ଏନେଇ ଆରମ୍ଭ ହୋଇଥିବା କଥାବାର୍ତ୍ତା ବେଶ ଅଗ୍ରଗତି ଲାଭ କରିଥିବାରୁ ଗ୍ରାମୀଣ ସ୍ତରରେ ବିଭିନ୍ନ ସାମଗ୍ରୀ ଉତ୍ପାଦନ କରୁଥିବା କାରିଗର ଓ ହସ୍ତଶିଳ୍ପୀ ଏକ ବୃହତ୍ତର ବଜାର ମାଧ୍ୟମରେ ସ୍ୱାଭାବିକ ଭାବେ ଲାଭବାନ ହେବେ ବୋଲି ଆମେ ଆଶା କରିବା। ବିଭିନ୍ନ ସମବାୟ ଗୋଷ୍ଠୀର ବିକ୍ରି ଖରିଦ ବ୍ୟବସ୍ଥା ଓଏନଡିସିର ତାଲିକାଭୁକ୍ତ ହେବାକୁ ପଡ଼ିବ। ଆର୍ଥିକ ଦୃଷ୍ଟିରୁ ଦୁରବସ୍ଥାରେ ଥିବା ଦୁଇ ସଂଗଠନ ଏବେ ହାତ ମିଳାଇ ସମୃଦ୍ଧି ଓ ସମ୍ଭାବନାର ସ୍ୱପ୍ନ ଦେଖିବା ଆରମ୍ଭ କରିଛନ୍ତି। କିନ୍ତୁ ଏହି ମିଳିତ ପ୍ରୟାସ ଆମାଜନ ଓ ଫ୍ଲିପକାର୍ଟ ସଂସ୍ଥାର କେତେଦୂର ସମକକ୍ଷ ହୋଇପାରିବେ ତାହା ବଡ଼ ପ୍ରଶ୍ନ।

ସରକାରଙ୍କ ପ୍ରୋତ୍ସାହନ ସତ୍ତ୍ୱେ ଓଏନଡିସି ଉପଭୋକ୍ତା ବା ଖରିଦାରଙ୍କ ବିଶ୍ୱାସଭାଜନ ହୋଇପାରି ନଥିଲା। ଏବେ ସମବାୟ ସମିତି ମାଧ୍ୟମରେ ଉତ୍ପାଦିତ ସାମଗ୍ରୀ ପାଇଁ ବଜାରର ଆସ୍ଥାଭାଜନ ହେବା ଓଏନଡିସି ପାଇଁ ଏକ ସୁଯୋଗ। କାରଣ ଆମାଜନ ଓ ଫ୍ଲିପକାର୍ଟ ଭଳି ସଂସ୍ଥା ଏପର୍ଯ୍ୟନ୍ତ ଗ୍ରାମାଞ୍ଚଳରେ ଏହି ଉତ୍ପାଦନ କ୍ଷେତ୍ର ପ୍ରତି ଯଥୋଚିତ ଗୁରୁତ୍ୱ ଦେଇପାରିନାହାନ୍ତି। ଉପଭୋକ୍ତା ବଜାରରେ ସେସବୁର ଚାହିଦା ଏବେ ମଧ୍ୟ ରହିଛି। ଅନ୍ୟ ଏକ ଦିଗ ହେଉଛି ରିଜର୍ଭବ୍ୟାଙ୍କ ସମବାୟ ବ୍ୟାଙ୍କର ଅଂଶଧନ ପୁଞ୍ଜିବଜାରରେ ବିନିଯୋଗ ବା ବ୍ୟବସାୟ ପାଇଁ ସୁଯୋଗ ସୃଷ୍ଟି କରିବାର ସୂଚନା ଦେଇଛନ୍ତି। ଏଥିଲାଗି ପ୍ରସ୍ତୁତ ଚିଠା ନୀତି ଓ ନିୟମ ପ୍ରସ୍ତୁତ କରିଛନ୍ତି। ଏହା ଚଳିତ ଆର୍ଥିକ ବର୍ଷର ଶେଷଭାଗରେ ଚୂଡ଼ାନ୍ତ ରୂପ ନେବ। ଏଥିମଧ୍ୟରେ ବିଭିନ୍ନ ସମବାୟ ବ୍ୟାଙ୍କ ଓ ଅର୍ବାନ କୋ ଅପରେଟିଭ ବ୍ୟାଙ୍କର ଶୀର୍ଷ ସଂଗଠନ ଏନୟୁସିଏଫଡିସ ପକ୍ଷରୁ ରିଜର୍ଭବ୍ୟାଙ୍କର ଏହି ପ୍ରସ୍ତାବ ସଂପର୍କରେ ଅନୁକୂଳ ମତାମତ ମିଳିଛି। ଏହା ବ୍ୟାଙ୍କର ପୁଞ୍ଜି ଅଭିବୃଦ୍ଧି ଏବଂ ଅନାଦେୟ ପୁଞ୍ଜି ସମସ୍ୟା ସମାଧାନରେ ସହାୟକ ହେବ। ଏମିତିରେ ଦେଖିବାକୁ ଗଲେ ସମବାୟ ବ୍ୟାଙ୍କଗୁଡ଼ିକୁ ସଦସ୍ୟଙ୍କ ଅନୁଦାନ ଓ ଜମାରାଶି ଉପରେ ନିର୍ଭର କରିବାକୁ ପଡୁଛି। ସ୍ଥଳ ବିଶେଷରେ ଏବିଏଫସି କିମ୍ବା ଅନ୍ୟବ୍ୟାଙ୍କରୁ ଋଣ କରିବାର ବାଧ୍ୟବାଧକତା ରହିଛି। ତେବେ କମ୍ପାନୀ ଆଇନ କିମ୍ବା ସେବିର ପରିସରଭୁକ୍ତ ହୋଇନଥିବାରୁ ଏକ୍ଷେତ୍ରରେ ଥିବା ପ୍ରତିବନ୍ଧକ କିପରି ଦୂର ହୋଇପାରିବ ସେନେଇ ଚିଠା ପ୍ରସ୍ତାବରେ ବ୍ୟବସ୍ଥା ରହିଛି। ଏଥିମଧ୍ୟରେ ଏନୟୁସିଏଫ୍‌ଡିସି ନିଜସ୍ୱ ନିୟାମକ ସଂଗଠନ ଯୋଗ୍ୟତା ହାସଲ କରିବାକୁ ଯାଉଥିବାରୁ ତଥାକଥିତ ପ୍ରତିବନ୍ଧକ ଦୂର ହେବ ବୋଲି ଆଶାକରୁ। ସମବାୟ ସଂସ୍ଥାର ଦୁର୍ନୀତି ଓ ଦୁର୍ନାମ ସର୍ବଜନବିଦିତ। ତେବେ ସଂସ୍ଥାକୁ ଆଗାମୀ ଦିନରେ ସକ୍ଷମ ଓ ସମୃଦ୍ଧ କରିବା ପାଇଁ ହେଉଥିବା ପ୍ରଚେଷ୍ଟା ସ୍ୱାଗତଯୋଗ୍ୟ।

## ବାଲିଯାତ୍ରା ବ୍ୟବଚ୍ଛେଦ

ଐତିହ୍ୟ ପରମ୍ପରା ଓ ପ୍ରସିଦ୍ଧି ଦୃଷ୍ଟିରୁ କଟକ ବାଲିଯାତ୍ରା ଅନନ୍ୟ। ଏହି ଉତ୍ସବର ଆୟୋଜନ, ପ୍ରାୟୋଜନ ଓ ପରିଚାଳନା ମୁଖ୍ୟତଃ ସିଏମସି ତୁଲାଇ ଆସିଛି। ପ୍ରଥମଥର ସକାଶେ ସିଏମସିକୁ ବାଦ ଦେଇ ଜିଲ୍ଲା ପ୍ରଶାସନ ହିଁ ସର୍ବେସର୍ବା ହୋଇଛି। ଏଠାରେ ଆମେ ମୁଖ୍ୟତଃ ଦୁଇଟି ପ୍ରସଙ୍ଗ ଉତ୍‌ଥାପନ କରିବାକୁ ଚାହୁଁ। ଆରମ୍ଭରୁ ବାଲିଯାତ୍ରା ଉପରପଡ଼ିଆରେ ସୀମିତ ଥିଲା। ଗଡ଼ଗଡ଼େଶ୍ୱର ମନ୍ଦିର ଚତୁଃପାର୍ଶ୍ୱରେ ହିଁ ଯାତ୍ରା ସକାଶେ ଉତ୍ସବ ମୁଖର ହୋଇପଡ଼େ। ସମୟକ୍ରମେ ମହାନଦୀ ସଂକୁଚିତ ହେବା ସହ କୂଳ ଦୂରକୁ ଘୁଞ୍ଚିଯିବାରୁ ସୃଷ୍ଟି ହୋଇଥିବା ନୂଆ ବାଲୁକା ପଠାକୁ ସଂପ୍ରସାରିତ ହୋଇଥିଲା ବାଲିଯାତ୍ରା। କିନ୍ତୁ ଏହା ଅର୍ଥ ନୁହେଁ ଉପର ପଡ଼ିଆ ଗୁରୁତ୍ୱ ହରାଇଛି। ଜିଲ୍ଲା ପ୍ରଶାସନ ଓ ସିଏମସି ମଧ୍ୟରେ ବିବାଦର ସୂତ୍ରପାତ ହୋଇଥିଲା ଉପର ପଡ଼ିଆକୁ ନେଇ। ସମସ୍ତଙ୍କ ଦାବିକୁ ଏଡ଼ାଇ ଯାଇ ଜିଲ୍ଲାପ୍ରଶାସନ ଉପର ପଡ଼ିଆକୁ ବାଲିଯାତ୍ରାକୁ ଏକପ୍ରକାର ବାଦ ଦେଲେ। ଏହି ପ୍ରତିବାଦ ଓ ପ୍ରତିରୋଧ ଜିଲ୍ଲା ପ୍ରଶାସନ ପାଇଁ ଅସହଣୀୟ ହୋଇଗଲା ଏବଂ ଉଦ୍ଦେଶ୍ୟମୂଳକ ଭାବେ କେବଳ ସିଏମସିକୁ ନୁହେଁ ସହରର ପ୍ରଥମ ନାଗରିକ ମେୟରଙ୍କୁ ଅଣଦେଖା ଓ ଅସମ୍ମାନ କରାଗଲା। ଏପରିକି ଉଦ୍‌ଯାପନ ଉତ୍ସବ ନିମନ୍ତ୍ରଣପତ୍ରରେ ମଧ୍ୟ ତାଙ୍କ ନାମ ସ୍ଥାନ ପାଇଲା ନାହିଁ। ଲୋକପ୍ରତିନିଧି ଯେଉଁ ଦଳର ହୁଅନ୍ତୁ ନା କାହିଁକି ତାଙ୍କୁ ପ୍ରଶାସନ ଅମର୍ଯ୍ୟାଦା ବା ଅସମ୍ମାନ କରିପାରିବ ନାହିଁ।

ବାଲିଯାତ୍ରାର ବ୍ୟବଚ୍ଛେଦ କଲାବେଳେ ମେୟର ଓ ପୁଲିସି ଡିଜିଙ୍କ ପ୍ରତିକ୍ରିୟା ସ୍ୱତନ୍ତ୍ର ଉଲ୍ଲେଖ ଦାବି କରେ। ୨୦୨୪ ମସିହାରୁ ଉପର ପଡ଼ିଆରେ ବାଲିଯାତ୍ରା ଆୟୋଜନକୁ ବିରୋଧ କରି ଆସିଥିବା ଜିଲ୍ଲାପାଳ ଏଥର ସମସ୍ତ ଦାୟିତ୍ୱ ହାତକୁ ନେଇ ତାଙ୍କ ଉଦ୍ଦେଶ୍ୟକୁ ସାକାର କରିଛନ୍ତି। ସହରର ଛୋଟମୋଟ ବେପାରୀଙ୍କ ପେଟକୁ ନାତ ମାରିଛନ୍ତି। କଟକରେ ଆୟୋଜିତ ଏକ ଉତ୍ସବରେ ଯୋଗଦେଇ ପୁଲିସ ଡିଜି ୱାଇ. ବି.ଖୁରାନିଆ କହିଛନ୍ତି ଯେ ପର୍ବପର୍ବାଣି ଓ ଯାତ୍ରା ସମୟରେ ମେଗାଷ୍ଟାରମାନଙ୍କୁ ଡାକିବା କଥା କି ନୁହେଁ ସେ ସଂପର୍କରେ ଆୟୋଜକମାନେ ବହୁ ଭାବିଛନ୍ତି ବିଚାର କରିବାର ଅଛି। ବାଲିଯାତ୍ରା ଉତ୍ସବର ପରିବର୍ଦ୍ଧିତ ଦିବସରେ ଦେଶର ସବୁଠାରୁ ଲୋକପ୍ରିୟ ଗାୟିକା ଶ୍ରେୟା ଘୋଷାଲଙ୍କୁ ମନୋରଞ୍ଜନ କାର୍ଯ୍ୟକ୍ରମ ପରିବେଷଣ ପାଇଁ ଆମନ୍ତ୍ରଣ କରାଯାଇଥିଲା। ତେଣୁ ଅନିୟନ୍ତ୍ରିତ ଓ ଅସମ୍ଭାଳ ଭିଡ଼କୁ ସମ୍ଭାଳିବା ସକାଶେ ପୁଲିସ ନାକେଦମ ହୋଇଯାଇଥିଲା। ଶୃଙ୍ଖଳାରକ୍ଷା ସକାଶେ ପୁଲିସକୁ ମଧ୍ୟ କିଛି କଠୋର ପଦକ୍ଷେପ ଗ୍ରହଣ କରିବାକୁ ପଡ଼ିଥିଲା। ଏହା ସତ୍ତ୍ୱେ ବହୁ ଯାତ୍ରୀ ଆହତ ଓ ଚେତାଶୂନ୍ୟ ହୋଇପଡ଼ିଥିଲେ। ଜିଲ୍ଲା ପ୍ରଶାସନର ମନମାନି ଯୋଗୁଁ ନିୟନ୍ତ୍ରଣ ପାଇଥିବା ବହୁ ସମ୍ମାନିତ ବ୍ୟକ୍ତି ଆସନ ପାଇବାରୁ ବଞ୍ଚିତ ହୋଇଥିଲେ। ପୂର୍ବ ନିର୍ଦ୍ଧାରିତ ଓ ଘୋଷିତ ନାଟକ ପ୍ରଦର୍ଶନକୁ ମଧ୍ୟ ସୁଯୋଗ ମିଳିନଥିଲା। ସଫେଇ ପାଇଁ ୩୫ ଲକ୍ଷ ଟଙ୍କାରେ ଟେଣ୍ଡର ପାଇଥିବା ସଂସ୍ଥାର ଖାମଖିଆଲି ଯୋଗୁଁ ପଡ଼ିଆର ସବୁସ୍ଥାନରେ ପଡ଼ିରହିଛି କୁଢ଼ କୁଢ଼ ଆବର୍ଜନା। ଏସବୁ ଅବ୍ୟବସ୍ଥା ପାଇଁ ଆମେ କାହାକୁ ଦାୟୀ କରିବା! ଆମକୁ ପୁଣି ଥରେ କହିବାକୁ ପଡୁଛି ସରକାର ବା କ୍ଷମତା ବଦଳିପାରେ। କିନ୍ତୁ ବ୍ୟବସ୍ଥା ଅତୁଟ ରହିବା ଉଚିତ।

# କୃଷିକ୍ଷେତ୍ରରେ ଜୀବନାଶକ: ଏକ ଅନାହୂତ ଆବଶ୍ୟକତା

ବିଦ୍ୟାଧର ମହାରଣା

କୃଷି ପରିସଂସ୍ଥାରେ ଫସଲ ସହିତ ଅନିଷ୍ଟକ ଜୀବ ଓ ଉପକାରୀ ଜୀବ ସନ୍ତୁଳିତ ଅବସ୍ଥାରେ ରହନ୍ତି। ଆମେ ଯେତେବେଳେ ଅଧିକ ଅମଳ ଆଶାରେ ଅଧିକ ରାସାୟନିକ ସାର ବ୍ୟବହାର କରୁ ସେତେବେଳେ କୃଷି ପରିସଂସ୍ଥାରେ ଅସନ୍ତୁଳନ ଦେଖାଯାଇ ଫସଲରେ ଅଧିକ ଅନିଷ୍ଟକାରୀ ଜୀବ (ଘାସ, କୀଟ, କବକ, ବ୍ୟାକ୍ଟେରିଆ, ଭୂତାଣୁ) ଦେଖାଯାଆନ୍ତି। ସେମାନଙ୍କୁ ଦମନ କରିବାକୁ ଚାଷୀ ଅଧିକ ରାସାୟନିକ ବିଷ ପ୍ରୟୋଗ କରିବା ଫଳରେ ଅଧିକ ଖର୍ଚ୍ଚାନ୍ତ ହୁଏ ଏବଂ ପରିବେଶ ପ୍ରଦୂଷିତ ହୋଇ ମଣିଷ ଓ ପ୍ରାଣୀମାନଙ୍କ ସ୍ୱାସ୍ଥ୍ୟପ୍ରତି ବିପଦ ସୃଷ୍ଟି କରେ।

ସବୁଜବିପ୍ଳବ ପରେ ଏପରି ରାସାୟନିକ ବିଷଗୁଡ଼ିକର ବ୍ୟବହାର ଏକ ଅନାହୂତ ଆବଶ୍ୟକତା ହୋଇପଡ଼ିଛି। ଭାରତରେ 'କୀଟନାଶକ ଆଇନ୍ ୧୯୬୮' ଏବଂ 'କୀଟନାଶକ ନିୟମ ୧୯୭୩' ଏବେ ବି ପ୍ରଚଳିତ। ଏହାର ଉଦ୍ଦେଶ୍ୟ ଥିଲା ଫସଲରେ ଅନିଷ୍ଟକାରୀ ଜୀବ ନିୟନ୍ତ୍ରଣ ପାଇଁ ନିରାପଦ ରାସାୟନିକ ଦ୍ରବ୍ୟ ପ୍ରସ୍ତୁତ ଓ ବିକ୍ରୟ ମାଧ୍ୟମରେ ଉପଯୁକ୍ତ ମାନର କୀଟନାଶକ ଓ ରୋଗନାଶକ ଉଚିତ ମୂଲ୍ୟରେ ପଞ୍ଜୀକୃତ ବିକ୍ରେତାଙ୍କ ଦ୍ୱାରା ଚାଷୀଙ୍କୁ ଯୋଗାଇଦେବା। ଯୁଗ୍ମସଂସଦୀୟ କମିଟି ୪୬ ରିପୋର୍ଟ-୨୦୨୩ ଅନୁସାରେ ଭାରତରେ ବାର୍ଷିକ ପ୍ରାୟ ୫୦, ୦୦୦ କୋଟି ଟଙ୍କାର ଅନିଷ୍ଟକାରୀ ଜୀବନାଶକ କାରବାର ହୁଏ, ଯାହାମଧ୍ୟରୁ ତୃଣନାଶକ ୪୪%, କବକ ନାଶକ ୨୭%, କୀଟନାଶକ ୨୨% ଓ ଅନ୍ୟାନ୍ୟ ୭%। ସାରାବିଶ୍ୱରେ ବର୍ଷକୁ ପ୍ରାୟ ୪, ୫୦, ୦୦୦ କୋଟି ଟଙ୍କାର ଏପରି ରାସାୟନିକ ବିଷ କାରବାର ହୁଏ। ବିଶ୍ୱରେ ବର୍ଷରେ ୪୧, ୨୨, ୦୦୦ ଟନ୍ ମଧ୍ୟରୁ ଚୀନ ସବୁଠାରୁ ଅଧିକ ୧୭, ୬୩, ୦୦୦ ଟନ୍ ବିଷାକ୍ତ ଦ୍ରବ୍ୟ ବ୍ୟବହାର କରେ, ଯାହାକି ବିଶ୍ୱର ୪୩%। ଆମେରିକା ୧୦% ଓ ବ୍ରାଜିଲ ୯% ବ୍ୟବହାର କଲା ବେଳେ ଭାରତ ମାତ୍ର ୧% ବ୍ୟବହାର କରୁଛି। ଏହା ହେକ୍ଟର ପ୍ରତି ମାତ୍ର ୦.୫ କିଲୋଗ୍ରାମ। ଅନ୍ୟ କେତେକ ଦେଶ ହେକ୍ଟର ପ୍ରତି ୧୭ କିଲୋଗ୍ରାମ ପର୍ଯ୍ୟନ୍ତ କୀଟନାଶକ ବ୍ୟବହାର କରୁଛନ୍ତି। ସୁତରାଂ ଭାରତରେ ଅତିରିକ୍ତ କୀଟନାଶକ ବ୍ୟବହାର ହେଉଥିବା ଅଭିଯୋଗ ତଥ୍ୟ ଉପରେ ଆଧାରିତ ନୁହେଁ। ବରଂ ଯୁଗ୍ମ ସଂସଦୀୟ କମିଟି ଅଧିକ ଖାଦ୍ୟ ଉତ୍ପାଦନ ପାଇଁ ଜୀବନାଶକ ବ୍ୟବହାର ବୃଦ୍ଧି କରିବା ସହିତ ଅଧିକ ବିଷାକ୍ତ କୀଟନାଶକ ଧୀରେ ଧୀରେ ହ୍ରାସ କରି ଅଧିକ ଜୈବ କୀଟନାଶକ ବ୍ୟବହାର ଉପରେ ଗୁରୁତ୍ୱ ଦେଇଛନ୍ତି।

ଏବେ କିନ୍ତୁ ଭାରତରେ ଜୈବ କୀଟନାଶକ ବିକ୍ରି ମୋଟ ଜୀବନାଶକ ବିକ୍ରିର ମାତ୍ର ୪.୨%। ଭାରତରେ ଜୀବନାଶକ କମ୍ପାନୀ ମଧ୍ୟରେ ୟୁ.ପି.ଏଲ୍ ଲିମିଟେଡ, କରମଣ୍ଡଳ, ପି.ଆଇ.ଇଣ୍ଡଷ୍ଟ୍ରିଜ ଲିମିଟେଡ୍, ବାୟାର କ୍ରପ ସାଇନ୍ସ ଲିମିଟେଡ୍, ଧାନୁକା ଆଗ୍ରିଟେକ୍ ଓ ଏଫ.ଏମ. ସି କର୍ପୋରେସନ ଇତ୍ୟାଦି ପ୍ରଧାନ। ବିଦେଶୀ କମ୍ପାନୀ ହିସାବରେ ବାୟାର କ୍ରପ୍ ସାଇନ୍ସ, ବି.ଏ.ଏସ.ଏଫ, ସିନଜେଣ୍ଟା, କୋରଟେଭ ଆଗ୍ରି ସାଇନ୍ସ, ସୁମିଟୋମୋ କେମିକାଲସ ଇତ୍ୟାଦି ଭାରତରେ ଅଧିକ ସକ୍ରିୟ। କେବଳ ଦିଲ୍ଲୀରେ ୭୯ କୀଟନାଶକ ପ୍ରସ୍ତୁତକାରୀ ଅଛନ୍ତି। କିନ୍ତୁ କେତେକ କମ୍ପାନୀ ନକଲି କୀଟନାଶକ ବିକ୍ରୟ କରିବା ଯୋଗୁଁ ଫସଲରେ ରୋଗପୋକ ନିୟନ୍ତ୍ରିତ ହୋଇପାରୁନାହିଁ ଏବଂ ଏଥିଯୋଗୁଁ ଚାଷ ଅଧିକ କ୍ଷତିଗ୍ରସ୍ତ ହେଉଛି। ଋଣ ଶୁଝି ନପାରି କେତେକ କୃଷକ ଆତ୍ମହତ୍ୟା କରିବାର ଖବର ପ୍ରକାଶ ପାଉଛି। ମୋଟ ଜୀବନାଶକର ପ୍ରାୟ ୨୦-୩୦% ନକଲି ହେବାର ଜଣାଯାଉଛି, ଯାହାର ବଜାର ମୂଲ୍ୟ ୩୦୦୦-୩୫୦୦ କୋଟି ଟଙ୍କା ହୋଇପାରେ।

ନକଲି ଜୀବନାଶକ ବିକ୍ରି ହେବାର କାରଣଗୁଡ଼ିକ ହେଲା ଚାଷୀଙ୍କ ସଚେତନତା ଅଭାବ, ଯୋଗାଣ ଶୃଙ୍ଖଳା ଅବ୍ୟବସ୍ଥା, ନିୟମିତ ନମୁନା ପରୀକ୍ଷା ଅଭାବ, ପ୍ରସ୍ତୁତକାରୀ ଓ ଖୁଚୁରା ବ୍ୟବସାୟ ସ୍ଥାନରେ ଅପମିଶ୍ରଣ। ଏହାଯୋଗୁଁ ବର୍ଷକୁ ଦେଶରେ ୧୦ ନିୟୁତ ଟନ୍ ଖାଦ୍ୟଶସ୍ୟ ହାନି, ପରିବେଶ ପ୍ରଦୂଷଣ ଓ ଅର୍ଥନୈତିକ ପ୍ରଭାବ ଦେଖାଯାଏ। ନକଲି ଜୀବନାଶକ ନମୁନା ଯେତିକି ପରୀକ୍ଷା କରାଯାଉଛି, ତାହା କ୍ଷୁଦ୍ର ପ୍ରସ୍ତୁତକାରୀଙ୍କ ଠାରୁ ୨୪% ଓ ବଡ଼ କମ୍ପାନୀମାନଙ୍କରୁ ୧%। ଅପମିଶ୍ରିତ ଜୀବନାଶକ ଯୋଗୁଁ ମଣିଷ ଓ ପ୍ରାଣୀମାନଙ୍କ ସ୍ୱାସ୍ଥ୍ୟହାନି ମଧ୍ୟ ଘଟୁଛି। ଆଇନ୍ ଅନୁସାରେ ନିମ୍ନମାନର କୀଟନାଶକ ବିକ୍ରୟ କ୍ଷେତ୍ରରେ ପାଞ୍ଚ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ଓ ଦୁଇ ବର୍ଷ ପର୍ଯ୍ୟନ୍ତ ଜେଲ୍‌ଦଣ୍ଡ ବ୍ୟବସ୍ଥା ରହିଛି। ଅଧିକ ବିପଦପୂର୍ଣ୍ଣ କ୍ଷେତ୍ରରେ ୫୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହିତ ପାଞ୍ଚ ବର୍ଷ ଜେଲ୍ ଦଣ୍ଡାଦେଶ ହୋଇପାରେ। ଏହି କାରଣରୁ ନକଲି କୀଟନାଶକ କିପରି ଜାଣିବେ ସେ ବିଷୟରେ ଚାଷୀଙ୍କୁ ପ୍ରଶିକ୍ଷଣ ଦେବାର ଆବଶ୍ୟକତା ରହିଛି।

ଆମ ଦେଶରେ ୨୯୩ ଜୀବନାଶକ ବ୍ୟବହାର ପାଇଁ ପଞ୍ଜୀକୃତ ହୋଇଛି। ଏଥିରୁ ବିପଦପୂର୍ଣ୍ଣ ଭାବେ ପରିଗଣିତ ୧୩୦ ଜୀବନାଶକ ବିଭିନ୍ନ ଦେଶରେ ଅସିଦ୍ଧ ଘୋଷିତ ହେଲାଣି। ଭାରତ ସରକାର ମଧ୍ୟ ୨୮ ଗୋଟିର ପ୍ରସ୍ତୁତି ଓ ବିକ୍ରୟ ପାଇଁ, ୪ଟିର ଆମଦାନୀ ଓ ପ୍ରସ୍ତୁତ ପାଇଁ ଏବଂ ଦୁଇଟିକୁ ରପ୍ତାନୀ କରିବା ପାଇଁ ଅସିଦ୍ଧ କରିଛନ୍ତି। ମନୋକ୍ରୋଟୋଫସ, କାର୍ବୋଫୁରାନ, ମେଥୋମିଲ, ଟ୍ରାଇଜାଫସ, ଡାଇକ୍ଲୋରୋଭସ, ଏଣ୍ଡୋସଲଫାନ, ଡି.ଡି.ଟି ଓ କ୍ଲୋରୋପାଇରିଫସ୍ କୀଟନାଶକ ସମ୍ପୂର୍ଣ୍ଣ ଅସିଦ୍ଧ ଘୋଷିତ ହୋଇଛି।

ଦିଲ୍ଲୀର ଟକସିକ୍ ଲିଙ୍କ ନାମକ ସଂସ୍ଥା ୨୦୨୩ ମସିହାରେ ମନୋକ୍ରୋଟୋଫସ, କାର୍ବୋଫୁରାନ, ପାରାକଟ୍, ଗ୍ଲାଇଫୋସେଟ୍, ମାଙ୍କୋଜେବ ଓ କାର୍ବେଣ୍ଡାଜିମ୍ ଜୀବନାଶକ ଉପରେ କରିଥିବା ସର୍ବେକ୍ଷଣର ତଥ୍ୟ ଅନୁଯାୟୀ, ବିଭିନ୍ନ ରାଜ୍ୟରେ ୫୦ରୁ ୮୬% ଚାଷୀ କୀଟନାଶକ ବିକ୍ରେତାଙ୍କ ପରାମର୍ଶ ଅନୁସାରେ ଫସଲରେ ଜୀବନାଶକ ପ୍ରୟୋଗ କରନ୍ତି ବୋଲି ଜଣାପଡ଼ିଛି। ପଞ୍ଜାବର ୧୭% ଚାଷୀ ଅତି ବିଷାକ୍ତ କୀଟନାଶକ ସପକ୍ଷରେ ଅଛନ୍ତି। ଅଧିକାଂଶ ଚାଷୀ କୀଟନାଶକ ପ୍ରୟୋଗ ସମୟରେ କୌଣସି ସତର୍କତା ଅବଲମ୍ବନ କରନ୍ତି ନାହିଁ। ଏପରିକି ୫୯% ଚାଷୀ ଅନୁମୋଦିତ ମାତ୍ରାଠାରୁ ଅଧିକ କୀଟନାଶକ ପ୍ରୟୋଗ କରୁଛନ୍ତି। ବଜାରରେ ବିକ୍ରି ହେଉଥିବା କୀଟନାଶକଗୁଡ଼ିକ ଚାରିରଙ୍ଗର ଠିକିରି ଚିହ୍ନ ଦ୍ୱାରା ଚିହ୍ନିତ କରାଯାଏ। ସବୁଜ ରଙ୍ଗ ସାମାନ୍ୟ ବିଷ, ନୀଳ ରଙ୍ଗ ମଧ୍ୟମ, ହଳଦିଆ ରଙ୍ଗ ଅଧିକ ବିଷ ଓ ନାଲି ରଙ୍ଗ ତୀବ୍ର ବିଷ ଭାବେ ସୂଚୀତ କରେ। ଫସଲରେ ଏହି ବିଷ ପ୍ରୟୋଗ ପରେ ଅମଳ କରିବା ପୂର୍ବରୁ ସର୍ବନିମ୍ନ ନିରାପଦ ସମୟ ଅପେକ୍ଷା କରିବା ଆବଶ୍ୟକ। ଅତିକମରେ ସବୁଜ ପାଇଁ ୭ ଦିନ, ନୀଳ ପାଇଁ ଦୁଇ ସପ୍ତାହ, ହଳଦିଆ ପାଇଁ ୩ ସପ୍ତାହ ଓ ନାଲି ପାଇଁ ୪ ସପ୍ତାହ ହେବା ବିଧେୟ।

ନୋବେଲ ବିଜୟିନୀ ରାକେଲ କାର୍ସନ 'ନିରବ ବସନ୍ତ' ପୁସ୍ତକରେ କୀଟନାଶକକୁ ପ୍ରାଣୀନାଶକ କହିଛନ୍ତି ଏବଂ ସେ ଏହାର ସୁଦୂରପ୍ରସାରୀ ପ୍ରଭାବ ବର୍ଣ୍ଣନା କରିବା ଫଳରେ ଡି. ଡି. ଟି କୀଟନାଶକ ନିଷିଦ୍ଧ ହୋଇଥିଲା। ସେ ପ୍ରାକୃତିକ ଉପାୟରେ କୀଟ ନିୟନ୍ତ୍ରଣ ପାଇଁ ପରାମର୍ଶ ଦେଇଥିଲେ। ସେଥିପାଇଁ ସେ ୧୯୬୨ ରେ ନୋବେଲ ପୁରସ୍କାର ପାଇଥିଲେ। ଏହାର କିଛିବର୍ଷ ପରେ ଏଚ୍. ଏଫ୍.ଭାନ ଏମଡେନ ଓ ଡେଭିଡ ବି. ପିକଲ 'ନିରବ ବସନ୍ତ ପରେ' ପୁସ୍ତକ ରଚନା କରି ସମନ୍ୱିତ ରୋଗପୋକ ପରିଚାଳନା ପଦ୍ଧତି ବାହାର କଲେ। ଉଦ୍ଭିଦ ସୁସ୍ଥସବଳ ହେଲେ ରୋଗପୋକ ବିରୁଦ୍ଧରେ ଲଢ଼ିପାରିବେ। ଜଳ ଓ ଖାଦ୍ୟସାର ନିୟନ୍ତ୍ରଣ କଲେ ଫସଲ କ୍ଷେତ୍ରରେ ଉପକାରୀ କୀଟପତଙ୍ଗ ସହଜରେ ବଂଶବୃଦ୍ଧି କରି ପ୍ରାକୃତିକ ଉପାୟରେ ଅପକାରୀ କୀଟ ଓ ରୋଗକୁ ନିୟନ୍ତ୍ରଣ କରନ୍ତି। ଏହାଛଡ଼ା କର୍ଷଣ ନିୟନ୍ତ୍ରଣ ଓ ରୋଗପୋକ ସହନଶୀଳ ବିହନ ବ୍ୟବହାର କରିବା ଦ୍ୱାରା ରୋଗପୋକ ଆକ୍ରମଣ କମିଥାଏ। ସମନ୍ୱିତ ରୋଗପୋକ ନିୟନ୍ତ୍ରଣ କୌଶଳଗୁଡ଼ିକ ହେଲା ସହନଶୀଳ କିସମ ବ୍ୟବହାର, କର୍ଷଣ ନିୟନ୍ତ୍ରଣ, ଫସଲ ପର୍ଯ୍ୟାୟ ଅନୁସରଣ, ଭୌତିକ ଓ ଯାନ୍ତ୍ରିକ ନିୟନ୍ତ୍ରଣ, ଜୈବ ନିୟନ୍ତ୍ରଣ ସହିତ ଶେଷରେ ନିରାପଦ କୀଟନାଶକ ବ୍ୟବହାର।

ବିଶ୍ୱରେ ବର୍ଷକୁ ପ୍ରାୟ ୧୧୦୦୦ ଲୋକ ବିଷାକ୍ତ କୀଟନାଶକ ପ୍ରଭାବରେ ମୃତ୍ୟୁବରଣ କରନ୍ତି। ଭାରତରେ ଏହି ହାର ୬୦%। ଟକସିକ ଲିଙ୍କ ସର୍ବେକ୍ଷଣ ଅନୁସାରେ ଆମକୁ କେତେକ ସୁଚିନ୍ତିତ ରଣନୀତି ଗ୍ରହଣ କରିବାକୁ ହେବ। କୃଷି କ୍ଷେତ୍ରକୁ ବାରମ୍ବାର ପର୍ଯ୍ୟବେକ୍ଷଣ କରି ଉପକାରୀ ଓ ଅପକାରୀ କୀଟ ସଂଖ୍ୟା ଅନୁସାରେ ପ୍ରତିକାର ବ୍ୟବସ୍ଥା ଗ୍ରହଣ, କୀଟନାଶକ ବିଷ ପରିବର୍ତ୍ତେ ଜୈବ କୀଟନାଶକ ବ୍ୟବହାର, ଆବଶ୍ୟକ ସ୍ଥଳେ ଦୁଇଟି ନିରାପଦ କୀଟନାଶକ ମିଶ୍ରଣ ଆଦି ବ୍ୟବସ୍ଥା ଗ୍ରହଣ କରାଯାଇପାରେ। ଜୈବିକ କୃଷି ପାଇଁ ସରକାର ଅଧିକ ଆର୍ଥିକ ଅନୁଦାନ, ପ୍ରଶିକ୍ଷଣ, ପ୍ରାମାଣିକରଣ ସହିତ ପ୍ରୋତ୍ସାହନ ଦେବାର ବ୍ୟବସ୍ଥା କରିବା ଆବଶ୍ୟକ। ଜୈବିକ କୃଷିର ଅନୁପସ୍ଥିତିରେ ରୋଗପୋକ ନିୟନ୍ତ୍ରଣ ପାଇଁ ସମନ୍ୱିତ ରୋଗପୋକ ପରିଚାଳନା ବ୍ୟବସ୍ଥା ଗ୍ରହଣ କରିବାକୁ ହେବ। କୀଟନାଶକ ବିକ୍ରେତାମାନଙ୍କୁ ଅଧିକ ପ୍ରଶିକ୍ଷଣ ଦେବା ସହିତ କୀଟନାଶକ କେବଳ କୃଷିକର୍ମୀଙ୍କ ପରାମର୍ଶକ୍ରମେ ବିକ୍ରୟ ବ୍ୟବସ୍ଥା ବାଧ୍ୟତାମୂଳକ କରିବା ଜରୁରୀ। ରାଜ୍ୟର ଅଧିକୃତ ଅଧିକାରୀମାନେ ନିୟମିତ କୀଟନାଶକ ଦୋକାନ ପରିଦର୍ଶନ କରି ନମୁନା ସଂଗ୍ରହ କରିବା ଆବଶ୍ୟକ। ଏତଦବ୍ୟତୀତ ରାଜ୍ୟରେ ଅଧିକ ଜୈବନିୟନ୍ତ୍ରଣ ପ୍ରୟୋଗଶାଳା ସ୍ଥାପନା କରି ଏଥିରୁ ପ୍ରସ୍ତୁତ ଟ୍ରାଇକୋଗ୍ରାମା, ବାସିଲସ, ଏନ.ପି. ଭି, ଟ୍ରାଇକୋଡେର୍ମା ଇତ୍ୟାଦି ଜୈବ ନିୟନ୍ତ୍ରକ ଓ ଫେରୋମନ ଯନ୍ତା ଇତ୍ୟାଦି ସୁଲଭ ମୂଲ୍ୟରେ ଚାଷୀକୁ ଯୋଗାଇବା ଦାୟିତ୍ୱ ସରକାରଙ୍କର। ଫସଲରେ ଅନିଷ୍ଟକ ଜୀବନାଶକ ନିୟନ୍ତ୍ରଣ ପାଇଁ ସରକାର, କୃଷକ ଗୋଷ୍ଠୀ ଓ ଜୀବନାଶକ ବିକ୍ରେତାଙ୍କ ମିଳିତ ଦାୟିତ୍ୱ ରହିଛି। କୃଷକ-କ୍ଷେତ୍ରବିଦ୍ୟାଳୟ ପ୍ରତି ପଞ୍ଚାୟତରେ ପ୍ରତିଷ୍ଠା କରି କୃଷି ଅଧିକାରୀ କୃଷକଗୋଷ୍ଠୀଙ୍କୁ ସମନ୍ୱିତ ରୋଗପୋକ ପରିଚାଳନା ସମ୍ବନ୍ଧରେ ଧାରାବାହିକ ପ୍ରଶିକ୍ଷଣ ଦେବା ମଧ୍ୟ ଅତି ଗୁରୁତ୍ୱପୂର୍ଣ୍ଣ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

# ମାଇକ୍ରୋ ଓ ନାନୋ ପ୍ଲାଷ୍ଟିକର ବିଷ

ଡ. ବିଜୟ କେତନ ପଟ୍ଟନାୟକ

ଗାଁଗହଳିରେ କୁହାଯାଉଥିବା ରୁଢ଼ି 'ଛୋଟ ସାପର ବେଶୀ ବିଷ' ଉଭୟ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ କ୍ଷେତ୍ରରେ ପ୍ରଯୁଜ୍ୟ। ମାଇକ୍ରୋପ୍ଲାଷ୍ଟିକ ବା କ୍ଷୁଦ୍ର ପ୍ଲାଷ୍ଟିକ କଣିକା ଏବଂ ନାନୋ ପ୍ଲାଷ୍ଟିକ ବା ଅତିଶୟ କ୍ଷୁଦ୍ର ପ୍ଲାଷ୍ଟିକ କଣିକା ସାଧାରଣ ପ୍ଲାଷ୍ଟିକ ତୁଳନାରେ ଯଥେଷ୍ଟ ମାରାତ୍ମକ। ସାଧାରଣ ପ୍ଲାଷ୍ଟିକ ମନୁଷ୍ୟ ସ୍ୱାସ୍ଥ୍ୟ ପ୍ରତି ସିଧାସଳଖ କ୍ଷତି ପହଞ୍ଚାଏ ନାହିଁ। ଅନ୍ୟପକ୍ଷରେ ମାଇକ୍ରୋପ୍ଲାଷ୍ଟିକ ବା ନାନୋ ପ୍ଲାଷ୍ଟିକ ମନୁଷ୍ୟ ଶରୀର ଓ ସ୍ୱାସ୍ଥ୍ୟ ପ୍ରତି ଅଧିକ ହାନିକାରକ। ଏବେ ମାଇକ୍ରୋପ୍ଲାଷ୍ଟିକ ହିମାଳୟର ଏଭରେଷ୍ଟ ଶୃଙ୍ଗଠାରୁ ଆରମ୍ଭ କରି ସମୁଦ୍ରର ଗଭୀର ଜଳରାଶିରେ, ଜଳ, ସ୍ଥଳ, ଆକାଶ ବାୟୁମଣ୍ଡଳ ସବୁଠି ବିଦ୍ୟମାନ। ସମୁଦ୍ର ପାଦଦେଶର ପ୍ରବାଳ ପ୍ରାଚୀରଠାରୁ ଆରମ୍ଭକରି ଆଣ୍ଟରକଟିକାର ହିମଖଣ୍ଡ ବା ବରଫାବୃତ୍ତ ପରିବେଶରେ ମଧ୍ୟ ଏହା ଅନୁପ୍ରବେଶ କରିସାରିଛି।

ମିଳିତ ଜାତିସଂଘ ଦ୍ୱାରା ପ୍ରଦତ୍ତ ତଥ୍ୟ ମୁତାବକ, ସଂପ୍ରତି ବିଶ୍ୱରେ ବର୍ଷକୁ ୪୩୦ ନିୟୁତ ଟନ ପ୍ଲାଷ୍ଟିକ ଉତ୍ପାଦନ ହେଉଛି। ଏହାର ଦୁଇ-ତୃତୀୟାଂଶ କେବଳ ସ୍ୱଳ୍ପ ସମୟ ନିମନ୍ତେ ବ୍ୟବହୃତ ହୋଇଥାଏ। ତନ୍ମଧ୍ୟରୁ ସିଂହଭାଗ ହେଉଛି ଏକକ ବ୍ୟବହୃତ ପ୍ଲାଷ୍ଟିକ, ଯାହାକୁ କେବଳ ମାତ୍ର ଥରେ ବ୍ୟବହାର କରି ଫିଙ୍ଗି ଦିଆଯାଏ। ଜୈବିକ ସ୍ତରରେ ପ୍ଲାଷ୍ଟିକର ବିଘଟନ ପାଇଁ ୫୦ ରୁ ୧୦୦୦ ବର୍ଷ ଲାଗିଯାଇପାରେ। ପତଳା ପ୍ଲାଷ୍ଟିକ ବ୍ୟାଗର ବିଘଟନ ପାଇଁ ୨୦ ବର୍ଷରୁ ଊର୍ଦ୍ଧ୍ୱ ସମୟ ଲାଗୁଥିଲା ବେଳେ ପ୍ଲାଷ୍ଟିକ ପାଣି ବୋତଲ ଏବଂ ନାଇଲନ ମାଛଧରା ଜାଲ ପାଇଁ ୫୦୦ ବର୍ଷ ଲାଗିଯାଇପାରେ। ତେବେ ପ୍ଲାଷ୍ଟିକର ପୂର୍ଣ୍ଣ ବିଲୁପ୍ତି ବା ବିଲୟ ହୋଇନଥାଏ। ବରଂ ଏହା ଛୋଟ ଛୋଟ ଖଣ୍ଡରେ ବିଭକ୍ତ ହୋଇ କ୍ଷୁଦ୍ର ପ୍ଲାଷ୍ଟିକ କଣିକା ବା ମାଇକ୍ରୋପ୍ଲାଷ୍ଟିକରେ ପରିଣତ ହୁଏ। ଏକ ଆକଳନରୁ ଜଣାପଡ଼ିଛି ବର୍ଷକୁ ପ୍ରାୟ ୧୦ ରୁ ୪୦ ନିୟୁତ ମାଇକ୍ରୋପ୍ଲାଷ୍ଟିକ ପରିବେଶରେ ସଂକ୍ରମିତ ହୋଇଥାଏ। ଏହି ଧାରା ଅବ୍ୟାହତ ରହିଲେ ୨୦୪୦ ମସିହା ବେଳକୁ ଏହାର ପରିମାଣ ଦ୍ୱିଗୁଣିତ ହୋଇଯାଇପାରେ।

୨୦୨୨ ମସିହାରେ ପ୍ରଥମ ବିଶ୍ୱ ପ୍ଲାଷ୍ଟିକ ଚୁକ୍ତିନାମା, ମିଳିତ ଜାତିସଂଘ କାର୍ଯ୍ୟକ୍ରମ ଆନୁକୂଲ୍ୟରେ କେନିୟାରେ ଆରମ୍ଭ ହୋଇଥିଲା। ଆଇନଗତ ପ୍ରାବଧାନ ଜରିଆରେ ପ୍ଲାଷ୍ଟିକ ପ୍ରଦୂଷଣ ରୋକିବା ନିମନ୍ତେ ସାରା ବିଶ୍ୱରେ ପ୍ରୟାସ ଆରମ୍ଭ ହେଲା। ସେତେବେଳେ ଏହି ଉଦ୍ୟମ ସାମୁଦ୍ରିକ ଓ ଜଳୀୟ ପରିସଂସ୍ଥାରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ପ୍ରତି ଅଭିପ୍ରେତ ନଥିଲା। ପରବର୍ତ୍ତୀ ପର୍ଯ୍ୟାୟରେ ୨୦୨୪ ମସିହାରେ କାନାଡ଼ାଠାରେ ଅନୁଷ୍ଠିତ ଅଧିବେଶନର ଲକ୍ଷ୍ୟ ଉଭୟ ଇଚ୍ଛାକୃତ ଭାବରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ଏବଂ ପ୍ଲାଷ୍ଟିକର ଦୀର୍ଘକାଳୀନ ବିଘଟନ ଜୀବନଚକ୍ରରେ ଉତ୍ପନ୍ନ ହେଉଥିବା ମାଇକ୍ରୋପ୍ଲାଷ୍ଟିକ ହ୍ରାସ କରିବା ଉପରେ ଅଧିକ ଗୁରୁତ୍ୱ ଦିଆଗଲା। ଚଳିତ ବର୍ଷ ଅଗଷ୍ଟ ମାସରେ ସୁଇଜରଲ୍ୟାଣ୍ଡର ଜେନେଭାଠାରେ ଅନୁଷ୍ଠିତ ବିଶ୍ୱ ପ୍ଲାଷ୍ଟିକ ଚୁକ୍ତିନାମା ମଧ୍ୟ ଲକ୍ଷ୍ୟ ହାସଲ ଦିଗରେ ବିଫଳ ହୋଇଥିଲା।

ଆମେ ପିଉଥିବା ଜଳ, ଖାଉଥିବା ଖାଦ୍ୟ, ପିନ୍ଧୁଥିବା ବସ୍ତ୍ର, ବ୍ୟବହାର କରୁଥିବା ପ୍ରସାଧନ ସାମଗ୍ରୀ, ଶ୍ୱାସରେ ଗ୍ରହଣ କରିଥିବା ବାୟୁ-ସର୍ବତ୍ର ବିଦ୍ୟମାନ ମାଇକ୍ରୋପ୍ଲାଷ୍ଟିକ। ଚାଷଜମିର ମାଟିରେ ଏବଂ ସେହି ମାଟିରୁ ଉତ୍ପାଦିତ ଫସଲ ଜରିଆରେ ଏବଂ ମାଇକ୍ରୋପ୍ଲାଷ୍ଟିକକୁ ଗିଳିଦେଇଥିବା ସାମୁଦ୍ରିକ ମାଛ ଭକ୍ଷଣ କରିବା ଦ୍ୱାରା, ଖାଦ୍ୟ ଶୃଙ୍ଖଳ ଦେଇ ପ୍ରବେଶ କରୁଛି ଆମ ଶରୀରରେ। ଆମେ ପିଉଥିବା ପାଇପ୍ ପାଣିରେ ମଧ୍ୟ ଉଭୟ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ କଣିକା ମହଜୁଦ୍ ଅଛି। ଶିଳ୍ପାୟନ, ନିର୍ମାଣ ସଂସ୍ଥା, ପରିବହନ ଧୂଳିକଣା, ଟାୟାର ଘର୍ଷଣ ଏବଂ ସିନ୍ଥେଟିକ ବସ୍ତ୍ର କାରଖାନାରୁ ଉତ୍ପନ୍ନ ମାଇପ୍ରୋପ୍ଲାଷ୍ଟିକ ବାୟୁମଣ୍ଡଳରେ ରହିଥାଏ। ଶ୍ୱାସକ୍ରିୟା ସମୟରେ ଆମେ ବାୟୁ ସହିତ ଏହି ମାଇକ୍ରୋପ୍ଲାଷ୍ଟିକକୁ ମଧ୍ୟ ଆହରଣ କରିଥାଉ। ଆମେ ବ୍ୟବହାର କରୁଥିବା ପ୍ରସାଧାନ ସାମଗ୍ରୀରେ ମଧ୍ୟ ରହିଛି ମାଇକ୍ରୋ ପ୍ଲାଷ୍ଟିକ। ଆମେ ଜାଣୁ ବା ନଜାଣୁ ଇଚ୍ଛା କରୁ ନା ନ କରୁ ପ୍ରତି ମୁହୂର୍ତ୍ତରେ କିଛି କିଛି ପ୍ଲାଷ୍ଟିକ କ୍ଷୁଦ୍ର କଣିକା ଆମ ଶରୀରରେ ପ୍ରବେଶ କରୁଛି ଏବଂ ମସ୍ତିଷ୍କର କୋଷରେ ଓ ପୁନରୁତ୍ପାଦନ ନିମନ୍ତେ ଉଦ୍ଦିଷ୍ଟ ଅଙ୍ଗ ପ୍ରତ୍ୟଙ୍ଗରେ ଆସ୍ଥାନ ଜମାଉଛି। କେବଳ ମସ୍ତିଷ୍କ ନୁହେଁ, ଫୁସଫୁସ, ବୃକ୍କ, ଜରାୟୁ ଓ ରକ୍ତରେ ମଧ୍ୟ ଏହି କଣିକାର ଛିଟା ଦେଖିବାକୁ ମଳୁଛି, ଯାହା ଫଳରେ ମନୁଷ୍ୟ ହୃଦ୍‌ରୋଗ ସହିତ ସ୍ନାୟୁରୋଗ ଓ ଶ୍ୱାସ ଜନିତ ନୂଆ ନୂଆ ରୋଗର ଶିକାର ହେଉଛି।

ମିଳିତ ଜାତିସଂଘର ପରିବେଶ କାର୍ଯ୍ୟକ୍ରମ ପ୍ରକାଶ କରିଥିବା ୨୦୧୪ ଇୟର ବୁକ୍ ରେ ସାରା ବିଶ୍ୱବାସୀଙ୍କୁ ସତର୍କ କରାଇ ଦେଇଥିଲେ। ମାଇକ୍ରୋପ୍ଲାଷ୍ଟିକ ଏକ ମୁଣ୍ଡ ଟେକୁଥିବା ପ୍ରଦୂଷକ, ଯାହା ମାନବ ଜାତିର ସମ୍ଭାବ୍ୟ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରିପାରେ। ୨୦୨୨ ମସିହାରେ 'ବିଶ୍ୱସ୍ୱାସ୍ଥ୍ୟ ସଂଗଠନ' ଜଣାଇଥିଲେ ମାଇକ୍ରୋପ୍ଲାଷ୍ଟିକର ମନୁଷ୍ୟର ସ୍ୱାସ୍ଥ୍ୟପ୍ରତି ଥିବା ସଂକଟ ବିଷୟରେ ଆଶାନୁରୂପ ପ୍ରମାଣ ମିଳିନାହିଁ। ୨୦୨୪ ମସିହାରେ ପ୍ରଥମଥର ପାଇଁ ଆମେରିକାସ୍ଥିତ ନ୍ୟୁମେକ୍ସିକୋ ବିଶ୍ୱବିଦ୍ୟାଳୟର ଗବେଷକମାନେ ପ୍ରମାଣିତ କଲେ, ମନୁଷ୍ୟର ମସ୍ତିଷ୍କରେ ଯଥେଷ୍ଟ ପରିମାଣରେ ମାଇକ୍ରୋପ୍ଲାଷ୍ଟିକ ଓ ନାନୋ ପ୍ଲାଷ୍ଟିକ ଜମା ହୋଇସାରିଲାଣି। କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଗବେଷକମାନେ କୁହନ୍ତି, ମାଇକ୍ରୋପ୍ଲାଷ୍ଟିକ ମନୁଷ୍ୟ ଶରୀରର ଉତ୍ପାଦକ ଅଂଗ, ପାକସ୍ଥଳୀ ଓ ଶ୍ୱାସନଳୀକୁ ପ୍ରଭାବିତ କରିପାରେ ଏବଂ ସମୟକ୍ରମେ ମନୁଷ୍ୟ ଶରୀରର ବିଭିନ୍ନ କୋଷରେ ଅନୁପ୍ରବେଶ କରୁଥିବାରୁ କୋଲୋନ୍ ଓ ଫୁସ୍‌ଫୁସ୍ କ୍ୟାନସର ସହିତ ଏହା ସଂପୃକ୍ତି ଥାଇପାରେ। (ପୂର୍ବତନ ପ୍ରଧାନ ମୁଖ୍ୟ ବନ୍ୟପ୍ରାଣୀ ସଂରକ୍ଷକ, ଓଡ଼ିଶା)

ଭୁବନେଶ୍ୱର, ମୋ: ୯୪୩୭୦୦୦୯୦୪

# ପୁରୁଷତ୍ୱ ଉପରେ ପୋଷାକର ପ୍ରଭାବ

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟ ଦ୍ୱାରା ପ୍ରକାଶିତ 'ଦ ଜର୍ଣ୍ଣାଲ ଅଫ୍ ରିପ୍ରଡକ୍ସନ' ଗବେଷଣା ପତ୍ରିକାରେ ପ୍ରକାଶିତ ଏକ ବିବରଣୀ ଅନୁସାରେ ୨୦୦୧ ମସିହା ବେଳକୁ ୩୪ ଶତାଂଶ ପୁରୁଷମାନଙ୍କ ଠାରେ ସେମାନଙ୍କୁ ପୌରୁଷ ପ୍ରଦାନରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଥିବା ଶୁକ୍ରକୀଟ ସାଧାରଣ ମାତ୍ରାଠାରୁ କମ୍ ଥିଲା। ଯାହାକି ୨୦୨୨ ମସିହା ବେଳକୁ ପହଞ୍ଚିଥିଲା ୬୫ ଶତାଂଶରେ। ଏବର ସମୟ ମଧ୍ୟରେ ସଂପୂର୍ଣ୍ଣ ତ୍ରୁଟିମୁକ୍ତ ଶୁକ୍ରଧାରୀଙ୍କ ସଂଖ୍ୟା ପ୍ରାୟ ୨୦ ଶତାଂଶ ହ୍ରାସ ପାଇଥିଲା। ଅତଏବ ପୁରୁଷର ପ୍ରଜନନ କ୍ଷମତା ବା ପୌରୁଷର ଏହି ମାପକାଠିଟି ସୂଚାଇ ଦେଉଛି ଯେ ସେ କ୍ରମଶଃ ସନ୍ତାନ ସୃଷ୍ଟି କରିବାର କ୍ଷମତା ହରାଇ ଚାଲିଛି।

ଏହାର କାରଣ ଆଜି ପର୍ଯ୍ୟନ୍ତ ସୁନିର୍ଦ୍ଦିଷ୍ଟ କରାଯାଇ ପାରିନଥିଲେ ହେଁ ତାହା ବହୁମୁଖୀ ବୋଲି ମନେକରନ୍ତି ବୈଜ୍ଞାନିକମାନେ, ଯାହାକି ବିବର୍ତ୍ତନୀୟଠାରୁ ଆରମ୍ଭ କରି ପରିବେଶୀୟ ଏବଂ ପରିବର୍ତ୍ତିତ ଜୀବନଶୈଳୀ ପର୍ଯ୍ୟନ୍ତ ହୋଇପାରେ। ତେବେ, ବିବର୍ତ୍ତନୀୟ ପରିବର୍ତ୍ତନ ସଦାସର୍ବଦା ମନ୍ଥର ହୋଇଥିବା ଦୃଷ୍ଟିରୁ ଶେଷୋକ୍ତ ଦୁଇଟିକୁ ଏହାର ମୁଖ୍ୟ କାରଣ ବୋଲି ଧରାଯାଇ ପାରିବ। ପରିବେଶରେ ଡିଡିଟି, ବିଏଚସି ଆଦି କୀଟ।ଣୁନାଶକର ତଥା ଅନ୍ୟାନ୍ୟ ରସାୟନମାନଙ୍କ ମାତ୍ରାବୃଦ୍ଧି ଆମଠାରେ ପୁରୁଷସୁଲଭ ଗୁଣର ଅପଚୟ ଘଟାଉଥିବାର ପ୍ରମାଣିତ ହେଲା ବେଳେ ପଶୁପାଳନ, ମତ୍ସ୍ୟଚାଷ ଓ କୃଷିରେ ବିବିଧ ହର୍ମୋନ୍ ଏବଂ ରାସାୟନିକ ପଦାର୍ଥର ବ୍ୟାପକ ବ୍ୟବହାର ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛି। ତେବେ ଆମେ ପିନ୍ଧୁଥିବା ପୋଷାକ ମଧ୍ୟ ଏହାକୁ ପ୍ରଭାବିତ କରିପାରେ ବୋଲି ନିକଟରେ ମତ ଦେଇଛନ୍ତି ଆମେରିକାର ବୋଷ୍ଟନ ସ୍ଥିତ 'ହାର୍ଭାର୍ଡ ଚାନ ସ୍କୁଲ ଅଫ୍ ପବ୍ଲିକ ହେଲଥ୍' ଠାରେ ଗବେଷଣାରତ ବୈଜ୍ଞାନିକ ଲିଡିଡିଆ ମଙ୍ଗୁଏଜ୍ ଆଲାରକୋନ୍ ଏବଂ ତାଙ୍କ ସହଯୋଗୀମାନେ।

'ଦ ଜର୍ଣ୍ଣାଲ୍ ଅଫ୍ ହ୍ୟୁମାନ୍ ରିପ୍ରଡ୍କସନ'ରେ ପ୍ରଦତ୍ତ ଏକ ବିବରଣୀରେ ସେମାନେ ଦର୍ଶାଇଛନ୍ତି ଯେ ପିତା ହେବାକୁ ଚାହୁଁଥିବା ଲୋକେ ଢିଲା ଅନ୍ତର୍ବାସ ପିନ୍ଧିବା ବାଞ୍ଛନୀୟ। କାରଣ ୧୮ ରୁ ୫୬ ବର୍ଷ ବୟସ୍କ ସାଧାରଣ ସ୍ୱାସ୍ଥ୍ୟସଂପନ୍ନ ପୁରୁଷଙ୍କୁ ପରୀକ୍ଷା କରି ସେମାନେ ସିଦ୍ଧାନ୍ତରେ ଉପନୀତ ହୋଇଛନ୍ତି ଯେ ଆରମଦାୟକ ଢିଲା ଅନ୍ତର୍ବାସ ପରିଧାନ କରୁଥିବା ଲୋକଙ୍କ ଶୁକ୍ରର ଘନତ୍ୱ ଏବଂ ତହିଁରେ ଥିବା ଶୁକ୍ରକୀଟମାନଙ୍କ ସଂଖ୍ୟା ଅଧିକ। ପୁନଶ୍ଚ ସେମାନଙ୍କ ଶୁକ୍ରାକୀଟଗୁଡ଼ିକ ଅଧିକ ସକ୍ରିୟ ହେବା ସହିତ ସେମାନଙ୍କଠାରେ ହରମୋନ୍‌ର ଭାରସାମ୍ୟ ସନ୍ତାନ ସୃଷ୍ଟି ପାଇଁ ଅଧିକ ଉପାଦେୟ।

ଅବଶ୍ୟ ପୂର୍ବରୁ ହୋଇଥିବା କେତେକ ଗବେଷଣାରୁ ଏପ୍ରକାର ସୂଚନା ମିଳିଥିଲା। ତେବେ ସେସବୁ ଅଧ୍ୟୟନ ଥିଲା ସୀମିତ ଏବଂ ତହିଁରୁ ଏବର ଫଳାଫଳ ସହିତ ହରମୋନ୍‌ର ସଂପୃକ୍ତି ବିଷୟରେ କୌଣସି ସୂଚନା ମିଳିପାରିନଥିଲା। ଶରୀର ମଧ୍ୟରେ ତାପମାତ୍ରାଠାରୁ ୨/୩ ଡିଗ୍ରୀ ସେଲସିୟସ କମ ହୋଇଥିବା ପରିବେଶ ଶୁକ୍ରକୀଟ ଉତ୍ପାଦନ ଲାଗି ଉତ୍ତମ। ସମ୍ଭବତଃ ସେଥିପାଇଁ ଏହା ଉତ୍ପନ୍ନ କରୁଥିବା ଅଣ୍ଡହକୋଷକୁ ପ୍ରକୃତି ଶରୀରର ଅର୍ନ୍ତଭାଗରେ ସ୍ଥାପନ ନ କରି ବହିର୍ଭାଗରେ ଅବସ୍ଥାପିତ କରିଛି। ଏପରିସ୍ଥଳେ, ଏହାର ତାପମାତ୍ରା ବୃଦ୍ଧି ଶୁକ୍ରକୀଟର ମାତ୍ରା ଏବଂ ମାନ ହ୍ରାସ କରିବା ସ୍ୱାଭାବିକ, ଯାହାକି ଘଟେ ଚିପା ଅନ୍ତର୍ବାସ ପରିଧାନ କରିବା କାରଣରୁ।

ଲିଡିଡିଆ ଏବଂ ତାଙ୍କର ସହଯୋଗୀମାନଙ୍କ ଅଧ୍ୟୟନକୁ ଏହାର ଏକ କାରଣସିଦ୍ଧ ପ୍ରମାଣ ରୂପେ ଗ୍ରହଣ କରାଯାଇପାରେ। ଅତଏବ ଚିପା ଅନ୍ତର୍ବାସ ପରିଧାନ ପୁରୁଷମାନଙ୍କଠାରେ ଶୁକ୍ରକୀଟ ଉତ୍ପାଦନକୁ ଯେତିକି ମାତ୍ରାରେ ପ୍ରତିହତ କରୁନା କାହିଁକି ତାହା ବେଶ ଗୁରୁତ୍ୱପୂର୍ଣ୍ଣ ବୋଲି ମତ ଦିଅନ୍ତି ଏହି ଗବେଷଣାରେ ଅଂଶଗ୍ରହଣ କରିଥିବା ଅନ୍ୟତମ ବୈଜ୍ଞାନିକ ତଥା ଏଡିନ୍ ବରା ବିଶ୍ୱବିଦ୍ୟାଳୟର 'ଏମ୍ ଆର ସି ସେଣ୍ଟର ଫର ରିପ୍ରଡକଟିଭ ହେଲଥ୍'ର ପ୍ରଫେସର ରିଚାର୍ଡ ଶାର୍ପେ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉକ୍ତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଅବଶିଷ୍ଟାଂଶ

## ହସିନାଙ୍କୁ ଫାଶୀ...

ଆନ୍ଦୋଳନକାରୀଙ୍କୁ ହତ୍ୟା କରିବାକୁ ନିର୍ଦ୍ଦେଶ ଦେଇଥିଲେ ବୋଲି ଅଭିଯୋଗ ହୋଇଥିଲା। ଏହାସହିତ ଦେଶବାସୀଙ୍କୁ ନ୍ୟାୟ ଦେବାରେ ପ୍ରତିବନ୍ଧକ ସାଜିବା ସହିତ ବିରୋଧୀଙ୍କ ବିରୋଧରେ ଚାଲିଥିବା ଅପରାଧ/ହତ୍ୟାକୁ ରୋକିବାରେ ବିଫଳ ହୋଇଥିଲେ। ଏହି ତିନିଟି ଅଭିଯୋଗ ଉପରେ ବିଚାର ପାଇଁ ଇଣ୍ଟରନ୍ୟାସନାଲ କ୍ରାଇମ ଟ୍ରିବୁନାଲ ଗଠନ କରାଯାଇଥିଲା। ସେହି ଟ୍ରିବୁନାଲ ଆଜି ତାଙ୍କୁ ଫାଶୀଦଣ୍ଡ ଶୁଣାଇଛି। ସେହିପରି ଟ୍ରିବୁନାଲ ଅନ୍ୟତମ ଅଭିଯୁକ୍ତ ପୂର୍ବତନ ଗୃହମନ୍ତ୍ରୀ ଅସଦୁଜ୍ଜାମାନ ଖାନଙ୍କୁ ମଧ୍ୟ ୧୨ଜଣ ଲୋକଙ୍କ ହତ୍ୟା ମାମଲାରେ ଦୋଷୀ ସାବ୍ୟସ୍ତ କରି ତାଙ୍କୁ ମଧ୍ୟ ଫାଶୀଦଣ୍ଡ ଦେଇଛନ୍ତି। ତେବେ ମାମଲାରେ ତୃତୀୟ ଅଭିଯୁକ୍ତ ପୂର୍ବତନ ପୁଲିସ ମୁଖ୍ୟ ଅବଦୁଲ୍ଲା ଅଲ୍-ମମୁନଙ୍କୁ କେବଳ ୫ ବର୍ଷ ଜେଲ୍ ଦଣ୍ଡାଦେଶ ହୋଇଛି। ମମୁନ ସରକାରୀ ସାକ୍ଷୀ ଭାବେ ଆଇନଗତ ପ୍ରକ୍ରିୟାରେ ସହଯୋଗ କରିଥିବାରୁ ତାଙ୍କ ପ୍ରତି କୋହଳ ହୋଇଛନ୍ତି ଟ୍ରିବୁନାଲ। ସୂଚନାଯୋଗ୍ୟ ଯେ ଶେଖ ହସିନାଙ୍କ ସହିତ ତାଙ୍କର ଗୃହ ମନ୍ତ୍ରୀ ଅସଦୁଜ୍ଜମାନ ଗତ ୧୫ ମାସ ହେବ ଭାରତରେ ଅବସ୍ଥାନ କରୁଛନ୍ତି। କୋର୍ଟଙ୍କ ଏହି ରାୟ ପରେ ସାରା ବାଂଲାଦେଶରେ ହିଂସା ସୃଷ୍ଟି ହେବାର ସମ୍ଭାବନା ସୃଷ୍ଟି ହୋଇଛି। ଫଳରେ କଡ଼ା ନିରାପତ୍ତା ବ୍ୟବସ୍ଥା କରାଯାଇଛି।

ମୋ ବିରୋଧରେ ଆସିଥିବା ରାୟ ସମ୍ପୂର୍ଣ୍ଣ ଭାବେ ଭୁଲ। ରାଜନୈତିକ ପ୍ରତିଶୋଧ ପାଇଁ ଏପରି ଷଡ଼ଯନ୍ତ୍ର କରାଯାଇଛି। ଏହି ରାୟ ଏଭଳି ଏକ ଟ୍ରିବୁନାଲ ଦେଇଛି ଯାହାକୁ ଏକ ଅଣ ନିର୍ବାଚିତ ସରକାର ଚଳାଉଛନ୍ତି। ଏହି ସରକାରଙ୍କ ପାଖରେ କୌଣସି ଜନାଦେଶ ନାହିଁ ବୋଲି ହସିନା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। ହତ୍ୟାର ଶିକାର ଲୋକଙ୍କୁ ଉଚିତ ନ୍ୟାୟ ମିଳିଲା ବୋଲି ଆଟର୍ଣ୍ଣି ଜେନେରାଲ ମହମ୍ମଦ ଆସାଦୁଜ୍ଜମାନ କହିଛନ୍ତି। ହସିନା ପୂର୍ବରୁ ଯେଉଁ କୋର୍ଟର ସ୍ଥାପନ କରିଥିଲେ, ସେହି କୋର୍ଟ ହିଁ ତାଙ୍କ ବିରୋଧରେ ଦଣ୍ଡାଦେଶ ଶୁଣାଇଛନ୍ତି। ୧୯୭୧ରେ ବାଂଲାଦେଶ ମୁକ୍ତି ସଂଗ୍ରାମ ପରେ ଯୁଦ୍ଧ ଅପରାଧ ଓ ନରସଂହାର ଭଳି ମାମଲାର ବିଚାର କରିବା ପାଇଁ ଏହି ଇଣ୍ଟରନ୍ୟାସନାଲ କ୍ରାଇମ ଟ୍ରିବୁନାଲକୁ ପ୍ରତିଷ୍ଠା କରାଯାଇଥିଲା।

କୋର୍ଟ ରାୟ ପରେ ବାଂଲାଦେଶ ସରକାର ଆଜି ଭାରତ ସରକାରଙ୍କ ନିକଟକୁ ଏକ ପତ୍ର ପଠାଇଛନ୍ତି। ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରିବା ଲାଗି ଏଥିରେ ଅନୁରୋଧ କରାଯାଇଛି। ଦୁଇ ଦେଶ ମଧ୍ୟରେ ସ୍ୱାକ୍ଷରିତ ଅପରାଧୀ ପ୍ରତ୍ୟର୍ପଣ ଚୁକ୍ତି ଅନୁଯାୟୀ ଭାରତ ହସିନାଙ୍କୁ ତୁରନ୍ତ ହସ୍ତାନ୍ତର କରୁ ବୋଲି କୁହାଯାଇଛି। ତେବେ ଭାରତ ସରକାର ଏସଂପର୍କରେ କୌଣସି ସିଧାସଳଖ ପ୍ରତିକ୍ରିୟା ଦେଇ ନାହାନ୍ତି। ବୈଦେଶିକ ବିଭାଗ ପକ୍ଷରୁ କୁହାଯାଇଛି ଯେ ପଡ଼ୋଶୀ ଦେଶ ହିସାବରେ ବାଂଲାଦେଶ ଲୋକଙ୍କ ସ୍ୱାର୍ଥ ରକ୍ଷା ପାଇଁ ଭାରତ ସଂକଳ୍ପବଦ୍ଧ। ସେଠାରେ ଗଣତନ୍ତ୍ର, ଶାନ୍ତି ଓ ସ୍ଥିରତା ପାଇଁ ଭାରତ ସରକାର ସଂପୃକ୍ତ ପକ୍ଷଙ୍କ ସହ ଆଲୋଚନା ଜାରି ରଖିବ।

## ୪୫ ଭାରତୀୟ...

ଛୋଟପିଲା ଅଛନ୍ତି। ଦୁର୍ଘଟଣାଗ୍ରସ୍ତ ବସ୍‌ରେ ୪୬ ଜଣ ଲୋକ ଯାତ୍ରା କରୁଥିଲେ। ମୃତକଙ୍କ ମଧ୍ୟରେ ଅଧିକାଂଶ ହାଇଦରାବାଦ୍‌ର ବାସିନ୍ଦା ବୋଲି କୁହାଯାଇଛି।

ହାଇଦରାବାଦ୍ ପୁଲିସର ସୂଚନା ଅନୁଯାୟୀ, ନଭେମ୍ବର ୯ରେ ୫୪ ଜଣ ଲୋକ 'ଉମରା' ପାଇଁ ହାଇଦରାବାଦ୍‌ରୁ ସାଉଦି ଆରବ ଯାଉଥିଲେ। ଏମାନେ ନଭେମ୍ବର ୨୩ରେ ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟକ୍ରମ ଥିଲା। ଏମାନଙ୍କ ମଧ୍ୟରୁ ୪ ଜଣ ରବିବାର କାର୍‌ରେ ପୃଥକ ଭାବେ ମଦିନା ଯାଇଥିଲେ। ସେହିପରି ଅନ୍ୟ ୪ ଜଣ ଲୋକ ମକ୍କାରେ ରହିଯାଇଥିଲେ।

ଅନ୍ୟ ୪୬ ଜଣଙ୍କୁ ନେଇ ବସ୍‌ଟି ମକ୍କାରୁ ମଦିନା ଯାଉଥିବା ବେଳେ ମଦିନାଠାରୁ ୨୫ କିମି ଦୂର ମୁହରାସ୍ ନିକଟରେ ଭାରତୀୟ ସମୟ ରାତି ପ୍ରାୟ ୧.୩୦ରେ ଏହି ଦୁର୍ଘଟଣା ଘଟିଥିଲା।

ଏହି ଦୁର୍ଘଟଣା ପାଇଁ ତେଲଙ୍ଗାନା ସରକାର ରିୟାଧ ସ୍ଥିତ ଭାରତୀୟ ଦୂତାବାସ ସହିତ ବରାବର ସମ୍ପର୍କରେ ରହିଛନ୍ତି। ମୁଖ୍ୟମନ୍ତ୍ରୀ ରେବନ୍ତ ରେଡ୍ଡୀ ମୃତକଙ୍କ ଚିହ୍ନଟ ଓ ପରିଚୟ ପାଇଁ ଦିଲ୍ଲୀରେ ଥିବା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଦୂତାବାସର ଅଧିକାରୀଙ୍କ ସହ ଯୋଗାଯୋଗ ରକ୍ଷାକରି ସବୁ ପ୍ରକାର ସହାୟତା ପ୍ରଦାନ କରିବା ସହ ସବୁ ବ୍ୟବସ୍ଥା ଉପଲବ୍ଧ କରାଇବାକୁ କହିଛନ୍ତି। ଇତିମଧ୍ୟରେ ୧୨ ଜଣ ମୃତକଙ୍କ ନାମ ସାମ୍ନାକୁ ଆସିଛି। ଭାରତୀୟ ଦୂତାବାସ ମଧ୍ୟ ଏ ନେଇ ହେଲ୍ପଲାଇନ୍ ଜାରି କରିଛି। ହାଇଦରାବାଦ ସାଂସଦ ସବୁ ମୃତଦେହକୁ ଭାରତ ଆଣିବା ପାଇଁ ଅପିଲ କରିଛନ୍ତି। ଏହି ଘଟଣା ପାଇଁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୁଃଖ ପ୍ରକାଶ କରିଛନ୍ତି। ରିୟାଦସ୍ଥିତ ବାଣିଜ୍ୟ ଦୂତାବାସ ସବୁ ପ୍ରକାର ସହାୟତା ପ୍ରଦାନ କରୁଛି ବୋଲି ସେ 'ଏକ୍ସ'ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି। ଆମ ଅଧିକାରୀମାନେ ସାଉଦିର ଅଧିକାରୀଙ୍କ ସହ ଯୋଗାଯୋଗ ରକ୍ଷା କରିଛନ୍ତି ବୋଲି ସେ ଉଲ୍ଲେଖ କରିଛନ୍ତି। ସେହିପରି ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ମଧ୍ୟ ଏହି ଘଟଣା ଗଭୀର ଦୁଃଖ ଦେଇଛି ବୋଲି କହିଛନ୍ତି। ଏହି ଦୁର୍ଘଟଣାରେ ହାଇଦରାବାଦ୍‌ର ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ମୃତ୍ୟୁବରଣ କରିଛନ୍ତି ବୋଲି ଜଣାପଡ଼ିଛି।

## ବିହାର ରାଜନୀତିରେ...

ବିଧାନସଭା ଭଙ୍ଗ କରିବାକୁ ରାଜ୍ୟପାଳଙ୍କୁ ଏକ ସୁପାରିସ ପତ୍ର ଦେଇଥିଲେ। କେଉଁ ନିର୍ଦ୍ଦିଷ୍ଟ କାରଣରୁ ନୀତିଶ କୁମାର ଶେଷ ମୁହୂର୍ତ୍ତରେ ତାଙ୍କର ଯୋଜନା ପରିବର୍ତ୍ତନ କଲେ, ତାହା ଏଯାଏ ସ୍ପଷ୍ଟ ହୋଇନାହିଁ।

ଏନ୍‌ଡ଼ିଏ ପାଇଥିବା ମୋଟ ୨୦୨ ଆସନ ମଧ୍ୟରୁ ବିଜେପିକୁ ୮୯ଟି ଆସନ ମିଳିଥିବାବେଳେ ଚିରାଗ ପାଶ୍ୱାନଙ୍କ ଏଲ୍‌ଜେପିକୁ ୧୯, ଜିତେନରାମ ମାଞ୍ଝିଙ୍କ ଦଳକୁ ୫ ଓ ଉପେନ୍ଦ୍ର କୁଶୱାହଙ୍କୁ ୪ଟି ଆସନ ମିଳିଛି। ଅବଶିଷ୍ଟ ୮୫ଟି ଆସନ ନୀତିଶକୁମାରଙ୍କ ଜେଡ଼ିୟୁ ପାଇଛି। ସରକାର ଗଠନ ପାଇଁ ୧୨୨ଟି ଆସନର ଆବଶ୍ୟକତା ଥିବାବେଳେ ନୀତିଶଙ୍କ ବିନା ବିଜେପି ଓ ଅନ୍ୟ ସହଯୋଗୀ ମାତ୍ର ୧୧୭ ଆସନ ମଧ୍ୟରେ ସୀମିତ ରହିବେ। ଅନ୍ୟପକ୍ଷରେ ଜେଡ଼ିୟୁକୁ ସମର୍ଥନ ଦେବାକୁ ମହାଗଠବନ୍ଧନ ଏବେ ବି ଗୋଡ଼ ଟେକି ବସିଛି। ଜେଡ଼ିୟୁର ୮୫ ସହ ଆର୍‌ଜେଡ଼ିର ୨୫, କଂଗ୍ରେସ ୬ଟି, ବାମପନ୍ଥୀ ୩ଟି, ଏଆଇଏମ୍‌ଏମ୍‌ର ୫ ଓ ବିଏସ୍‌ପିର ଗୋଟିଏ ଆସନକୁ ମିଶାଇ ସରକାର ଗଠନ ପାଇଁ ଆବଶ୍ୟକ ସଂଖ୍ୟା ଗରିଷ୍ଠତା ହାସଲ ହୋଇ ପାରିବ। ଯଦିଓ ନୀତିଶ ମହାଗଠବନ୍ଧନ ସହିତ ମିଶି ସରକାର ଗଠନ କରିବାକୁ ସମର୍ଥ, କିନ୍ତୁ ଏହାଦ୍ୱାରା ଜେଡୟୁରେ ବିଭାଜନ ଆଶଙ୍କା ଥିବା ମଧ୍ୟ କୁହାଯାଉଛି।

ଅନ୍ୟପକ୍ଷରେ ନୀତିଶଙ୍କ ପରିବର୍ତ୍ତେ ବିଜେପି କେନ୍ଦ୍ର ଗୃହ ରାଷ୍ଟ୍ରମନ୍ତ୍ରୀ ନିତ୍ୟାନନ୍ଦ ରାୟଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଚାହୁଁଛି ବୋଲି ଚର୍ଚ୍ଚା ହେଉଛି। ଏପରିକି ବିଜେପିର ପ୍ରସ୍ତାବରେ ସହମତ ହେବାକୁ ଦୁଇ ସହଯୋଗୀ ସଞ୍ଜୟ ଝା ଓ ଲଲନ୍ ସିଂହ ପରୋକ୍ଷରେ ନୀତିଶକୁମାରଙ୍କୁ ବୁଝାଇବାରେ ଲାଗିଥିଲେ ହେଁ ଏହାକୁ ସେ ସ୍ୱୀକାର କରିନାହାନ୍ତି। ତେଣୁ ନୀତିଶ ଓ ବିଜେପି ପରସ୍ପର ସହ ରହିବା ଏକ ରାଜନୈତିକ ବାଧ୍ୟବାଧକତା ଓ ପରସ୍ପରକୁ ସହଯୋଗ କରିବାକୁ ବାଧ୍ୟ। ଏହା ସତ୍ତ୍ୱେ ଏବେ ବି ନୀତିଶ ବିହାରରେ ମୁଖ୍ୟମନ୍ତ୍ରୀ ପଦ ପାଇଁ ପ୍ରମୁଖ ଦାବିଦାର ଓ ଏଥିରେ ସାମାନ୍ୟ ପରିବର୍ତ୍ତନ କେବଳ ବିହାର ନୁହେଁ, ଜାତୀୟ ରାଜନୀତିକୁ ବି ପ୍ରଭାବିତ କରିପାରେ ବୋଲି ରାଜନୈତିକ ସମୀକ୍ଷକମାନେ ମତ ଦେଇଛନ୍ତି।

## ଏଥର କମ୍...

ଏକସଙ୍ଗରେ ମ୍ୟାଚ୍ ଦେଖିପାରୁଥିଲେ। ସିଟ୍ ଗୁଡ଼ିକ ଚଉଡ଼ା କରାଯିବା ପରେ ଏହି ସଂଖ୍ୟା ୩ରୁ ୪ହଜାର ହ୍ରାସ ପାଇବ ବୋଲି ଅନୁମାନ କରାଯାଉଛି।

ବାରବାଟୀ ଟି-୨୦ ପାଇଁ ଡିସେମ୍ବର ୧ ତାରିଖରୁ ଅନଲାଇନ୍ ଟିକଟ ବିକ୍ରି କରାଯିବ ବୋଲି ଜିଲ୍ଲାପାଳ ଦତ୍ତାତ୍ରେୟ ଭାଓସାହେବ ସିନ୍ଦେ ସୂଚନା ଦେଇଛନ୍ତି। ସୋମବାର ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇ ଜିଲ୍ଲାପାଳ କହିଛନ୍ତି, ଡିଷ୍ଟ୍ରିକ୍ଟ ବାଏ ଜୋମାଟୋ ଆପ୍ଲିକେସନ ଏବଂ ୱେବସାଇଟ୍‌ରେ ଅନଲାଇନ୍ ଟିକଟ ଉପଲବ୍ଧ ହେବ। ଅନଲାଇନ୍‌ରେ କେତେ ସଂଖ୍ୟକ ଟିକଟ ବିକ୍ରି ନିମନ୍ତେ ଛଡାଯିବ ତାହା ଘୋଷଣା କରାଯାଇନାହିଁ। ଡିସେମ୍ବର ୫ରୁ କାଉଣ୍ଟର ଟିକଟ ବିକ୍ରି କରାଯିବ। ଏହା ଭିତରେ ଡିସେମ୍ବର ୩ ଏବଂ ୪ ତାରିଖରେ ଓସିଏ ସହ ଅନୁବନ୍ଧିତ ୟୁନିଟଗୁଡ଼ିକୁ ଟିକଟ ବିକ୍ରି କରାଯିବ ବୋଲି କୁହାଯାଇଛି।

## ଅଫେରା ରାଇଜରେ...

ହୋଇଥିବା ବେଳେ ଦାଦା ସଂଗୀତ ସଂଯୋଜକ ଥିଲେ। ପିଲାଦିନରୁ ହ୍ୟୁମାନ୍ ସାଗରଙ୍କ ସଙ୍ଗୀତ ପ୍ରତି ଅହେତୁକ ଦୁର୍ବଳତା ଥିଲା। ସେ ଛୋଟବେଳୁ ହିନ୍ଦୁସ୍ତାନୀ ଶାସ୍ତ୍ରୀୟ ସଙ୍ଗୀତ ଓ ଓଡ଼ିଆ ଲୋକସଙ୍ଗୀତରେ ପ୍ରଶିକ୍ଷଣ ନେଇଥିଲେ। ସେ ବିଭିନ୍ନ ସ୍ଥାନୀୟ ପ୍ରଦର୍ଶନୀରେ ଅଂଶଗ୍ରହଣ କରି ନିଜର ପ୍ରତିଭା ପ୍ରଦର୍ଶନ କରିଥିଲେ। ୨୦୧୨ ମସିହାରେ ତାଙ୍କର ସଙ୍ଗୀତ କ୍ୟାରିଅର ଆରମ୍ଭ ହୋଇଥିଲା। ତରଙ୍ଗ ଟିଭିରେ ଆୟୋଜିତ ରିଅଲିଟି ସୋ' 'ଭଏସ୍ ଅଫ୍ ଓଡ଼ିଶା-ସିଜନ୍-୨' ସେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ଏହି ବିଜୟ ତାଙ୍କୁ ଓଡ଼ିଆ ସଙ୍ଗୀତ ଜଗତରେ ପରିଚୟ ଦେଇଥିଲା। ୨୦୧୫ରେ ହ୍ୟୁମାନ୍ ସାଗରଙ୍କର ପ୍ରଥମ ପ୍ଲେ-ବ୍ୟାକ୍ ଡେବ୍ୟୁ ହୋଇଥିଲା ତରଙ୍ଗ ସିନେ ପ୍ରଡକ୍ସନ୍ ପ୍ରଯୋଜିତ ଓଡ଼ିଆ ସିନେମା 'ଇସ୍କ ତୁ ହି ତୁ'ର ଟାଇଟଲ୍ ଟ୍ରାକ୍‌ରୁ। ଅଭିଜିତ୍ ମଜୁମଦାର ଉକ୍ତ ସଂଗୀତର ନିର୍ଦ୍ଦେଶନା ଦେଇଥିଲେ। ଏହାପରଠାରୁ ହ୍ୟୁମାନ୍ ଆଉ ପଛକୁ ଫେରି ଚାହିଁନାହାନ୍ତି। ଗୋଟିଏ ପରେ ଗୋଟିଏ ହିଟ୍ ଗୀତ ଦର୍ଶକଙ୍କୁ ଭେଟି ଦେଇ ନିଜର ନିଆରା ପରିଚୟ ସୃଷ୍ଟି କରିଥିଲେ। ଚଳଚ୍ଚିତ୍ର, ଆଲବମ୍ ସଙ୍ଗୀତରେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ। ଏପର୍ଯ୍ୟନ୍ତ ସେ ୨୦ରୁ ଊର୍ଦ୍ଧ୍ୱ ସିନେମା ଓ ୧୦୦ରୁ ଊର୍ଦ୍ଧ୍ୱ ଆଲବମ୍‌କୁ ମିଶାଇ ୧୫ଶହରୁ ଊର୍ଦ୍ଧ୍ୱ ଗୀତରେ କଣ୍ଠଦାନ କରିଛନ୍ତି।

## ମାଟିରେ ମିଶିବ...

ବାନ୍ଧିଛନ୍ତି। ବାମ ସମାନ୍ତରାଳ ରାସ୍ତା ପାଇଁ ଶହେରୁ ଊର୍ଦ୍ଧ୍ୱ ଘରକୁ ପୂର୍ବରୁ ଭଙ୍ଗାଯାଇଛି। ଏମାନଙ୍କୁ ବୁଦ୍ଧବିହାରରେ ଥଇଥାନ କରାଯାଇଥିଲା। ହେଲେ ଅନ୍ୟଯେଉଁମାନେ ରହିଯାଇଥିଲେ ସେମାନଙ୍କୁ ଆସନ୍ତାକାଲି ଉଚ୍ଛେଦ କରାଯିବ। ଘର ଭାଙ୍ଗିବାକୁ ଥିବା ବସ୍ତି ବାସିନ୍ଦା ଘର ନୁହେଁ ରାଜଧାନୀରେ ଜମିଦାବି କରୁଛନ୍ତି। ଏଥିପାଇଁ ସେମାନେ ଏହି ଘର ଛାଡିବାକୁ ନାରାଜ। ତେବେ ପ୍ରଶାସନ ଏମାନଙ୍କୁ ଜମି ଦେବା ସପକ୍ଷରେ ନାହିଁ। ଯାହା ଉତ୍ତେଜନା ପ୍ରମୁଖ କାରଣ ପାଲଟିବ। ଏହାକୁ ବିରୋଧ କରିବାକୁ ହଜାର ସଂଖ୍ୟାରେ ଲୋକେ ଏକତ୍ରିତ ହେବେ ବୋଲି ବସ୍ତିନେତାମାନେ କହିଛନ୍ତି। ସକାଳ ୭ଟାରୁ ସାଲିଆସାହି ଆରମ୍ଭ ହେବ ବସ୍ତି ଉଚ୍ଛେଦ କାର୍ଯ୍ୟକ୍ରମ। ଏଥିପାଇଁ ବ୍ୟାପକ ପରିମାଣରେ ଟ୍ରକ୍ ଏବଂ ଜେସିବି ମୁତୟନ କରାଯିବ। ବିଏମ୍‌ସି ପକ୍ଷରୁ ୬୦ ଜଣିଆ ଏନ୍‌ଫୋର୍ସମେଣ୍ଟ ଟିମ୍। ଶହେ କର୍ମଚାରୀ ଘଟଣାସ୍ଥଳରେ ନିୟୋଜିତ କରାଯିବ। ପ୍ରତ୍ୟେକ ଜୋନ୍‌ର ଜୋନାଲ ଅଫିସର ଏବଂ ବିଏମ୍‌ସିର ବରିଷ୍ଠ ଅଧିକାରୀ ଉପସ୍ଥିତ ରହିବାକୁ ବିଏମ୍‌ସି କାର୍ଯ୍ୟାଳୟରେ ଆୟୋଜିତ ବୈଠକରେ ଆଲୋଚନା ହୋଇଛି। ପରିସ୍ଥିତିକୁ ଦୃଷ୍ଟିରେ ରଖି ଦମକଳ ଏବଂ ଆମ୍ବୁଲାନ୍ସ ମୁତୟନ କରାଯିବ। ଏହାସହ ଉଚ୍ଛେଦ ହେଉଥିବା ପରିବାର ଲୋକଙ୍କୁ ବୁଦ୍ଧବିହାର ସ୍ଥିତି ଅସ୍ଥାୟୀ ଟ୍ରାଞ୍ଜିଟ୍ ହାଉସ୍‌ରେ ଥଇଥାନ କରାଯିବ। ପରବର୍ତ୍ତୀ ସମୟରେ ଘର ଯୋଗାଇ ଦିଆଯିବ। ସେହିପରି ବିଡିଏ ପକ୍ଷରୁ ୬ଟି ଏନ୍‌ଫୋର୍ସମେଣ୍ଟ ଟିମ୍ ଘଟଣାସ୍ଥଳରେ ମୁତୟନ ରହିବେ ବୋଲି ସୂଚନା ମିଳିଛି।

### ମହଙ୍ଗା ପଡ଼ିଲା ବିଜେପିର ଜମି ଦେବା ନିର୍ବାଚନ ପ୍ରତିଶ୍ରୁତି

ସାଲିଆସାହିରେ ବସ୍ତି ଭାଙ୍ଗିଲେ ଘର ଦେଇ ଥଇଥାନ କରାଯିବ। ଏଥିପାଇଁ ବୁଦ୍ଧବିହାରରେ ଆବାସ ଘର ନିର୍ମାଣ କରି ଥିଲେ ପୂର୍ବତନ ବିଜେଡି ସରକାର। ହେଲେ ବସ୍ତିବାସିନ୍ଦାଙ୍କ ଭୋଟ୍ ହାତେଇବାକୁ ନିର୍ବାଚନ ବେଳେ ବିଜେପି ଏହାକୁ ସ୍ଥାନୀୟ ଅଞ୍ଚଳରେ ନିର୍ବାଚନର ଏକ ମୁଦ୍ଦା ବନାଇଲା। ଘର ନୁହେଁ ଆମେ ସରକାରକୁ ଆସିଲେ ପ୍ରତ୍ୟେକ ପରିବାରକୁ ଜମି ଦେବୁ। ତାହାପୁଣି ରାଜଧାନୀରେ ୬ ଶହ ବର୍ଗଫୁଟ୍‌ର ଜମି। ଏଥିପାଇଁ ପ୍ରଚାରପତ୍ର ଲୋଖାଯାଇ ଘରେ ଘରେ ବଣ୍ଟାଗଲା। ଲୋକଙ୍କୁ ଜମି ପାଇଁ ଉସୁକାଇଲା। ଭୁବନେଶ୍ୱର ଏମ୍‌ପି ଜାତୀୟସ୍ତରର ଜଣେ ତାରକା ଏମ୍‌ପିଙ୍କୁ ଧରି ସାଲିଆସାହିରେ ଏଭଳି ପ୍ରତିଶ୍ରୁତି ଦେଲେ। ହେଲେ ସରକାରକୁ ଆସିଲା ପରେ ମୁଣ୍ଡରେ ବୁଦ୍ଧି ପସିଲା। ପୂର୍ବ ସରକାର ଯାହା କରୁଥିଲେ ତାହା ଠିକ୍ ବୋଲି କହିଲା। ଜମି ଦେଇ ନୁହେଁ ଘର ଦିଆଯାଇ ଥଇଥାନ କରାଯିବ ବୋଲି ପ୍ରଶାସନ ଦ୍ୱାରା କୁହାଇଲା। କିନ୍ତୁ ବସ୍ତି ବାସିନ୍ଦା ଛାଡିବାକୁ ନାରାଜ। ପ୍ରତିଶ୍ରୁତି ଦେଇଛ ମାନେ ଜମି ଦେବ। ନ ହେଲେ ବିଜେପି ନେତାଙ୍କ ଘର ଘେରିବୁ ବୋଲି ବସ୍ତିବାସିନ୍ଦା ଅଡ଼ିବସିଛନ୍ତି।

### ରାସ୍ତାର ନକ୍ସା ବଦଳାଯାଉ

ଆମେ ବାମ ପାଶ୍ୱର୍ ସମାନ୍ତରାଳ ରାସ୍ତାର ବିରୋଧ କରୁ ନାହୁଁ। ବସ୍ତି ବାସିନ୍ଦା ସହରର ଜୀବନ ରେଖା, ତେଣୁ ସେମାନଙ୍କୁ କର୍ମସ୍ଥଳୀ ନିକଟରେ ବାସସ୍ଥାନ ଯୋଗାଇ ଦେବା ସରକାରଙ୍କର ଦାୟିତ୍ୱ। ସେମାନଙ୍କୁ ଜମି ଅଧିକାର ପ୍ରମାଣପତ୍ର ପ୍ରଦାନ କରାଯାଉ। ଜଙ୍ଗଲ ଜମିରେ ଅନ୍ୟ କିଛି ହୋଇପାରିବ ନାହିଁ କିନ୍ତୁ ରାସ୍ତା କେମିତି ହୋଇପାରିବ। ପ୍ରଥମେ ଏହି ବସ୍ତିରେ ଦୀର୍ଘ ଦିନ ଧରି ଶ୍ରମଜୀବୀ ଲୋକ ରହୁଛନ୍ତି। ତା ପରେ ରାସ୍ତା ନିର୍ମାଣ ହେଉଛି। ତେଣୁ ରାସ୍ତାର ନକ୍ସା ବଦଳାଯାଉ। ବଳପୂର୍ବକ ବସ୍ତି ଉଚ୍ଛେଦ ନ କରାଯାଉ ବୋଲି ବସ୍ତି ସୁରକ୍ଷା ମଞ୍ଚର ସାଧାରଣ ସମ୍ପାଦିକା ପ୍ରମିଳା କହିଛନ୍ତି।

### ସବୁ ଆଲୋଚନା ବିଫଳ

ବିଏମ୍‌ସି ବସ୍ତି ନେତାଙ୍କୁ ନେଇ ଆଲୋଚନା କରିବାକୁ ଚାହୁଁଥିଲା। ହେଲେ ଆଲୋଚନା ବିଫଳ ହେଲା। ଫଳରେ ଏଭଳି ନିଷ୍ପତ୍ତି ନିଆଯାଇଛି ବୋଲି ବିଏମ୍‌ସି ପକ୍ଷରୁ କୁହାଯାଇଛି। ଅନ୍ୟପକ୍ଷରେ ସୋମବାର ପୁଲିସ ବସ୍ତିବାସିନ୍ଦାଙ୍କ ସହ ଆଲୋଚନା କରିବାକୁ ଡାକିଥିଲା। କୁହାଯାଇଥିଲା ଡିସିପି ଆଲୋଚନା କରିବେ। ହେଲେ ନାଆ ଥାନା ଅଧିକାରୀ। ନାଆ ଡିସିପି କେହି ଆସିଲେନି। ବହୁତ ଲୋକ କ'ଣ ପାଇଁ ଆସିଛ ବୋଲି କହି ନୂଆପଲ୍ଲୀ ଥାନା ସେମାନଙ୍କୁ ଫେରାଇ ଦେଲା।

---

GOVERNMENT OF ODISHA
OFFICE OF THE EXECUTIVE ENGINEER MURAN DAM DIVISION, KHATIGUDA UPPER INDRAVATI DAM CIRCLE
AT/PO-KHATIGUDA, DIST- NABARANGPUR, PIN-764085

A-869

Email id- eemurandamdivision@gmail.com

**TENDER CALL NOTICE NO. EEMDD- 03/2025-26, DATED: 06.11.2025**

Bid Documents consisting of work, Estimated Cost, time of completion, Class of Contractors, the set of terms & conditions of contract & other necessary documents can be seen at Office of The Executive Engineer, Muran Dam Division, Khatiguda.

| | | |
|---|---|---|
| 1 | Name Of the Work | : "Deployment of one light Commercial Vehicle (Bolero/TUV-300/SUMO Gold/Ertiga) on hire basis to be engaged for official use of the Executive Engineer, Muran Dam Division, UIDC, Khatiguda for one year / 12 calendar months". |
| 2 | Number of works | One |
| 3 | Estimate cost | Rs. 4,46,400/- (Excluding GST) |
| 4 | Eligibility of the bidders | : Registered Travel Agency / Tour Operators / Private individuals Light Vehicle owners authorized to use the vehicle for commercial purpose having commercial registration certificate, GST Registration No. & PAN. |
| 5 | Period of contract | : 12 (Twelve) Calendar Months |
| 6 | Date & Time of Availability of bid document at the office | From 14.11.2025 (11:00 AM) to 21.11.2025 up to (01:00 PM) |
| 7 | Last Date and Time for receipt of bid at the office | 21.11.2025 (05:00 PM) |
| 8 | Date of opening of the bids online | 24.11.2025 (12:30 PM) |
| 9 | Name & address of the Office of the Office Inviting Bid | Office of The Executive Engineer, Muran Dam Division, At/Po: Khatiguda, Dist.: Nabarangpur, PIN-764085 |

Further details can be seen at the Office of The Executive Engineer, Muran Dam Division, Khatiguda. Any Addendum/Corrigendum/Cancellation, if required, will be published on the Notice Board only.

OIPR

Sd/- Executive Engineer, Muran Dam Division, Khatiguda

---

**OFFICE OF THE SUPERINTENDING ENGINEER, NIMAPARA IRRIGATION DIVISION, NIMAPARA**

e-mail Address: eenidnimapara@gmail.com

**1st Corrigendum to e-Procurement Notice No.04 of 2025-26/ Dated 28.10.2025**

**NID FOR CANCELLATION**

No.A-898: The tender for the NID-141 of 2025-26 is here by cancelled due to technical reason.

| Sl. No. | Name of the Work | Bid Identification No. | Tender Cost (in Lakh) (Excl.GST) | EMD | Cost of Document (Online) | Class of bidder | Period of Completion (in days) | Name of Sub-Division |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| 8 | Improvement to Service Road on K.V. Left Embankment from Marine Drive Road to New Fire Training Building. | NID-141/ 25-26 | 23.62 | 23,700 | 6000/- | "C" & "B" | 4 (Four) Calendar Months | Gop |

All other Terms and Conditions will be remained unchanged.

OIPR-

Sd./- Superintending Engineer
Nimapara Irrigation Division, Nimapara

---

**AFFIDAVIT**

By virtue of an affidavit sworn before Executive Magistrate Bhubaneswar on dated, 17.11.2025, I Rita Kumari Naik resident At-Hariom Colony, Mission Chowk, Word No. 10, Po/Ps- Sundargarh Town, Dist-Sundargarh, Odisha, PIN-770001, declare that I have changed my name from Rita Patel to Rita Kumari Naik. Henceforth, He shall be known as **RITA KUMARI NAIK** for all purposes.

---

**LOST**

I, Sri Sana Pangi, S/o- Late Amaya Pangi resident of Vill.- Raipada, Po.- Godihanjar, Ps.- Machkund, Dist.- Koraput state that, I am having a landed property of Mouza- Godihanjar under khata no.-48, Area- AC-7.89 Centin the name of Ghasi Pangi, Raji Pangi and Sana Pangi joint record. Original ROR has been misplaced when I traveled from Raipada to Jeypore. Inspite of my best effort I am unable to trace it out and it is beyond recovery. If in future any person has found the Original ROR while in contact with Sana pangi. Mob No.- 9337954554.

---

ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର
ODISHA STATE OPEN UNIVERSITY, SAMBALPUR
Established by an Act of Government of Odisha.

No. 2710/OSOU/2025 Dt. 17.11.2025

**SHORT TENDER NOTICE**

Odisha State Open University, Sambalpur invites Short Tender Notice for Event Management Services for PRAYAS: National Conference-2025 to be held from 13th to 15th December, 2025 in the University Campus for successful completion of the Event.

The interested agencies having experiences in the said services may visit our website www.osou.ac.in for more details. Last date of submission of tender proposal - 02.12.2025 (5.00 PM) by Speed Post /Regd. Post.

For more details visit our website:
**www.osou.ac.in**

Sd-
Registrar

---

**OFFICE OF THE NOTIFIED AREA COUNCIL, KODALA**

Government of Odisha

Odisha, PIN -761032, e-Mail: - nackodala@gmail.com

Lt. No.3140/Dev/2025 Dated.12.11.2025

**e- NOTICE**

**BID IDENTIFICATION No.KOD-NAC-12/2025-26**

C-: The Executive Officer, NAC, Kodala, on behalf of Governor of Odisha invites for consultancy or bidders of eligible class registered with the State Govt. and bidders of equivalent grade/ class registered with central Govt./ MES/Railways according to norm of e-procurement system in online mode for the work as per DTCN.

1. Name of the Work :- Civil Work
2. Number of Work :- 11 Nos.
3. Estimated cost :- As per DTCN
4. Period of Completion :- As per DTCN
5. Date and Time of availability of Bid Document in the Portal :- From 10.00AM of Dt. 13/11/2025 to 5.00PM of Dt. 26/11/2025
6. Last date and time for receipt of Bid in the Portal :- 5.00PM of Dt. 26/11/2025
7. The bid received online shall be opened on :- 11.00 AM of dtd. 27/11/2025
8. Name and Address of the Officer inviting Bid : Executive Officer, NAC, Kodala

Further details can be seen from the Procurement Portal: www.tendersorissa.gov.in.

OIPR-

Sd./- Executive Officer, Kodala NAC

---

C-1450

**GOVERNMENT OF ODISHA**
**OFFICE OF THE SUPERINTENDING ENGINEER**
**P.H. DIVISION, BHANJANAGAR AT CHATRAPUR**

E-mail : eephchpr@gmail.com

**NATIONAL COMPETITIVE BIDDING THROUGH e-Procurement**

Bid Identification No.52/03/SPH(C)/2025-26 dt.07.11.2025

1. Name of the work — 5 (Five) nos. of works
2. Estimate cost — 7.39 lakh to 40.64 lakhs
3. Date & time of availability of bid document in the portal — From 11.00 AM of 15.11.2025 to 5.30 PM of 01.12.2025
4. Last Date / Time of receipt of bid in the portal — 5.30 PM of 01.12.2025
5. Date and time of opening of bids — 1.00 P.M. on dated.03.12.2025
6. Name and address of the Officer inviting the bid — Superintending Engineer, P.H. Division, Bhanjanagar at Chatrapur

Further details can be seen from the e-procurement portal https://www.tenderorissa.gov.in.

OIPR-

Sd./- Additional Chief Engineer
P.H. Division, Bhanjanagar
at Chatrapur

---


ADMISSION NOTICE-2025-26

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

Campus:
262, Puranpadhan, Balakati, Bhubaneswar

Mob. 7019799641, 7978608747
9853801459
Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL


---

**AFFIDAVIT**

By virtue of an affidavit no.2889, dtd.16.10.2025 before Notary Public, Jatni, I, Laxmipriya Maharana, At- Loco Settlement, PO/PS-Jatni, Dist-Khordha, present residing at Ananda Vihar, Godadharmasagar, Jatni, PO/PS-Jatni, Dist-Khordha -752050 have changed my name from Bisnupriya Moharana to Laxmipriya Maharana. Henceforth, I shall be known as Laxmipriya Maharana for all purposes.

Sd/-Laxmipriya Maharana

---

**AFFIDAVIT**

**I, Beautirani Parichha,** D/o.: Mrutyunjaya Parichha, Permanent resident of At/PO.: Narayanpur, P.S.: Rayagad, Dist.: Gajapati, Odisha-761212 declare by this Affidavit No.: 6017, sworn before Executive Magistrate, Angul on Dt.17.11.2025 that from now onwards my name Beauti Parichha will be known as **Beautirani Parichha** for all future legal purposes.

---

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar Address dated 3.11.2025, I, Baidhar Shau, Vill-Narasinghpur, P.O.:-Bhandaridiha, Dist-Kendujhar, Pin-758025, Odisha declare that, the name of my daughter has changed from Dipika Priyadarshini Shau to Dipika Priyadarshini Sahu. Henceforth, she will be known as Dipika Priyadarshini Sahu for all purposes.

---

**AFFIDAVIT**

By Virtue of an affidavit dtd. 16.11.2025 before the Notary Public, M.Rampur, Dist Kalahandi,I, Binod Kumar Sahu, Have changed my minor daughter name and DOB from Pragya parimiti Sahu, DOB- 28.05.2012 to Pragya Parimita Sahu, DOB-23.04.2012. Hence forth she will be Known as pragya Parimita Sahu and her DOB is 23.04.2012 for all purposes.

Sd/- Binod Kumar Sahu

---

**AFFIDAVIT**

By virtue of an affidavit no.2888, dtd.16.10.2025 before Notary Public, Jatni, I, Chakradhar Maharana, residing at Ananda Vihar, Godadharmasagar, Jatni, PO/PS–Jatni, Dist-Khurda, Pin–752050 have changed my name from Chakrapani Moharana to Chakradhar Maharana. Henceforth, I shall be known as Chakradhar Maharana for all purposes.

Sd/-Chakradhar Maharana

---

**AFFIDAVIT**

I JAMI RASHMITA, W/o JAMI ANIL KUMAR, resident of At- Gulipatna, Po./Ps.- Umarkote, ,Dist.- Nabarangpur- 764 073 Odisha declare by this Affidavit No.1893, Dated-11/11/2025,that now onwards I shall be known as **JAMI RASMITA PATRA** for all future purpose.

---

**AFFIDAVIT**

By virtue of an affidavit sworn before the Executive Magistrate, Badasahi, Mayurbhanj, dated 10.10.2025, I Apurba Naik, Address At-Narankhunta, Po-Narankhunta, Ps-Badasahi, Dist-Mayurbhanj, State-Odisha, Pin-757075 declare that I have changed my name from Arghuba Naik to Apurba Naik. Henceforth , I shall be known as Apurba Naik for all purposes.

Sd/- Apurba Naik

---

**AFFIDAVIT**

I, Gohil Mosinbhai Husenibhai, S/o- Husenibhai Rasulbhai gohil, resident of 364/1900, Sarala Nagar, Laxmisagar, Bhubaneswar (M.C), Khordha, Odisha, Pin-751006, declare by this affidavit No.311/2025, dated-11.11.2025, that now onwards I shall be known as **Mohsinbhai Husenibhai Gohil** for all future purposes.

---

**AFFIDAVIT**

By virtue of an affidavit (CF No. 16, date- 17/11/2025) before the Executive Magistrate, Bhubaneswar. I, **Rubina Sahoo,** (Mobile Number: 7894244302), W/o Panchanan Sahoo, resident of At- Plot No. LIG-231, Baramunda Housing Board Colony, Near Radhakrishna Temple, Baramunda, Bhubaneswar, Dist-Khurda, Odisha, PIN- 751003, Odisha declare that, I have correction my name from **Rubina Rani Sahoo to Rubina Sahoo** in my son's school record (Name: **Biswaroop Sahoo,** School: KV-2, Bhubaneswar).

**Rubina Sahoo**

---

**AFFIDAVIT**

Punam Agarwalla, D/O-Sarat Chandra Tulsian, Residence of ward no-2 Babusahi, po-Baripada, ps-Baripada Town, Dist-Mayurbhanj-757001 Odisha, declared by this affidavit no-243,Dated-17/11/2025 that now onwards I shall be known as **PUNAM AGARWAL** for all future purpose.

---

**AFFIDAVIT**

By virtue of an affidavit sworn before the Executive Magistrate, Baramba Dt. 27.10.2025 I Santosh Kumar Sahoo of Vill/Po-Jhajia, Ps-Baramba, Dist-Cuttack declare that I have changed the name of my minor daughter name from Nishigandha Sahoof to Nishigandha Sahoo in Aadhar card. Henceforth, she shall be known as **Nishigandha Sahoo** for all purposes.

---

**AFFIDAVIT**

I, Rasmi Ranjan Barik, aged about 48 years, S/o Late Rabindra Kumar Barik, resident of At-Baulakuda, Dadhibamanpur, Bentkar, Dist- Cuttack, PIN-754112, Odisha declare by this affidavit No. 9829, date- 19/09/2025, that now onwards I shall be known as **RASHMI RANJAN BARIK** for all future purposes.

---

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, SL.No- 3 on dated 17-11-2025 I, **MADHUSREE KUANR,** W/o Bikash Chandra Rout permanent resident of Plot No- B/27/A, Phase-2, Krishna Garden, Jagamara, VTC- Khandagiri, Po- Khandagiri, Ps- Khandagiri, Dist-Khordha, Pin- 751030, declare that I have changed my name from **MADHUSHRI ROUT** (Old name) to **MADHUSREE KUANR** (New name), Henceforth, I shall be known as **MADHUSREE KUANR** for all future purposes.

Sd-( **MADHUSREE KUANR**)

---

**AFFIDAVIT**

By virtue of an affidavit before The Notary Public, Titilagarh, on dated-17/11/2025. I, **Jangyasini Nag** (new name) formerly called as Jagyanseni Nag (old name), D/o Bhima Nag, Permanent resident of At- Belpadar, P.O. Sirol, P.S. Titilagarh, Dist- Balangir (Odisha), PIN- 767033 now residing at the same place affirm that I have changed my name from **Jagyanseni Nag** (old name) to **Jangyasini Nag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Jangyasini Nag** (new name).

**Jangyasini Nag**

---

**AFFIDAVIT**

By virtue of an affidavit before the Notary Public, Titilagarh, on dated-17/11/2025. I, **Subash Murlli** (applicant name), S/o- Narasingha Murlli, permanent resident of AT-Sargiguda W.N. 1, Titilagarh, PO/PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor daughter's name from **Bubul Murali** (old name) to **Bulbul Murlli** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Bulbul Murlli** (new name) for all future purposes.

**Subash Murlli**

ସକାଳ THE SAKALA



www.sakalaepaper.com

# ନାଇକେନପାଲିରେ ତମାଖୁ ମୁକ୍ତ ଅଭିଯାନ



**ଲଛିପୁର,୧୭।୧୧(ସମିସ):** ସୋନପୁର ବ୍ଲକ ଅନ୍ତର୍ଗତ ନାଇକେନପାଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଯୁବ ସମାଜ ପାଇଁ ତମାଖୁମୁକ୍ତ ଅଭିଯାନ ୩. ୦ ଅଧ୍ୟକ୍ଷ ଡାକ୍ତର ରାମଶଙ୍କର ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ସୋମବାର ଅନୁଷ୍ଠିତ ହୋଇଯାଇଛି । ସମ୍ମାନିତ ଅତିଥି ଭାବରେ ଅତିରିକ୍ତ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ (ରୋଗ ନିୟନ୍ତ୍ରଣ) ଡା. ରମେଶ ଚନ୍ଦ୍ର ସ୍ୱାଇଁ , ଏନସିଡି. ମ୍ୟାନେଜର ଆଲୋକ କୁମାର ମିଶ୍ର, ନାରାୟଣପୁର ପଞ୍ଚାୟତ ହାଇସ୍କୁଲ ଭୁବନେଶ୍ୱର ପାଣିଗ୍ରାହୀ, ନାରାୟଣପୁର ପଞ୍ଚାୟତ କଲେଜ ସୁନୀଲ ଭୋଇ, ଲଛିପୁର ଥାନା ଏସ୍ଆଇ ଆର୍ତ୍ତତ୍ରାଣ ସାହୁ, ସ୍ଥାନୀୟ ଆୟୁଷ ଡାକ୍ତର ଡା. ଖୁସବୁ ଅଗ୍ରୱାଲ (ଦାନ୍ତ ବିଶେଷଜ୍ଞ), ଫାର୍ମାସିଷ୍ଟ, ସୁପରଭାଇଜର, ସମସ୍ତ ସିଏଚଓ ଏବଂ ସମସ୍ତ ଏଏନ୍ଏମ୍ ଉପସ୍ଥିତ ଥିଲେ । ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧ୍ୟକ୍ଷ ଡା. ତ୍ରିପାଠୀ ତମାଖୁ ଦ୍ୱାରା ହେଉଥିବା ରୋଗଗୁଡ଼ିକ ଉପରେ କହିବା ସହ ଯୁବ ସମାଜ ଉପରେ ଏହା କିପରି ପ୍ରଭାବ ପକାଉଛି ଓ ଏହାର ପ୍ରତିକାର ବିଷୟରେ ତାଲିମ ଦେଇଥିଲେ । ଏହା ସମେତ ଜନସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରିଣୀ ନଳିନୀପ୍ରଭା ମେହେର, ଗୋଷ୍ଠୀ କାର୍ଯ୍ୟକ୍ରମ ପରିଚାଳକ ପ୍ରିୟରଞ୍ଜନ ସାହୁଙ୍କ ତତ୍ତ୍ୱାବଧାନରେ ତାଲିମ କେନ୍ଦ୍ର ଅନୁଷ୍ଠିତ ହୋଇଥିଲା । ଆଶା, ପଞ୍ଚାୟତ କଲେଜ ଓ ହାଇସ୍କୁଲର ଛାତ୍ରଛାତ୍ରୀଙ୍କ ପକ୍ଷରୁ ଏନେଇ ସଚେତନତା କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା । ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ ।

# ସୁନାପାଲିପଞ୍ଚାୟତ ଅଭିଯୋଗ ଶୁଣାଣି




**ଡୁଙ୍ଗୁରିପାଲି,୧୭।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ବ୍ଲକ ସୁନାପାଲି ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ସୋମବାର ପଞ୍ଚାୟତସ୍ତରୀୟ ଯୁଗ୍ମ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି । ଡୁଙ୍ଗୁରିପାଲି ବିଡିଓ ଦିଲ୍ଲୀପ କୁମାର ବାଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଅଭିଯୋଗ ଶୁଣାଣିରେ ସ୍ଥାନୀୟ ସରପଞ୍ଚ ପୁଷ୍ପାଞ୍ଜଳି ସେଠ, ପିଇଓ ବିଭିଷଣ ମୁଦୁଲିଙ୍କ ସହ ବ୍ଲକର ବିଭିନ୍ନ ବିଭାଗର ସରକାରୀ ଅଧିକାରୀ ଉପସ୍ଥିତ ଥିଲେ । ପଞ୍ଚାୟତ ଅଧୀନସ୍ଥ ବିଭିନ୍ନ ଗ୍ରାମରୁ ୧୮ ଜଣ ବ୍ୟକ୍ତିଗତ ବିଭିନ୍ନ ସମସ୍ୟାକୁ ନେଇ ପ୍ରଶାସନ ନିକଟରେ ଅଭିଯୋଗ ପତ୍ର ଦାଖଲ କରିଥିଲେ । ଏହି ଅଭିଯୋଗ ଶୁଣାଣିରେ ବିଭିନ୍ନ ବିଭାଗର କାର୍ଯ୍ୟରତ ଅଧିକାରୀ ଓ କର୍ମଚାରୀମାନେ ଯୋଗଦେଇଥିଲେ ।

# ଉପଖଣ୍ଡ ସାମ୍ବାଦିକ ସଂଘର ବୈଠକ



**ବୀରମହାରାଜପୁର,୧୭ ।୧୧(ସମିସ):** ବୀରମହାରାଜପୁର ଉପଖଣ୍ଡ ସାମ୍ବାଦିକ ସଂଘର ଏକ ବୈଠକ ଆଜି ସ୍ଥାନୀୟ ମୈତ୍ରୀସଦନଠାରେ ସଂଘର ସଭାପତି ସ୍ୱୟମ୍ଭୁନାଥ ଖଣ୍ଡାଗିରିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ଉଲୁଣ୍ଡା ବ୍ଲକର ବରିଷ୍ଠ ସାମ୍ବାଦିକ ଗୌରଚନ୍ଦ୍ର ପରିଛାଙ୍କ ବିୟୋଗରେ ତାଙ୍କ ଆତ୍ମାର ସଦଗତି ପାଇଁ ଦୁଇ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା । ସହସମ୍ପାଦକ ଯୁଗଳ କିଶୋର ମିଶ୍ର ପୂର୍ବ ବୈଠକର ବିବରଣୀ ପାଠ କରିଥିଲେ । ପରେ ସଂଘର ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଆଲୋଚନା ହୋଇଥିଲା । ସଂଘର ସମ୍ପାଦକ ବାସୁଦେବ ପଣ୍ଡା, ସୋମିତ୍ରୀ ମେହେର, ନନ୍ଦକିଶୋର ମିଶ୍ର, ଆଦିତ୍ୟେଶ୍ୱର ମିଶ୍ର, ଅଜିତ ପାଣିଗ୍ରାହୀ, ସତ୍ୟବାନ ପୁରୋହିତ, କିଶୋର ହୋତା, ରାଜେଶ ସେଠୀ, ରବୀନ୍ଦ୍ର ହୋତା, ଶେଷଦେବ ବାରିକ, ରାଧାକାନ୍ତ ବାଘ, ପୀତାମ୍ବର ସାହୁ, ସତ୍ୟବ୍ରତ ପ୍ରଧାନ, ସୁଧୀର ବିଶ୍ୱାଳ. ଶେଷଦେବ ବାରିକ ପ୍ରମୁଖ ଏଥିରେ ଅଂଶଗ୍ରହଣ କରିଥିଲେ ।

# ଜିଲ୍ଲାସ୍ତରୀୟ ପଦଯାତ୍ରା ଉପଲକ୍ଷେ ପ୍ରସ୍ତୁତି



**ବୌଦ୍ଧ,୧୭ ।୧୧(ସମିସ):** ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ପଦଯାତ୍ରାର ଶେଷ ପ୍ରସ୍ତୁତି ବୈଠକ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ସକାଳ ୭ .୩୦ରେ ଜଗନ୍ନାଥ ମନ୍ଦିର ପାଖରୁ ଏହି ପଦଯାତ୍ରା ଆରମ୍ଭ ହୋଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କାଳେଶ୍ୱର ଛକ, ମାଉଲସିଙ୍ଗା ଛକ, ବୁଟୁପାଲି ଛକ, ପଲାଶ ଛକ, ରାଜନପାଲି ଛକ, ଏନଏସି. ଛକ, ଏଏନଏମ. ଛକ ଦେଇ ବ୍ରିଜ ଛକଠାରେ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯିବ । ଏହି ଉପଲକ୍ଷେ ଜଗନ୍ନାଥ ମନ୍ଦିରରୁ ପଦଯାତ୍ରା ବାହାରିବ ।

## ସୋହଲା ପାକ୍ସରୁ ଧାନ ଚୋରି

# ୨ ଟ୍ରକ୍ ଅଟକ ରଖିଲେ ଚାଷୀ; ଯୋଗାଣ ଅଧିକାରୀଙ୍କ ତଦନ୍ତ

ଡୁଙ୍ଗୁରିପାଲି,୧୭।୧୧(ସମିସ)




ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ବ୍ଲକ୍ ସୋହଲା ପାକ୍ସରୁ ଗତ ୧୪ ତାରିଖ ରାତ୍ରି ପ୍ରାୟ ୮ଟା ସମୟରେ ଦୁଇଟି ଟ୍ରକ୍ ଯୋଗେ ଧାନ ଚୋରି ହେଉଥିବା ସନ୍ଦେହ କରି ସୋହଲା ଗ୍ରାମର କ୍ଷମାନିଧି ମେହେରଙ୍କ ନେତୃତ୍ୱରେ କେତେକ ଚାଷୀ ଧାନ ବୋଝାଇ ଟ୍ରକ୍କୁ ଅଟକ ରଖି ଡୁଙ୍ଗୁରିପାଲି ପୁଲିସକୁ ଖବର ଦେଇଥିଲେ । ଫଳରେ ଧାନ ବୋଝାଇ ଟ୍ରକ୍ ପେକ୍ସ୍ ନିକଟରେ ଅଟକି ରହିଥିଲା । ଚାଷୀଙ୍କ ଅଭିଯୋଗ କ୍ରମେ ଆଜି ଅପରାହ୍ନ ୪ଟାରେ ସୋନପୁର ଯୋଗାଣ ଅଧିକାରୀ କେଦାରନାଥ ନାଏକ ସୋହଲା ପେକ୍ସରେ ପହଞ୍ଚି ଏହାର ଅନୁସନ୍ଧାନ ପୂର୍ବକ ଯାଞ୍ଚ ପ୍ରକ୍ରିୟା ଜାରି ରଖିଥିଲେ । ଚାଷୀଙ୍କ କହିବା ମୁତାବକ, ସୋହଲା ଗ୍ରାମର ୧୫ ଜଣ ଚାଷୀଙ୍କର କ୍ୱିଣ୍ଟାଲ,କ୍ୱିଣ୍ଟାଲ ଧାନ ଗତ ପାଞ୍ଚ ମାସ ଧରି ପେକ୍ସରେ ପଡି ରହିଥିଲା । ଚାଷୀଙ୍କ ଏହି ଧାନକୁ ଗୋଦାମ ଘରେ ସାଇତି ନରଖି ପେକ୍ସ୍ ସମ୍ପାଦକ ମିଲ ମାଲିକଙ୍କ ସହ ଚୁକ୍ତି କରିବା ପୂର୍ବକ ତାଙ୍କ ସକାଶେ ଗୋଦାମ ଘର ଉଦ୍ଦେଶ୍ୟମୂଳକ ଭାବରେ ସଂରକ୍ଷିତ ରଖିଥିଲେ । ଗୋଦାମ ଘର ବାହାରେ ଚାଷୀଙ୍କ ଧାନ ପଡ଼ି ରହିଥିବା ଦୃଷ୍ଟିରୁ ଚାଷୀମାନେ ବହୁ କାଁଶରେ କ୍ଷେତିଗ୍ରସ୍ତ ହୋଇଥିବା ପ୍ରକାଶ କରିଥିଲେ । ତେବେ ଗତ ପାଞ୍ଚ ମାସରୁ ଗୋଦାମ ଘର ବାହାରେ ପଡି ରହିଥିବା ଚାଷୀଙ୍କ ଧାନ ରକ୍ଷଣା ବେକ୍ଷଣ ଦିଗରେ ସମ୍ପାଦକ ନିତାଇ ଚରଣ ପଣ୍ଡା ଆଦୌ ଦାଇତ୍ୱ ନିର୍ବାହ କରି ନଥିବା ଚାଷୀମାନେ ଅଭିଯୋଗ କରିଛନ୍ତି । ଜିଲ୍ଲା ଯୋଗାଣ ଅଧିକାରୀଙ୍କୁ ଏ ବାବଦରେ ପଚାରିବାରୁ ଲୋକନାଥ ମିଲ ମାଲିକଙ୍କ ସହ ପେକ୍ସରେ ଧାନ ଭର୍ତ୍ତି ରଖିବାକୁ ଏକ ଚୁକ୍ତି ହୋଇଥିବା ପ୍ରକାଶ କରିଥିଲେ । ତେବେ ସମ୍ପାଦକ କେଉଁ ମହତ ଉଦ୍ଦେଶ୍ୟ ରଖି ଚାଷୀ ମାରଣ ନୀତିରେ ସମ୍ପୃକ୍ତ ରହୁଛନ୍ତି ତାହା ଅନୁସନ୍ଧାନ ସାପେକ୍ଷ ବୋଲି ସାଧାରଣରେ ମତ ପ୍ରକାଶ ପାଇଥିଲା ।

# 'ଅଭିଭାବକ ଆମର ଅଂଶୀଦାର' କାର୍ଯ୍ୟକ୍ରମ

**ବୀରମହାରାଜପୁର,୧୭।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ବ୍ଲକ୍ ଅନ୍ତର୍ଗତ ଦୁର୍ଜନତୈଳା ଗ୍ରାମପଞ୍ଚାୟତ କୁଞ୍ଜାପାଲି ଆଶ୍ରମ ସ୍କୁଲ୍ରେ ବିର୍ସାମୁଣ୍ଡା ଜୟନ୍ତୀ ଉପଲକ୍ଷେ 'ଅଭିଭାବକ ଆମର ଅଂଶୀଦାର' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ପ୍ରଧାନ ଶିକ୍ଷକ ଜୟଗୋପାଳ ସେଠ୍ଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବୀରମହାରାଜପୁର ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପୁରୁଷୋତ୍ତମ ଧାରୁଆ ମୁଖ୍ୟଅତିଥି, ଜିପିଇଓ ସନାତନ ମହାଲିକ, ଓଡ଼ିଶା ଜୀବିକା ମିଶନର ବିପିସି ଶାନ୍ତନୁ ମେହେର, ବିଏଲ୍ସି ରମାକାନ୍ତ ହରିପାଲ, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ସତ୍ୟନାରାୟଣ ପଧାନ, ଦୁର୍ଜନତୈଳା ପଞ୍ଚାୟତର ସରପଞ୍ଚ ବିଷ୍ଣୁପ୍ରିୟା କୁମ୍ଭାର, ପରିଚାଳନା କମିଟିର ସଭାପତି ପ୍ରଭାତୀ ବଗର୍ତ୍ତୀ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ । ଏହି ଅବସରରେ ଛାତ୍ରଛାତ୍ରୀ ଓ ଅଭିଭାବକଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା କରଯାଇଥିଲା । ଶିକ୍ଷକ ରାଜୀବ ପଧାନ, ଦିବ୍ୟ ନାଏକ, ଶିକ୍ଷୟିତ୍ରୀ ମାଳିନୀ ରାଉତ, ଶତାବ୍ଦୀ ସ୍ମରଣିକା ପୁରୋହିତ ଓ ରଞ୍ଜିତା ପଟେଲ ବିଚାରକ ଭାବେ ଯୋଗଦେଇଥିଲେ । ଚିତ୍ରାଙ୍କନ ପ୍ରତିଯୋଗିତାରେ ଦୀପକ ମୁଣ୍ଡା, ଗୁଣନିଧି ମୁଣ୍ଡା, ଅଜିତ୍ ସୁରେନ୍ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଥିଲେ । ବାଳିକା ବିଭାଗର କୁଇଜ୍ ପ୍ରତିଯୋଗିତାରେ ରୀନା ମୁଣ୍ଡା, ଅଞ୍ଜଳୀ ପଧାନ ଦ୍ୱିତୀୟ ଓ ଅଙ୍କିତା ଚିର୍ଗୁଣ ତୃତୀୟ ସ୍ଥାନ ଅଧିକାର କରିଥିଲେ । ଅଭିଭାବକମାନଙ୍କ ମଧ୍ୟରେ ପୁରୁଷ ବିଭାଗର ସୁନ୍ଦର ହସ୍ତାକ୍ଷର ପ୍ରତିଯୋଗିତାରେ ଅନାଦି ଜଗଦଳା, ବିର୍ସା ପଧାନ, ଓ ବଶିଷ୍ଠ ମହାନନ୍ଦ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଥିଲେ । ସେହିପରି ମହିଳା ବିଭାଗର ରଙ୍ଗୋଲି ପ୍ରତିଯୋଗିତାରେ ଝିଲ୍ଲି ବିଭାର ପ୍ରଥମ, ବୁଧୁବରି ଅହିରାଜ୍ ଦ୍ୱିତୀୟ ଓ ଅନିତା ଗରୁଡ ତୃତୀୟ ସ୍ଥାନ ହାସଲ କରିଥିଲେ । ସମସ୍ତ କୃତି ପ୍ରତିଯୋଗୀଙ୍କୁ ମାନପତ୍ର, ଉପଢୌକନ ଦେଇ ପୁରସ୍କୃତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ଆଇସିଡିଏସ, ମିଶନଶକ୍ତି, ସ୍ୱାସ୍ଥ୍ୟ, ପଞ୍ଚାୟତିରାଜ ଆଦି ବିଭାଗର ଅଧିକାରୀମାନେ ବିଭିନ୍ନ ଜନକଲ୍ୟାଣ ଯୋଜନା ସମ୍ପର୍କରେ ବୁଝାଇଥିଲେ । ଶେଷରେ ଆଶ୍ରମ ସ୍କୁଲର ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା । ପ୍ରାରମ୍ଭରେ ଶିକ୍ଷକ ନବ ପୋଥେଲ ସ୍ୱାଗତ ଭାଷଣ ଓ ସୁଜିତ୍ କର୍ମୀ ପରିଚୟ ପ୍ରଦାନ କରିଥିବାବେଳେ ପ୍ରଶାନ୍ତ ପୁରୋହିତ ଧନ୍ୟବାଦ ଅର୍ପଣ କରିଥିଲେ ।

# ବ୍ଲକ୍ସ୍ତରୀୟ ମିଳିତ ଅଭିଯୋଗ ଶୁଣାଣି



**ତରଭା,୧୭।୧୧(ସମିସ):** ସୁବର୍ଣ୍ଣପୁର ଜିଲ୍ଲା ତରଭା ବ୍ଲକ୍ସ୍ତରୀୟ ମିଳିତ ଅଭିଯୋଗ ଶୁଣାଣି ଓ ଉପଶମ ଶିବିର ତରଭା ପଞ୍ଚାୟତ ସମିତି ଅନ୍ତର୍ଗତ ତୁଲୁଣ୍ଡା ପଞ୍ଚାୟତ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ରାଜେନ୍ଦ୍ର ମାଝୀ ଓ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ କେକେ ହରି ପ୍ରସାଦ ଏଥିରେ ଯୋଗଦେଇ ଜନସାଧାରଣଙ୍କ ବିଭିନ୍ନ ଆପତ୍ତି ଓ ସମସ୍ୟା ନିହିତ ସର୍ବମୋଟ ୧୦୨ଟି ପଞ୍ଜିକୃତ ଅଭିଯୋଗ ଦରଖାସ୍ତ ଗ୍ରହଣ କରିଥିଲେ । ତନ୍ମଧ୍ୟରୁ ୭୬ଟି ଦରଖାସ୍ତ ବ୍ୟକ୍ତିଗତ ଥିବା ବେଳେ ୨୬ଟି ସାମୁହିକ ଅଭିଯୋଗ ରହିଥିଲା । ୪ଟି ଅଭିଯୋଗ ପତ୍ରର ଶିବିରରେ ସମାଧାନ କରାଯାଇଥିଲା । ସମସ୍ତ ସାମୁହିକ ଓ ବ୍ୟକ୍ତିଗତ ଅଭିଯୋଗ ଦରଖାସ୍ତଗୁଡ଼ିକୁ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ସମାଧାନ କରିବା ପାଇଁ ସମ୍ପୃକ୍ତ ବିଭାଗର ଅଧିକାରୀଙ୍କୁ ପ୍ରଦାନ କରାଯାଇଛି । ତରଭା ବିଡିଓ ଗଙ୍ଗାରାମ ବୁଡେକଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି ଯୁଗ୍ମ ଅଭିଯୋଗ ଶୁଣାଣିରେ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ଅଶ୍ୱିନୀ କୁମାର ମେହେର, ଭାରପ୍ରାପ୍ତ ଉପ ଜିଲ୍ଲାପାଳ ସତ୍ୟ ସୁନ୍ଦର ରାଉତ, ଉଲୁଣ୍ଡା ସରପଞ୍ଚ ଉମା ସାହୁଙ୍କ ସମେତ ତହସିଲଦାର ଶ୍ୱେତଲିନା ମାହାରଣା, ବିଭିନ୍ନ ଜିଲ୍ଲାସ୍ତରୀୟ ଅଧିକାରୀ, ତହସିଲ ଓ ବ୍ଲକସ୍ତରୀୟ ଅଧିକାରୀ, କର୍ମଚାରୀ ବୃନ୍ଦଙ୍କ ସମେତ ଜିଲ୍ଲା ପଞ୍ଚାୟତ ଅଧିକାରୀ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଅର୍ଜୁନ ମାଝୀ, ବିଭିନ୍ନ ଗଣମାଧ୍ୟମ ପ୍ରତିନିଧି ଯୋଗଦେଇଥିଲେ । ନନ୍ଦିନୀ ବଗର୍ତ୍ତି, ନିବାସୀ ତୁଲୁଣ୍ଡାଙ୍କୁ ମଧୁବାବୁ ପେନସନ ଯୋଜନା ଅଧିନରେ ବିଧବା ଭତ୍ତା ଅତିରିକ୍ତ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦାନ କରାଯାଇଥିଲା ।

# ତାଲାଭାଙ୍ଗି ବୁଲେଟ ଚୋରି



**ବୌଦ୍ଧ,୧୭ ।୧୧(ସମିସ):** ବୌଦ୍ଧ ସହର ବୁଟୁପାଲୀ ଗୋପିନାଥ ବିହାରରୁ ବୁଲେଟ ଚୋରି ଘଟଣାରେ ବୌଦ୍ଧ ପୁଲିସ ସାଇଣ୍ଟିଫିକ ଟିମ୍ ଓ ଡଗ ସ୍କ୍ୱାଡ୍ ସହାୟତାରେ ତଦନ୍ତ ଆରମ୍ଭ କରିଛି । ସୂଚନା ଅନୁଯାୟୀ ରବିବାର ବିଳମ୍ବିତ ରାତି ପ୍ରାୟ ୩ ଘଣ୍ଟା ସମୟରେ ସତ୍ୟବାନ୍ ମେହେରଙ୍କ ରୟାଲ୍ ଏନ୍ ଫିଲ୍ଡ ହଣ୍ଟର ୩୫୦ ବୁଲେଟ ଗାଡିଟି ବାରଣ୍ଡାରେ ଥିବାବେଳେ ଦୁର୍ବୃତ୍ତ ମାନେ ଆସି ଗ୍ରୀଲ୍ ତାଲା ଭାଙ୍ଗି ଚୋରିକରି ନେଇଥିଲେ । ଆଜି ସକାଳେ ବାରଣ୍ଡାରେ ଗାଡି ନଥିବା ଦେଖି ବୌଦ୍ଧ ଥାନାରେ ଶ୍ରୀ ମେହେର ଲିଖିତ ଅଭିଯୋଗ କରିଥିଲେ । ଆଇଆଇସି ନଳିନୀ କାନ୍ତ ଦାସ ଘଟଣାସ୍ଥଳରେ ପହଞ୍ଚି ପ୍ରାରମ୍ଭିକ ତଦନ୍ତ କରିବା ପରେ ସାଇଣ୍ଟିଫିକ ଟିମ ଓ ଡଗସ୍କ୍ୱାଡ୍ ଆସି ତଦନ୍ତ ଆରମ୍ଭ କରିଛି ।

# ବସନ୍ତ ସୋସିଆଲ ଫାଉଣ୍ଡେସନ ତରଫରୁ କମ୍ପ୍ୟୁଟର ପ୍ରଦାନ




**ମନମୁଣ୍ଡା,୧୭ ।୧୧(ସମିସ):** ଶିକ୍ଷା ଓ ଛାତ୍ରଛାତ୍ରୀଙ୍କ ଉନ୍ନତି ଓ ବିକାଶ ପାଇଁ କାମ କରି ଆସୁଥିବା 'ବସନ୍ତ ସୋସିଆଲ ଫାଉଣ୍ଡେସନ' ନୂଆଦିଲ୍ଲୀ ( ଶାଖା - ମନମୁଣ୍ଡା ) ତରଫରୁ ବୌଦ୍ଧ ଜିଲ୍ଲାର ଆଉ ପାଞ୍ଚଟି ଉଚ୍ଚପ୍ରାଥମିକ ବିଦ୍ୟାଳୟକୁ ଆଜି କମ୍ପ୍ୟୁଟର ପ୍ରଦାନ କରାଯାଇଛି । ଫାଉଣ୍ଡେସନର ଚେୟାର ପର୍ସନ ରାଜଶ୍ରୀ ମିଶ୍ରଙ୍କ ଦିଗଦର୍ଶନ କ୍ରମେ ଦହ୍ୟା ଉଚ୍ଚ ବିଦ୍ୟାଳୟରେ ଏନେଇ ସ୍ୱତନ୍ତ୍ର କାର୍ଯ୍ୟକ୍ରମ କରାଯାଇଥିଲା । ଦହ୍ୟା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ରାଜଲକ୍ଷ୍ମୀ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବୌଦ୍ଧ ଜିଲ୍ଲା ଶିକ୍ଷାଧିକାରୀ ଟେମଲାଲ ଦୁବେ ମୁଖ୍ୟ ଅତିଥି, ଏଡିଇଓ ଚୁଡ଼ାମଣି ବାରିକ, ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଜୟନ୍ତ ପ୍ରଧାନ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ । ଫାଉଣ୍ଡେସନ ତରଫରୁ ବରିଷ୍ଠ ସାମ୍ବାଦିକ ବୈଦ୍ୟନାଥ ହୋତା କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ମନମୁଣ୍ଡା ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷକ ସମ୍ବିତ କୁମାର ମିଶ୍ର ଫାଉଣ୍ଡେସନର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ । ମୁଖ୍ୟ ଅତିଥି ଡିଇଓ ଶ୍ରୀ ଦୁବେଙ୍କ ହାତରେ କଣ୍ଟାମାଳ ବ୍ଲକ ଧୁଙ୍ଗିଆପଦର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ବୀଣାପାଣି ପଣ୍ଡା, ବୌଦ୍ଧ ବ୍ଲକ କସୁରବନ୍ଧ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ଶଶିଭୂଷଣ ମହାକୁଡ଼, ତିଳପଙ୍ଗା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ଓକିଲ କର୍ଣ୍ଣ, ଖଳିଆପାଲି(ପୁରୁମୁଣ୍ଡା) ଉଚ୍ଚପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ଉତ୍ତମ ନାଏକ ଙ୍କୁ ଫାଉଣ୍ଡେସନ ତରଫରୁ ଗୋଟିଏ ଲେଖାଏଁ କମ୍ପ୍ୟୁଟର ପ୍ରଦାନ କରାଯାଇଥିଲା । ବର୍ତ୍ତମାନ୍ ସୁଦ୍ଧା ବସନ୍ତ ସୋସିଆଲ ଫାଉଣ୍ଡେସନ ତରଫରୁ ୩୦ ଟି ବିଦ୍ୟାଳୟକୁ କମ୍ପ୍ୟୁଟର ପ୍ରଦାନ କରାଯାଇଥିବାବେଳେ ଆଗାମୀ ଦିନରେ ଆହୁରି ଅନେକ ବିଦ୍ୟାଳୟକୁ ମଧ୍ୟ ପ୍ରଦାନ କରାଯିବ ବୋଲି ଏହାର ନିର୍ଦ୍ଦେଶକ ବିକାଶ ନାରାୟଣ ମିଶ୍ର କହିଛନ୍ତି ।

# ବାଉଁଶୁଣି ପୁଲିସ ପକ୍ଷରୁ ଗାଡ଼ିମୋଟର ଯାଞ୍ଚ

**ଶଗଡ଼ା,୧୭ ।୧୧(ସମିସ) :** ବାଉଁଶୁଣି ପୁଲିସ ପକ୍ଷରୁ ଆଜି ସନ୍ଧ୍ୟାରେ ବିଭିନ୍ନ ସ୍ଥାନରେ ହେଲମେଟ ଓ ମଦ୍ୟପାନ କରି ଗାଡ଼ି ଚଳାଇବା ଆଦି ଉପରେ ଗାଡ଼ି ମୋଟର ଯାଞ୍ଚ ଆରମ୍ଭ କରିଛି । ଆଞ୍ଚଳିକ ପରିବହନ ବିଭାଗ ଓ ପୁଲିସ ପକ୍ଷରୁ ଏହି ଯାଞ୍ଚ ଆରମ୍ଭ କରାଯାଇଥିଲା । ବଢୁଥିବା ଦୁର୍ଘଟଣାକୁ କମାଇବା ପାଇଁ ମଦ୍ୟପ ଗାଡ଼ି ଚାଳକଙ୍କୁ କଡାକଡି ଯାଞ୍ଚ କରାଯାଇଥିଲା । ଆଗକୁ ଏଭଳି କଡାକଡି ଯାଞ୍ଚ ଜାରି ରହିଲେ ମଦ୍ୟପ ଗାଡ଼ି ଚାଳକ ସାବାଡ଼ ହେବାସହ ଦୁର୍ଘଟଣାରେ ରୋକ ଲଗାଯାଇ ପାରିବବୋଲି ସାଧାରଣରେ ମତ ପ୍ରକାଶ ପାଇଛି ।

# ଥାନା ଅଧିକାରୀଙ୍କୁ ଭେଟିଲେ ଟ୍ରାକ୍ଟର ମାଲିକ ସଂଘ

**ଶଗଡ଼ା,୧୭ ।୧୧(ସମିସ):** ମନମୁଣ୍ଡା ଟ୍ରାକ୍ଟର ମାଲିକ ସଂଘ ପକ୍ଷରୁ ଆଜି ମନମୁଣ୍ଡା ଥାନା ଅଧିକାରୀଙ୍କୁ ସାକ୍ଷାତ କରିଛନ୍ତି । ବିପ୍ର ଚରଣ ବେହେରାଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ମନମୁଣ୍ଡା ଥାନାରେ ନୂତନ ଭାବରେ ଯୋଗଦାନ କରିଥିବା ଥାନାଧିକାରୀ ସସ୍ମିତା ମଗରଙ୍କୁ ସ୍ୱାଗତ କରିଥିଲେ । ମାଲିକମାନେ ବିଭିନ୍ନ ସମସ୍ୟା ସମ୍ପର୍କରେ ଥାନା ଅଧିକାରୀଙ୍କ ସହ ଆଲୋଚନା କରିଥିଲେ । ଏହି ସାକ୍ଷାତ ସମୟରେ ଟ୍ରାକ୍ଟର ମାଲିକ ସଂଘର ବିପ୍ର ବେହେରା, ଗଣେଶ୍ୱର ପାତ୍ର, ବିବେକା ସାହୁ, ମନୋଜ ଅଗ୍ରୱାଲ, ପଦ୍ମନାଭ ମିଶ୍ରଙ୍କ ସମେତ ଅନେକ ସଦସ୍ୟ ଉପସ୍ଥିତ ଥିଲେ ।

# ୨୪ ଏକର ଗଞ୍ଜେଇ ଚାଷ ନଷ୍ଟ



**ବୌଦ୍ଧ, ୧୭ ।୧୧(ସମିସ):** ବୌଦ୍ଧ ଜିଲ୍ଲାକୁ ଗଞ୍ଜେଇ ମୁକ୍ତ କରିବା ପାଇଁ ବୌଦ୍ଧ ଅବକାରୀ ମୋବାଇଲ ସ୍କ୍ୱାର୍ଡ, ବନ ବିଭାଗ ଓ ପୁଲିସ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ବ୍ୟାପକ ଗଞ୍ଜେଇ ଚାଷ ନଷ୍ଟ କରାଯାଇଛି । କଣ୍ଟାମାଳ ଥାନା ବରଗାଁ ପଞ୍ଚାୟତ ଅଧୀନ ଲବର କାନି ଗ୍ରାମ୍ୟ ଜଙ୍ଗଲରେ ଚଢ଼ଉ କରି ୨୪ ଏକର ପରିମିତ ଜାଗାରେ ବେଆଇନ ଭାବରେ ଚାଷ କରାଯାଇ ଥିବା ୨୮ ହଜାର ୮ଶହ ଗଞ୍ଜେଇ ଗଛକୁ କାଟି ପୋଡି ନଷ୍ଟ କରିଛି । ଏହି ଚଢ଼ଉରେ ଅବକାରୀ ମୋବାଇଲ ସ୍କ୍ୱାଡ୍, ମନମୁଣ୍ଡା ଅବକାରୀ କର୍ମଚାରୀ, କଣ୍ଟାମାଳ ରେଞ୍ଜ ବନ କର୍ମଚାରୀ, କଣ୍ଟାମାଳ ଥାନା ପୁଲିସ କର୍ମଚାରୀ, ଏପିଆର ଫୋର୍ସ, କଣ୍ଟାମାଳ ଅତିରିକ୍ତ ତହସିଲଦାର, ବରଗାଁ ରାଜସ୍ୱ ନିରୀକ୍ଷକଙ୍କ ସମେତ ଅବକାରୀ କର୍ମଚାରୀ ପ୍ରମୁଖ ଉପସ୍ଥିତ ଥିଲେ ।

# କଣ୍ଟାମାଳ ବ୍ଲକରେ ଜନଅଭିଯୋଗ ଶୁଣାଣି



**କଣ୍ଟାମାଳ,୧୭ ।୧୧(ସମିସ):** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ କାର୍ଯ୍ୟାଳୟ ଠାରେ ଜିଲ୍ଲପାଳ ଓ ଆରକ୍ଷୀ ଅଧିକ୍ଷକଙ୍କ ଯୁଗ୍ମ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଯୁଗ୍ମ ଜନଶୁଣାଣି ଶିବିରରେ ୪୬ଗୋଟି ଅଭିଯୋଗର ପଞ୍ଜୀକରଣ ହୋଇଥିଲା । ଜିଲ୍ଲାପାଳ ବିଭୁତିଭୂଷଣ ନାୟକ, ଆରକ୍ଷୀ ଅଧିକ୍ଷକ ରାହୁଲ ଗୋୟଲ ଶିବିରରେ ଉପସ୍ଥିତ ରହି ଆସିଥିବା ବିଭିନ୍ନ ଅଭିଯୋଗ ଗୁଡିକର ସମାଧାନ ଶୁଣାଣି କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଉପଜିଲ୍ଲାପାଳ ବିନୟ କୁମାର ଭୋଇ, ଜିଲ୍ଲା ଜରୁରୀ ଅଧିକାରୀ ତଥା ନୋଡାଲ ଅଫିସର ସୁଧର୍ମା ମଲ୍ଲିକ, କଣ୍ଟାମାଳ ବନାଞ୍ଚଳ ଅଧିକାରୀ ଜୟକୃଷ୍ଣ ପଟ୍ଟନାୟକ, ଉଦ୍ୟାନ ବିଭାଗର ସୁପର ଭାଇଜର କୌଶଲ୍ୟା ତରିଆ, ବିଡିଓ ସାମୀ ରେ‡ୀ ଜୟଶ୍ରୀ, ତହସିଲଦାର ଶ୍ୱେତ ପଦ୍ମା ଯୋଶୀ, ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ଜୟ ମହନ୍ତ, ସିଡିପିଓ ପଙ୍କଜିନୀ ମିଶ୍ର, ଡାକ୍ତର ମହେନ୍ଦ୍ର କୁମାର ସଏ, ପୂର୍ତ୍ତବିଭାଗର ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ଗୋବିନ୍ଦ ଚନ୍ଦ୍ର ନାୟକ, ଗ୍ରାମ୍ୟ ଉନ୍ନୟନ ବିଭାଗର କନିଷ୍ଠ ଯନ୍ତ୍ରୀ ଇଂ ଶ୍ୟାମସୁନ୍ଦର ହେମ୍ବ୍ରମ, ପଞ୍ଚାୟତ ନିର୍ବାହୀ ଅଧିକାରୀ ଜୟଦେବ ପ୍ରଧାନ, ଥାନା ଅଧିକାରୀ ରଞ୍ଜିତ କୁମାର ମୁନି, ଏମ୍ଆଇ ବିଭାଗର ସହକାରୀ ଯନ୍ତ୍ରୀ ଇଂ ଧରଣୀ କିସାନଙ୍କ ସମେତ ସମସ୍ତ ବ୍ଲକସ୍ତରୀୟ ଏବଂ ଜିଲ୍ଲାସ୍ତରୀୟ ଅଧିକାରୀ ଶିବିରରେ ଉପସ୍ଥିତ ଥିଲେ । ଆସିଥିବା ୪୬ ଅଭିଯୋଗ ମଧ୍ୟରୁ ୩୫ଟି ବ୍ୟକ୍ତିଗତ ସମସ୍ୟା ଭିତ୍ତିକ ଥିବାବେଳେ ୧୧ ଟି ଅଭିଯୋଗ ଗୋଷ୍ଠୀଭିତ୍ତିକ ରହିଥିଲା । ୮ ଅଭିଯୋଗର ତତ୍କାଳ ସମାଧାନ କରା ଯାଇଥିଲା । ୨ଜଣଙ୍କୁ ହୁଇଲ୍ଚେୟାର ଓ ଜଣଙ୍କୁ ରେଡକ୍ରସ୍ରୁ ୫୦୦୦ଟଙ୍କା ପ୍ରଦାନ କରାଯାଇଥିଲା ।

# ମା' ଭୈରବୀ ଫୁଟବଲ୍ ପ୍ରତିଯୋଗିତା: ବଲାସିଙ୍ଗା ଓ ବଢ଼ିଗାଁ ବିଜୟୀ

ବୌଦ୍ଧ,୧୭ ।୧୧(ସମିସ)



ବୌଦ୍ଧ ବ୍ଲକ ବଢ଼ିଗାଁ ପଞ୍ଚାୟତ ଅଧୀନ ଇଚ୍ଛାପୁର ଖେଳପଡ଼ିଆଠାରେ ମା' ଭୈରବୀ କ୍ଲବ୍ ଆନୁକୂଲ୍ୟରେ ୨୪ ତମ ନକ୍ଆଉଟ୍ ଫୁଟବଲ କପ୍ ପ୍ରତିଯୋଗିତାର ଆଜି ଦ୍ୱିତୀୟ ଦିବସର ପ୍ରଥମ ମ୍ୟାଚ୍ ବଲାସିଙ୍ଗା ଓ ମୁଣ୍ଡାପଡା ମଧ୍ୟରେ ଖେଳ ହୋଇଥିଲା । ନିର୍ଧାରିତ ସମୟ ମଧ୍ୟରେ କେହି କାହାକୁ ଗୋଲଦେଇ ନ ପାରିବାରୁ ଟାଇବ୍ରେକର ସାହାଯ୍ୟରେ ବଲାସିଙ୍ଗା ୧-୦ ଗୋଲରେ ବିଜୟୀ ହୋଇଥିଲା । ଦ୍ୱିତୀୟ ମ୍ୟାଚ ବଢ଼ିଗାଁ ଓ ବିରିଗଡ଼ ମଧ୍ୟରେ ହୋଇଥିଲା । ଟାଇବ୍ରେକର ଜରିଆରେ ବଢ଼ିଗାଁ ୧-୦ ଗୋଲରେ ବିଜୟୀ ହୋଇଥିଲା । ଆଜିର ଖେଳରେ ମୁଖ୍ୟ ଅତିଥି ଭାବେ ବଢ଼ିଗାଁ ସରପଞ୍ଚ ସିଦ୍ଧେଶ୍ୱର ପ୍ରଧାନ ଓ ସମ୍ମାନିତ ଅତିଥି ଭାବରେ ସ୍ୱେଚ୍ଛାସେବୀ କୃଷ୍ଣଚନ୍ଦ୍ର ପ୍ରଧାନ, ଗଜେନ୍ଦ୍ର ଅମାତ, ମହେଶ୍ୱର ନାଏକ ଯୋଗ ଦେଇ ଖେଳାଳିଙ୍କୁ ଉତ୍ସାହିତ କରିଥିଲେ । ଆଜିର ଖେଳକୁ ଚନ୍ଦନ ମହାରଣା ପରିଚାଳନା କରିଥିବା ବେଳେ ଅମିତ ନାଏକ, ସମୀର ପ୍ରଧାନ ଲାଇନରେ ସହଯୋଗ କରିଥିଲେ ।

ଚତୁର୍ଥ ରେଫରୀ ଭାବେ ସୂର୍ଯ୍ୟକାନ୍ତ ବେହେରା ଦାୟିତ୍ୱ ତୁଲାଇଥିଲେ । ମଙ୍ଗଳବାର ମୁରୁଶୁଣ୍ଡୀ ଓ ଗିରାସିଙ୍ଗା ମଧ୍ୟରେ ପ୍ରଥମ ସେମିଫାଇନାଲ ଏବଂ ବଲାସିଙ୍ଗା ଓ ବଢ଼ିଗାଁ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳ ଅନୁଷ୍ଠିତ ହେବ ।

# ଲକ୍ଷ୍ମୀ ବିକାଶ ଗ୍ରୁପ୍ ଅଫ ଇନ୍ଷ୍ଟିଟ୍ୟୁସନ ପକ୍ଷରୁ ରକ୍ତଦାନ ଶିବିର

**ଭବାନୀପାଟଣା, ୧୭ ।୧୧ (ସମିସ):** ଲକ୍ଷ୍ମୀ ବିକାଶ ଗ୍ରୁପ୍ ଅଫ ଇନ୍ଷ୍ଟିଟ୍ୟୁସନ ପକ୍ଷରୁ ବିକାଶ ଡିଗ୍ରୀ କଲେଜ୍ ପରିସରରେ ରକ୍ତଦାନ ଶିବିର ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମରେ ସହୀଦ ରେଣ୍ଡୋ ମାଝୀ ମେଡିକାଲ୍ କଲେଜ୍ ଓ ହସ୍ପିଟାଲ୍ର ଡିନ୍ ପ୍ରଫେସର ଡ.କ୍ରିଷ୍ଣା କର ଏବଂ ସୁପରିଣ୍ଟେଣ୍ଡେଣ୍ଟ ପ୍ରଫେସର ଡ.ଲିପି ମହାନ୍ତି ମୁଖ୍ୟ ଅତିଥିଭାବେ ଶିବିରକୁ ଉଦ୍‌ଘାଟିତ କରିଥିଲେ ।ରକ୍ତଦାନର ଗୁରୁତ୍ୱ ବିଷୟରେ ଛାତ୍ରଛାତ୍ରୀଙ୍କୁ ପ୍ରେରଣାଦାୟକ ଉଦ୍‌ବୋଧନ ଦେଇ ମାନବସେବାର ମହତ୍ତ୍ୱକୁ ଉଲ୍ଲେଖ କରିଥିଲେ। ଶିବିରରେ ଲକ୍ଷ୍ମୀ ବିକାଶ ଗ୍ରୁପ୍ ଅଫ୍ ଇନ୍ଷ୍ଟିଟ୍ୟୁସନ୍ସର ଚେୟାରମ୍ୟାନ୍ ଡି.ନାଗେଶ୍ୱର ରାଓ, ଡାଇରେକ୍ଟର ଡି. ଶ୍ୟାମ ଓ ଡି. ରାମ କୁମାର, ଶିକ୍ଷା ପ୍ରଭାରୀ ଡି. ବିଜୟା ଏବଂ ମ୍ୟାନେଜମେଣ୍ଟ ସଦସ୍ୟା ଡି. ପଦ୍ମିନୀ ଉପସ୍ଥିତ ହୋଇ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରି ମାନବସେବାର ମହତ୍ତ୍ୱକୁ ସ୍ପଷ୍ଟ କରିଥିଲେ। ରକ୍ତଦାନକୁ 'ଜୀବନଦାନ' ଭାବେ ବ୍ୟାଖ୍ୟା କରି, ଏକ ଛୋଟ ପଦକ୍ଷେପ ମାଧ୍ୟମରେ କିପରି ଅନେକ ପ୍ରାଣକୁ ରକ୍ଷା କରାଯାଇପାରେ ବୋଲି ଛାତ୍ରଛାତ୍ରୀଙ୍କୁ ପ୍ରେରିତ କରିଥିଲେ। କାର୍ଯ୍ୟକ୍ରମରେ ବିକାଶ ଡିଗ୍ରୀ କଲେଜ୍ର ପ୍ରିନ୍ସିପାଲ୍ ଡ଼. ଆଦିତ୍ୟ କୁମାର ପଟ୍ଟନାୟକ, ସରସ୍ୱତୀ ଇନ୍ଷ୍ଟିଟ୍ୟୁଟ୍ ଅଫ୍ ଆଇଟିଏଣ୍ଡ ମ୍ୟାନେଜମେଣ୍ଟର ପ୍ରିନ୍ସିପାଲ୍ ଡ଼. ସୁଦୀପ୍ତ କୁମାର ଜାନା ଏବଂ ବିକାଶ ନର୍ସିଂ କଲେଜ୍ର ପ୍ରିନ୍ସିପାଲ୍ ଡ଼.ଗୋପୀନାଥ ସୁବ୍ରମଣ୍ୟମ ମଧ୍ୟ ନିଜର ଉତ୍ସାହବର୍ଦ୍ଧକ ଉଦ୍‌ବୋଧନରେ ଛାତ୍ରଛାତ୍ରୀଙ୍କୁ ପ୍ରେରିତ କରିଥିଲେ। ଶିବିରରେ ବିକାଶ ଉଚ୍ଚ ଶିକ୍ଷା ପ୍ରତିଷ୍ଠାନର ଛାତ୍ରଛାତ୍ରୀ ଓ କର୍ମଚାରୀମାନେ ୭୨ ୟୁନିଟ୍ ରକ୍ତଦାନ କରିଥିଲେ।



■ ସାଧାରଣଜନତାଙ୍କ ମଧ୍ୟରେ ସମ୍ବିଧାନର ଅବଧାରଣା ଆବଶ୍ୟକ

# ମହାବୀରପଡ଼ା ସିଭିଲ ସୋସାଇଟିର ବାର୍ଷିକ ଉତ୍ସବ

**ଭବାନୀପାଟଣା, ୧୭ ।୧୧(ସମିସ)**

କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ସହରର ମହାବୀରପଡ଼ା ସିଭିଲ ସୋସାଇଟିର ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ମହାବୀର ରଙ୍ଗମଞ୍ଚରେ ଆୟୋଜିତ ଉତ୍ସବର ପ୍ରାରମ୍ଭରେ ପୂର୍ବତନ ଫୁଟବଲ ଖେଳାଳି ତଥା ବରିଷ୍ଠ ନାଗରିକ ଶଶୀଭୂଷଣ ବାବୁ ପତାକା ଉତ୍ତୋଳନ କରି ଉତ୍ସବକୁ ଅନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ଏହାପରେ 'ଭାରତର ବିକାଶରେ ସିଭିଲ ସୋସାଇଟିର ଭୂମିକା' ଶୀର୍ଷକରେ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ସିଭିଲ ସୋସାଇଟିର ସଭାପତି ସନ୍ତୋଷ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଆଲୋଚନାଚକ୍ରରେ ଉତ୍ସବ କମିଟିର ଅଧ୍ୟକ୍ଷ ଶାନ୍ତନୁ ବେହେରା, ଉପଦେଷ୍ଟା ଭବେନ୍ଦ୍ର ପଣ୍ଡା ପ୍ରମୁଖ ଅତିଥିଭାବେ ଯୋଗ ଦେଇଥିବା ବେଳେ ସୋସାଇଟିର ସମ୍ପାଦକ ମହମ୍ମଦ ବୁରହାନ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ୪୦ରୁ ଉର୍ଦ୍ଧ୍ୱ ବୁଦ୍ଧିଜୀବୀ ଓ ବରିଷ୍ଠ ନାଗରିକ ଯୋଗଦେଇ ଆଲୋଚନାରେ ଭାଗ ନେଇଥିଲେ। ଭାରତୀୟ ସମ୍ବିଧାନର ଅବଧାରଣା ଦେଶର ପ୍ରତିଟି ଜନସାଧାରଣଙ୍କ ମଧ୍ୟରେ ପହଞ୍ଚାଇବା ସହିତ ଦେଶର ମହାନ ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖିବା ଆଜି ଦିନର ମୁଖ୍ୟ ଲକ୍ଷ୍ୟ ଓ ଉଦ୍ଦେଶ୍ୟ ବୋଲି ଆଲୋଚକମାନେ ମତବ୍ୟକ୍ତ କରିଥିଲେ। ଅପରାହ୍ନରେ ଛାତ୍ରଛାତ୍ରୀ ତଥା ପୁରୁଷ ଓ ମହିଳାଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସେହିପରି ସୋସାଇଟିର ସଭାପତି ଆଇନଜୀବୀ ଶ୍ରୀ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୁରସ୍କାର ବିତରଣୀ ଓ ସମ୍ବର୍ଦ୍ଧନା ସମାରୋହରେ ସାରଳା ପୁରସ୍କାର ପ୍ରାପ୍ତ ବିଶିଷ୍ଟ ସଂସ୍କୃତିବିତ ଜୟନ୍ତ ବେହେରା, ଉତ୍ସବ କମିଟିର ଅଧ୍ୟକ୍ଷ ଶାନ୍ତନୁ ବେହେରା, ଉପଦେଷ୍ଟା ଭବେନ୍ଦ୍ର ପଣ୍ଡା, ସତ୍ୟ ନାରାୟଣ ସିଂ, ସୁରୁ ବାରିକ, ପ୍ରଦୀପ ମୁଣ୍ଡ, ନିରଞ୍ଜନ ଲାଲ ଜୈନ, ଅବଦୁଲ କାଦିର, ଗିରୀଶ ବେହେରା ପ୍ରମୁଖ ଅତିଥି ଯୋଗ ଦେଇଥିଲେ। ଏହି ଅବସରରେ ବରିଷ୍ଠ ନାଗରିକ ସିଦ୍ଧେଶ୍ୱରୀ ବେହେରା, ସ୍ୱପ୍ନେଶ୍ୱର ଠାକୁର, ଇନାୟତ ଅଲ୍ଲୀ, ମଙ୍ଗତୁରାମ ଅଗ୍ରୱାଲ ପୁଷ୍ପଗୁଚ୍ଛ ଓ ଉପଢୌକନ ସହିତ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ମରଣୋତ୍ତର ଭାବେ ବରିଷ୍ଠ ଆଇନଜୀବୀ ସ୍ୱର୍ଗତ ଜଗନ୍ନାଥ ମୁଣ୍ଡଙ୍କୁ ସମ୍ବର୍ଦ୍ଧିତ କରାଯାଇଥିବାବେଳେ ତାଙ୍କ ପୁଅ ସମରେନ୍ଦ୍ର ମୁଣ୍ଡ ଏହା ଗ୍ରହଣ କରିଥିଲେ। ବିଶିଷ୍ଟ ଉଦଘୋଷକ ସଞ୍ଜୀବ ସିଂ ସଭା ପରିଚାଳନା କରିଥିବାବେଳେ ସୋସାଇଟିର ସମ୍ପାଦକ ମହମ୍ମଦ ବୁରହାନ, ସୁନୀଲ ବେହେରା, ପରମାନନ୍ଦ ପଣ୍ଡା, କନ୍ଧେଶ୍ୱର ପୁରୋହିତ, ଶୈଳେଶ ବେହେରା, ସୁଶାନ୍ତ ସିଂ, ଶୁଭେନ୍ଦୁ ବେହେରା, କାହ୍ନୁ ଗଉଡ଼ କାର୍ଯ୍ୟକ୍ରମ ପରିଚାଳନାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଶେଷରେ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।



# ଜାତୀୟ ପ୍ରେସ ଦିବସ ପାଳିତ

## ଡିଜିଟାଲ ମିଡିଆ ଆସୋସିଏସନ



**ଜୁନାଗଡ଼, ୧୭ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା ଡିଜିଟାଲ ମିଡ଼ିଆ ଆସୋସିଏସନ ପକ୍ଷରୁ ଜୁନାଗଡ଼ ସ୍ଥିତ ଆରଏମସି ସଭା ଗୃହରେ ଜାତୀୟ ପ୍ରେସ ଦିବସ ପାଳନ କରାଯାଇଥିଲା ।ସଂଘର ସଭାପତି ରବି ଶଙ୍କର ସୁନାନୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜୁନାଗଡ଼ ବହୁଜନ ସଂଗ୍ରାମ ସମିତି ର ସଭାପତି ରଞ୍ଜନ କୁମାର ଜାଲ ଯୋଗ ଦେଇଥିଲେ ।ଏହି ଅବସରରେ ପ୍ରଥମେ ସଂଘର ସଦସ୍ୟ ଯଶୋବନ୍ତ ପୂଝରୀଙ୍କ ଆତ୍ମାର ସଦଗତି କାମନା କରି ନିରବ ପ୍ରାର୍ଥନା କରାଯାଇଥିଲା। ସଂଘର ବରିଷ୍ଠ ସଦସ୍ୟ ସାମ୍ବାଦିକ ଆଦିତ୍ୟ ପ୍ରସାଦ ମହାନ୍ତି ସାମ୍ବାଦିକମାନଙ୍କ ଉଲ୍ଲେଖନୀୟ କାର୍ଯ୍ୟକଳାପ ଉପରେ ଦିଗଦର୍ଶନ ଦେଇଥିଲେ। ସାମ୍ବାଦିକମାନେ ସବୁବେଳେ ଲୋକମାନଙ୍କ ସମସ୍ୟାକୁ ନେଇ ସରକାର ଏବଂ ପ୍ରଶାସନ ପାଖରେ ଉପସ୍ଥାପନା କରିବା ଏବଂ ନିଜକୁ ଲୋକଙ୍କ ସେବାରେ ନିୟୋଜିତ କରିବାକୁ ମୁଖ୍ୟ ଅତିଥି ରଞ୍ଜନ କୁମାର ଜାଲ କହିଥିଲେ। ସଂଘରେ ଜଡିତ ଥିବା ସଦସ୍ୟଙ୍କ ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରି ତାର ସମାଧାନ ନିମନ୍ତେ ରାଜ୍ୟ ସଂଘକୁ ଜଣାଇବା ପାଇଁ ସଂଘର ସଭାପତି ରବି ଶଙ୍କର ସୁନାନୀ ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ସଂଘର ପୂର୍ବତନ ସଭାପତି ରାଜେନ୍ଦ୍ର ପ୍ରସାଦ ପଣ୍ଡା, ବରିଷ୍ଠ ସଦସ୍ୟ ସାମ୍ବାଦିକ ପ୍ରଦୀପ କୁମାର ପଟ୍ଟନାୟକ, ଗୟକ୍ଷରାମ ପୂଝରୀ, ଲାବଣ୍ୟ ନାଏକ, ଚନ୍ଦ୍ରଧ୍ୱଜ ନାଏକ, ଗୋବିନ୍ଦ ମହାଲିକଙ୍କ ସମେତ ସଂଘର ସମସ୍ତ ସଦସ୍ୟ ସହଯୋଗ କରିଥିଲେ। ଶେଷରେ ସଂଘର ବରିଷ୍ଠ ସଦସ୍ୟ ସାମ୍ବାଦିକ ବାଲେଶ୍ୱର ସୁନାନୀ ଧନ୍ୟବାଦ ଦେଇଥିଲେ।

## ପେଶାଦାର ସାମ୍ବାଦିକ ସଂଘ

**ଭବାନୀପାଟଣା, ୧୭ ।୧୧(ସମିସ):** କଳାହାଣ୍ଡି ପେଶାଦାର ସାମ୍ବାଦିକ ସଂଘ ପକ୍ଷରୁ ଭବାନୀପାଟଣାସ୍ଥିତ ଅମଲା ଭବନରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ କଳାହାଣ୍ଡି ସାଂସଦ ମାଳବିକା ଦେବୀ ଯୋଗଦେଇଥିବା ବେଳେ ସମ୍ମାନିୟ ଅତିଥି ଭାବେ କଳାହାଣ୍ଡି ଅତିରିକ୍ତ ଜିଲ୍ଲାପାଳ ତନ୍ମୟ ଦରବାନ, ପଦ୍ମଶ୍ରୀ ପଟ୍ଟାୟତ ସାହୁ, ଗୋଲାମୁଣ୍ଡା ବ୍ଲକ ଅଧ୍ୟକ୍ଷ ବିନ୍ଦୁ ମହାନନ୍ଦ, କଳାହାଣ୍ଡି ଓକିଲ ସଂଘର ସଭାପତି ସୁଧାଂଶୁ ନନ୍ଦ, ବରିଷ୍ଠ ସାମ୍ବାଦିକ ଶାନ୍ତନୁ ବେହେରା ପ୍ରମୁଖ ଯୋଗ ଦେଇ ସାମ୍ବାଦିକ ମାନଙ୍କ ବିଭିନ୍ନ ସମସ୍ୟା ଓ ଜାତୀୟ ପ୍ରେସ ଦିବସ ପାଳନ ର ଉଦେଶ୍ୟ ସମ୍ପର୍କ ରେ ଆଲୋକପାତ କରିଥିଲେ। ମୁଖ୍ୟବକ୍ତା ଭାବେ ବରିଷ୍ଠ ସାମ୍ବାଦିକ ଉମାଶଙ୍କର କର ଯୋଗଦେଇ ଗଣମାଧ୍ୟମ ଓ ଏହାର ସ୍ୱଚ୍ଛତା ଉପରେ ଆଲୋଚନା କରିଥିଲେ। କଳାହାଣ୍ଡି ପେଶାଦାର ସାମ୍ବାଦିକ ସଂଘର ସଭାପତି ରଜନୀକାନ୍ତ ମିଶ୍ର ସ୍ୱାଗତ ଭାଷଣ ଦେଇଥିବା ବେଳେ ବରିଷ୍ଠ ସାମ୍ବାଦିକ ସତ୍ୟନାରାୟଣ ମହାପାତ୍ର ମଞ୍ଚ ପରିଚାଳନା କରିଥିଲେ ।ଦିବଂଗତ ସାମ୍ବାଦିକ ସତ୍ୟନାରାୟଣ ଦାସଙ୍କୁ ମରୋଣତ୍ତୋର ସାମ୍ବାଦିକ ସୌରଭ ସମ୍ମାନ ପ୍ରଦାନ କରାଯାଇ ଥିବା ବେଳେ ଯୁବ ସାମ୍ବାଦିକ ଅଂଶୁମାନ ପାତ୍ରଙ୍କୁ ସାମ୍ବାଦିକ ସୌରଭ ସମ୍ମାନ ପ୍ରଦାନ କରାଯାଇଥିଲା। ଜିଲ୍ଲା ବଣିକ ସଂଘର ସଭାପତି ବିଜୟ ସାହୁ ଏବଂ ସାମ୍ବାଦିକ ଯଶବନ୍ତ ଧଙ୍ଗଡ଼ା ମାଝୀଙ୍କୁ ଅଥିତିଙ୍କ ଦ୍ୱାରା ସମ୍ମାନିତ କରାଯାଇଥିଲା। ବରିଷ୍ଠ ସାମ୍ବାଦିକ ସ୍ୱାଧୀନ ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ସାମ୍ବାଦିକ ଲଳିତ କାନୁନଗୋ, ଦେବେନ୍ଦ୍ର ବିଶି, ଅଜିତ ସିଂ, ଶୁଭମ ରହିଲା, ଭାରତ ବିଶି, ବିକାଶ ଷଡ଼ଙ୍ଗୀ, ଦୁଃଖିଶ୍ୟାମ ପ୍ରଧାନ, ରାଜକୁମାର ସିଂଦେଓ, ଚିତ୍ତରଞ୍ଜନ ବିଶି, ଶିବ ନାଏକ, ହେମନ୍ତ ରାୟ, ନରେନ୍ଦ୍ର କ୍ଷିତି, ଅମରେଶ ପାଢ଼ୀ, ମଧୁ ମହାପାତ୍ର, ରାଜେଶ ଦାସ, ତାପସ ମହାନ୍ତିଙ୍କ ସମେତ ବୁଦ୍ଧିଜୀବୀ ଓ ସାମ୍ବାଦିକମାନେ ଉପସ୍ଥିତ ଥିଲେ।



ଉର୍ଦ୍ଧ୍ୱନା-ବ୍ରହ୍ମପୁର ଅମୃତ ଭାରତ ଏକ୍ସପ୍ରେସ୍

# ସପ୍ତାହରେ ତିନି ଦିନ ଚାଲିବ

**କେସିଙ୍ଗା, ୧୭ ।୧୧(ସମିସ):** ସମ୍ବଲପୁର ରେଳ ଡିଭିଜନ ଜନସାଧାରଣଙ୍କ ଚାହିଦାକୁ ଦୃଷ୍ଟିରେ ରଖି ଭାରତୀୟ ରେଳ ବିଭାଗ ଟ୍ରେନ୍ ନମ୍ବର ୧୯୦୨୧-୧୯୦୨୨ ଉର୍ଦ୍ଧ୍ୱନାବ୍ରହ୍ମପୁର ଅମୃତ ଭାରତ ଏକ୍ସପ୍ରେସର ଚଳାଚଳ ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି। ଉକ୍ତ ଟ୍ରେନ୍‌ଟି ସପ୍ତାହକୁ ଗୋଟିଏ ଦିନ ପରିବର୍ତ୍ତେ ତିନି ଦିନ ଚଳାଚଳ କରିବ। ଟ୍ରେନ୍ ନମ୍ବର ୧୯୦୨୧ଉର୍ଦ୍ଧ୍ୱନା-ବ୍ରହ୍ମପୁର ଅମୃତଭାରତ ଏକ୍ସପ୍ରେସ୍, ଯାହା ପୂର୍ବରୁ କେବଳ ସପ୍ତାହକୁ ଦିନେ ରବିବାର ଚାଲୁଥିଲା। ତାହା ୧୯ ନଭେମ୍ବର ୨୦୨୫ ଠାରୁ ସପ୍ତାହରେ ତିନି ଦିନ ରବିବାର, ବୁଧବାର ଏବଂ ଶୁକ୍ରବାର ଚାଲିବ। ସେହିପରି ଟ୍ରେନ୍ ନମ୍ବର ୧୯୦୨୨ ବ୍ରହ୍ମପୁର-ଉର୍ଦ୍ଧ୍ୱନା ଅମୃତ ଭାରତ ଏକ୍ସପ୍ରେସ୍, ଯାହା ପୂର୍ବରୁ କେବଳ ସୋମବାରରେ ଚଳାଚଳ କରୁଥିଲା ୨୦ ନଭେମ୍ବର ୨୦୨୫ ଠାରୁ ସପ୍ତାହରେ ତିନି ଦିନ ସୋମବାର, ଗୁରୁବାର ଏବଂ ଶନିବାର ଚଳାଚଳ କରିବ। ବର୍ତ୍ତମାନର ଅମୃତ ଭାରତ ଏକ୍ସପ୍ରେସର ସମୟ, ରହଣି ସ୍ଥାନ କିମ୍ବା କୋଚ୍ ଗଠନରେ କୌଣସି ପରିବର୍ତ୍ତନ ହୋଇନାହିଁ। ଏହି ସମ୍ପର୍କରେ ଜାରି କରାଯାଇଥିବା ସମସ୍ତ ପୂର୍ବ ନିର୍ଦ୍ଦେଶ ଅପରିବର୍ତ୍ତିତ ରହିଛି। ଏହା ବିଜୟନଗରମ ଠାରୁ ରାୟଗଡ଼ା, ମୁନିଗୁଡା, କେସିଙ୍ଗା, ଟିଟିଲାଗଡ଼ ଦେଇ ଉଦନା ଅଭିମୁଖେ ଯାତ୍ରା କରିବ ଯାତ୍ରୀମାନଙ୍କୁ ଅନୁରୋଧ କରାଯାଇଛି ଯେ ସେମାନେ ସଂଶୋଧିତ ଚଳାଚଳ ଉପରେ ଧ୍ୟାନ ଦିଅନ୍ତୁ ଏବଂ ସେହି ଅନୁସାରେ ସେମାନଙ୍କର ଯାତ୍ରା ଯୋଜନା କରନ୍ତୁ। ଏହି ଖବର ହସ୍ତଗତ ହେବା ପରେ କଳାହାଣ୍ଡି ଜିଲ୍ଲା ରେଳ ଯାତ୍ରୀ ସଂଘର ସଭାପତି ସୁବାସ ଜୈନ, ସାଧାରଣ ସମ୍ପାଦକ ଡମ୍ବରୁଧର ଭୋଇ, ସଦସ୍ୟ ତୁମେଶ୍ୱର ସାହୁଙ୍କ ସମେତ ସଂଘର ସମସ୍ତ କର୍ମକର୍ତ୍ତାଙ୍କ ସହ ଅଞ୍ଚଳବାସୀଙ୍କ ପକ୍ଷରୁ ସମ୍ବଲପୁର ଡ଼ିଆରଏମଙ୍କୁ ଧନ୍ୟବାଦ ଜଣାଇଛନ୍ତି।



## ଦୁଷ୍କର୍ମ ଅଭିଯୋଗରେ ଯୁବକ ଗିରଫ

**ନୂଆପଡ଼ା/ଖଡ଼ିଆଳ, ୧୭ ।୧୧ (ସମିସ):** ନୂଆପଡ଼ା ଜିଲ୍ଲା ଖଡ଼ିଆଳ ଥାନା ବାଦୀଗ୍ରାମରେ ନାବାଳିକାକୁ ଦୁଷ୍କର୍ମ ଅଭିଯୋଗରେ ଜଣେ ଯୁବକକୁ ପୁଲିସ ଗିରଫ କରିଛି। ପୁଲିସ ସୂତ୍ରରୁ ପ୍ରକାଶ ଯେ ବାଦୀଗ୍ରାମର ଟଙ୍କଧର ସତନାମୀ (୪୫)ନାମକ ଜଣେ ଯୁବକ ପଡୋଶୀ ଘରର ନାବାଳିକା (୧୭)ଙ୍କୁ ଶନିବାର ସକାଳ ୯ ଘଣ୍ଟା ସମୟରେ ଘରେ ଏକୁଟିଆ ଥିବାବେଳେ ଏହାର ସୁଯୋଗ ନେଇ ଦୁଷ୍କର୍ମ କରିଥିଲେ। ଶନିବାର ନାବାଳିକା ଜଣକ ଖଡ଼ିଆଳ ଥାନାରେ ଅଭିଯୋଗ କରିବା ପରେ ରବିବାର ପୁଲିସ ଟଙ୍କଧର ସତନାମୀଙ୍କୁ ଅଟକ ରଖିଥିଲା। ଏନେଇ ଖଡ଼ିଆଳ ଥାନା ଅଧିକାରୀ ଦିଲିପ କୁମାର ସାହୁଙ୍କୁ ପଚାରିବାରୁ ପୀଡିତାଙ୍କ ଅଭିଯୋଗ ଭିତ୍ତିରେ ଅଭିଯୁକ୍ତକୁ ଅଟକ ରଖା ଯାଇଥିଲା। ସୋମବାର କୋର୍ଟ ଚାଲାଣ ହୋଇଛି ବୋଲି ପ୍ରକାଶ କରିଛନ୍ତି।

ମା'ଭୈରବୀ ରାଜ୍ୟସ୍ତରୀୟ ଫୁଟବଲ ପ୍ରତିଯୋଗିତା

# କଳାହାଣ୍ଡି ଏକାଦଶକୁ ହରାଇ ଭଇଁରିଗୁଡା ଚାମ୍ପିଅନ

**ଲାଞ୍ଜିଗଡ଼, ୧୭ ।୧୧(ସମିସ):** ଲାଞ୍ଜିଗଡ଼ ବ୍ଲକ ଚମ୍ପାଦେଇପୁର ପଞ୍ଚାୟତ ହରିହରପୁରସ୍ଥିତ ମାଁ ଭୈରବୀ ଯୁବ ସାଂସ୍କୃତିକ ଅନୁଷ୍ଠାନ ଆନୁକୂଲ୍ୟରେ ଆୟୋଜିତ ରାଜ୍ୟସ୍ତରୀୟ ଫୁଟବଲ ପ୍ରତିଯୋଗିତା ଉଦ୍‌ଯାପିତ ହୋଇଯାଇଛି। ଫାଇନାଲ ମ୍ୟାଚ୍‌ରେ କଳାହାଣ୍ଡି ଏକାଦଶ ଓ ଜୁନାଗଡ଼ ଭଇଁରିଗୁଡ଼ା ଦଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା ।ଉଦ୍‌ଯାପନୀ ମ୍ୟାଚ୍ ମ୍ୟାଚରେ ମୁଖ୍ୟଅତିଥି ଭାବେ ପୂର୍ବତନ ମନ୍ତ୍ରୀ ଡ. ବଳଭଦ୍ର ମାଝୀ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଶ୍ରୀଧର ସାହୁ ଲାଞ୍ଜିଗଡ଼ ବ୍ଲକ ଉପାଧ୍ୟକ୍ଷ ସଞ୍ଜୀବ କୁମାର ନାୟକ, ପିଇଡବ୍ଲ୍ୟୁ ମିଡ଼ିଆ ଆସୋସିଏସନ କାର୍ଯ୍ୟକାରୀ ସଭାପତି ସନ୍ତୋଷ କୁମାର ତୁଳ, ସାଧାରଣ ସମ୍ପାଦକ ଗୋପାଳ ମହାନନ୍ଦ, ପ୍ରମୁଖ ଯୋଗ ଦେଇ ବିଜେତା ଓ ଉପବିଜେତା ଖେଳାଳିଙ୍କୁ ଉତ୍ସାହିତ କରିଥିଲେ। ଉକ୍ତ ପ୍ରତିଯୋଗିତାରେ ଅନୁଷ୍ଠାନର ସଭାପତି ଜଗନ୍ନାଥ ଚଣ୍ଡୀ, ଉପସଭାପତି ହେମନ୍ତ ଚଣ୍ଡୀ, ସମ୍ପାଦକ ଗଣେଶ ଗଉଡଙ୍କ ପ୍ରତ୍ୟକ୍ଷ ତତ୍ୱାବଧାନରେ ଆୟୋଜିତ ଏହି ପ୍ରତିଯୋଗିତାରେ କିଶୋର ଘଡେଇ, ଯଶୋବନ୍ତ ପାତ୍ର, ସୁନୀଲ କୁମାର ମ୍ୟାଚ ପରିଚାଳନା କରିଥିଲେ। ଯୁଜେଷ୍ଟି ଚଣ୍ଡୀ ଧାରା ବିବରଣୀ ପ୍ରଦାନ କରିଥିବାବେଳେ ଅନୁଷ୍ଠାନର ସଦସ୍ୟ ଯୁଗେଶ୍ୱର ଚଣ୍ଡୀ, ଆନନ୍ଦ ମାଝୀ, ବିକାଶ ଚଣ୍ଡୀ, କହ୍ନେଇ କଟା, ବବଲୁ ଚଣ୍ଡୀ ପ୍ରମୁଖ ସହଯୋଗ କରିଥିଲେ। ଏଥିରେ ଭଇଁରିଗୁଡ଼ା ଦଳ ୦୨- ୦୧ ଗୋଲରେ ଚାମ୍ପିଅନ ହୋଇ ଥିବା ବେଳେ କଳାହାଣ୍ଡି ଏକାଦଶ ରନର୍‌ଅପ୍ ହୋଇ ପୁରସ୍କୃତ ହୋଇଥିଲେ ।ସାତ ଦିନ ପର୍ଯ୍ୟନ୍ତ ଉକ୍ତ ପ୍ରତିଯୋଗିତାରେ ପରିଚାଳନା କରିଥିବା ପରିଚାଳକ ଲାଇନ ମେନ ସମେତ ସମସ୍ତ ଉଦଯଯୋଗୀ ଯୁବକମାନଙ୍କୁ ମଧ୍ୟ ସମ୍ବର୍ଦ୍ଧନା କରାଯାଇଥିଲା।

ମା'ମାଉଲି ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ

# ପଲସାପଡ଼ାକୁ ହରାଇ କନ୍ଧମାଳ ଚାମ୍ପିଅନ

**ଗୋଲାମୁଣ୍ଡା, ୧୭ ।୧୧ (ସମିସ):** ଗୋଲାମୁଣ୍ଡା ବ୍ଲକ ଚପୁରିଆ ପଞ୍ଚାୟତ ବିଶିବରନି ଖେଳ ପଡ଼ିଆ ଠାରେ ମା' ମାଉଳୀ ଯୁବ ଅନୁଷ୍ଠାନ ଆନୁକୂଲ୍ୟରେ ୭ ଦିନ ଧରି ଚାଲିଥିବା ଫୁଟବଲ ଟୁର୍ଣ୍ଣାମେଣ୍ଟ ସୋମବାର ଉଦ୍‌ଯାପିତ ହୋଇଯାଇଛି। ଫାଇନାଲ ଖେଳ ପଲସାପଡ଼ା ଓ କନ୍ଧମାଳ ମଧ୍ୟରେ ହୋଇଥିଲା। ଫାଇନାଲ ଖେଳରେ କନ୍ଧମାଲ ୧-୦ ଗୋଲ ସ୍କୋର କରି କନ୍ଧମାଲ ଦଳ ୧ ଗୋଲରେ ବିଜୟୀ ହୋଇ ଟୁର୍ଣ୍ଣାମେଣ୍ଟର ଚାମ୍ପିଅନ ହୋଇଥିଲା। ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟଅତିଥି ଭାବେ ଚପୁରିଆ ପଞ୍ଚାୟତ ସରପଞ୍ଚ ପ୍ରତିନିଧି ନରହରି ବାଗ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବରେ ତପନ ଗହୀର, ଜଗୁଜୀବନ ସେଠିଆ, ଅନିଲ ମଲ୍ଲିକ, ଦେବରାଜ ଭାଟି, ହରେରାମ ମଲ୍ଲିକ, ବାଳକୃଷ୍ଣ ବାଗ, ହେମନ୍ତ ବାଗ, ସୁରେନ୍ଦ୍ର ବାଗ ଦିନେଶ ବାଗ, ଦେବେନ୍ଦ୍ର ପୁଟେଲ, ଯୋଗଦେଇ ବିଜେତା ଓ ଉପବିଜେତା ଦଳକୁ ପୁରସ୍କୃତ କରିଥିଲେ। ଖେଳକୁ ମନ୍ମଥ ନାଥ ସିଂ ପରିଚାଳନା କରିଥିବା ବେଳେ ରୋମାଞ୍ଚଳ ଭୋଇ ଓ ଭିକାରି ଭୋଇ ଲାଇନ୍ସ ମେନ ଦାୟିତ୍ୱ ତୁଲାଇ ଥିଲେ। ମନୋଜ କୁମାର ଚନ୍ଦନ, ନୀଳକଣ୍ଠ ଜାନି ଓ ପ୍ରକାଶ ଦାସ ଖେଳର ଧାରା ବିବରଣୀ ପ୍ରଦାନ କରିଥିଲେ। ଫୁଟବଲ୍ ଟୁର୍ଣ୍ଣାମେଣ୍ଟର କମିଟିର ସଭାପତି ଲବଣୀ ଚନ୍ଦନ, ସମ୍ପାଦକ ଟୁନା ଦାସ କୋଷାଧ୍ୟକ୍ଷ ବେଦବର ମାଝୀ ମୁଖ୍ୟ ଭୂମିକା ନିଭାଇଥିବା ବେଳେ କ୍ରିନୁଷ୍ଠାନ କମିଟିର ସମସ୍ତ ସଦସ୍ୟ ସହଯୋଗ କରିଥିଲେ।



# ଜିଲ୍ଲା କ୍ରୀଡ଼ା ସଂସ୍ଥାର ବାର୍ଷିକ ସାଧାରଣ ବୈଠକ




**ଭବାନୀପାଟଣା, ୧୭ ।୧୧(ସମିସ):** ଭବାନୀପାଟଣାସ୍ଥିତ ଲାଲବାହାଦୁର ଶାସ୍ତ୍ରୀ ଷ୍ଟାଡିୟମର ସଭାଗୃହରେ ରବିବାର କଳାହାଣ୍ଡି ଜିଲ୍ଲା କ୍ରୀଡ଼ା ସଂସ୍ଥାର ବାର୍ଷିକ ସାଧାରଣ ସଭା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା କ୍ରୀଡ଼ା ସଂସ୍ଥାର କାର୍ଯ୍ୟକାରୀ ସଭାପତି ସୁନୀଲ କୁମାର ବେହେରାଙ୍କ ଅଧ୍ୟକ୍ଷତାରେ ଏହି ସଭାରେ କ୍ରୀଡା ସଂସ୍ଥା ସହିତ ଅନୁବନ୍ଧିତ ସମସ୍ତ ଅନୁଷ୍ଠାନର ପ୍ରତିନିଧି, ଆଜୀବନ ସଭ୍ୟ ଓ ବାର୍ଷିକ ସଭ୍ୟ ଯୋଗଦେଇଥିଲେ। ଗତ ୨୦୨୪ ବର୍ଷରେ ହୋଇଥିବା ବାର୍ଷିକ ସାଧାରଣ ସଭାର କାର୍ଯ୍ୟଧାରା ବିବରଣୀ ରିପୋର୍ଟ ସଂସ୍ଥାର ବରିଷ୍ଠ କାର୍ଯ୍ୟକାରୀ ସଭ୍ୟ ଶମ୍ଭୁ ପ୍ରସାଦ ରାଉତ ଉପସ୍ଥାପନା କରିଥିଲେ। ସାଧାରଣ ସମ୍ପାଦକ ଜଗମୋହନ ପଟ୍ଟନାୟକ ୨୦୨୪-୨୫ ମସିହାର ବାର୍ଷିକ ବିବରଣୀ, ସଂସ୍ଥାର ଯୁଗ୍ମ ସମ୍ପାଦକ କାଳି ପ୍ରସାଦ ପଟ୍ଟନାୟକ ଅଡିଟ ରିପୋର୍ଟ ଉପସ୍ଥାପନା କରିଥିଲେ। ସେହିପରି ଚଳିତ ୨୦୨୫-୨୬ ମସିହାର ପ୍ରୟୋଗାତ୍ମକ(ଟେଣ୍ଟେଟିଭ) ବଜେଟ ଉପସଭାପତି ରାମ କୁମାର ଜୈନ ପଠନ କରିଥିଲେ ।ଏହାକୁ ସର୍ବସମ୍ମତି କ୍ରମେ ଅନୁମୋଦନ କରାଯାଇଥିଲା। ବରିଷ୍ଠ କାର୍ଯ୍ୟକାରୀ ସଭ୍ୟ ଭିକାରୀ ଚରଣ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର




**ଧର୍ମଗଡ଼, ୧୭ ।୧୧(ସମିସ):** ଧର୍ମଗଡ଼ ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ଅତିରିକ୍ତ ଜିଲ୍ଲାପାଳ ତନ୍ମୟ କୁମାର ଦରୱାନ, ଧର୍ମଗଡ଼ ଉପଜିଲ୍ଲାପାଳ ପ୍ରେକ୍ଷା ଅଗ୍ରୱାଲ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ କଳାହାଣ୍ଡି ଶୁଭ୍ରାଂଶୁ ଶେଖର ମିଶ୍ର, ବିଡ଼ିଓ ସଦାଶିବ ନାୟକ, ଧର୍ମଗଡ଼ ବ୍ଲକ ଅଧ୍ୟକ୍ଷା ବବିତା ପଟ୍ଟଯୋଶୀ, ସମେତ ସମସ୍ତ ବିଭାଗର ଜିଲ୍ଲା ଓ ବ୍ଲକସ୍ତରୀୟ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ପକ୍କାଘର, ରାସନକାର୍ଡ, ଭତ୍ତା, ଗମନାଗମନ, ପାନୀୟ ଜଳ ଭଳି ଅନେକ ମାମଲାର ବିଚାର ହୋଇଥିଲା। ଜନଶୁଣାଣି ଶିବିରରେ ମୋଟ ୬୩ ଜଣ ଆବେଦନକାରୀ ନିଜର ଅଭିଯୋଗପତ୍ର ଦାଖଲ କରିଥିଲେ। ସେଥିମଧ୍ୟରୁ ୪୭ଟି ବ୍ୟକ୍ତିଗତ ସମସ୍ୟା ଅଭିଯୋଗ ଓ ୧୫ଟି ଗ୍ରାମ୍ୟ ତଥା ସାମୂହିକ ସମସ୍ୟା ଥିଲା। ଏଥିରେ ୬ ଟି ମାମଲାର ତୁରନ୍ତ ସମାଧାନ ହୋଇଥିଲା। କାର୍ଯ୍ୟକ୍ରମକୁ ଜିପିଡିଓ ଦେବୀପ୍ରସାଦ ମେହେର ପରିଚାଳନା କରିଥିଲେ।

ନୂଆପଡ଼ା ଜିଲ୍ଲାପାଳଙ୍କ ମାର୍ଗ ଦର୍ଶନ

# ଜିଲ୍ଲାର ଟି ବି ରୋଗୀଙ୍କ ପାଇଁ ପୋଷଣ କିଟ୍ ବଣ୍ଟନ

**ନୂଆପଡ଼ା, ୧୭ ।୧୧(ସମିସ)**

ନୂଆପଡ଼ା ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ମାର୍ଗ ଦର୍ଶନରେ ମହାନଦୀ କୋଲଫିଲ୍ଡସ ଲିମିଟେଡ୍ ଓ ଆରକେ ଏଚଆଇଭି ଏଡ୍ସ ଗବେଷଣା ଏବଂ ସେବାକେନ୍ଦ୍ର ମୁମ୍ବାଇ ଜିଲ୍ଲାର ଟିବି ରୋଗୀଙ୍କୁ ସହାୟତାର ହାତ ବଢ଼ାଇଛନ୍ତି। ମହାନଦୀ କୋଲଫିଲ୍ଡସ୍ ଲିମିଟେଡଙ୍କ ସିଏସଆର ପ୍ରୟାସ ଅନ୍ତର୍ଗତ ଏଚଆଇଭି ଏଡସ ଗବେଷଣା ଏବଂ ସେବାକେନ୍ଦ୍ର ମୁମ୍ବାଇର ଅଧ୍ୟକ୍ଷ ଡ.ଧର୍ମେନ୍ଦ୍ର କୁମାରଙ୍କ ନେତୃତ୍ୱରେ ନୂଆପଡ଼ା ଜିଲ୍ଲାରେ ୩୨୦୦ଟିବି ରୋଗୀଙ୍କ ପାଇଁ ପୋଷଣ କିଟ୍ ବଣ୍ଟନ ପ୍ରକ୍ରିୟା ଆରମ୍ଭ ହୋଇଛି। ୩୬ହଜାରରୁ ଅଧିକ ମେଡିକାଲ କ୍ୟାମ୍ପ ସଫଳତାର ସହିତ ଆୟୋଜନ କରିଥିବାରୁ ଏହି ସ୍ୱେଚ୍ଛାସେବୀ ଅନୁଷ୍ଠାନ ବିଶ୍ୱର ପ୍ରଥମ ସଂସ୍ଥା ଯାହାକୁ ଗିନିଜ ବୁକ ଅଫ ୱାର୍ଲ୍ଡ ରେକର୍ଡସରେ ସ୍ଥାନ ମିଳିଛି। କ୍ଷୟାରୋଗ ମୁକ୍ତ ଓଡ଼ିଶା ଓ ଟିବି ମୁକ୍ତ ଭାରତ ଅଭିଯାନକୁ ସୁଦୃଢ଼ କରିବା ପାଇଁ ନିକ୍ଷୟ ମିତ୍ର ପୋଷଣ କିଟ୍ ବଣ୍ଟନ ଉଦ୍ୟମର ଉଦ୍‌ଘାଟନ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଖରିଆରରୋଡ଼ରେ ଆରମ୍ଭ ହୋଇଛି ।ଏହି ସଂସ୍ଥା ୮୦୦ଟିବି ରୋଗୀଙ୍କୁ କୋଳକୁ ନେଇ ସେମାନଙ୍କୁ ଓ ସେମାନଙ୍କ ୩ପରିବାର ସଦସ୍ୟଙ୍କୁ ପ୍ରତି ମାସ ପୋଷଣ ସହାୟତା ଯୋଗାଇ ଦେବ ।ଏହି ପ୍ରକଳ୍ପ ଅଧୀନରେ ପ୍ରତିମାସ ୩୨୦୦ ଲୋକ (୮୦୦ଟିବି ରୋଗୀ ସହିତ ପ୍ରତ୍ୟେକଙ୍କ ୩ ଜଣ ପରିବାର ସଦସ୍ୟ)ଙ୍କୁ ପୋଷଣ କିଟ୍ ବଣ୍ଟନ କରାଯିବ। ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଅତିଥି ଭାବେ ସିଡ଼ିଏମଓ ଡ଼.ଧନେଶ୍ୱର ସେଠୀ, ଡିଟିଓ ଡ଼.ଦିଲୀପ କୁମାର ଦାସ, ମହାନଦୀ କୋଲଫିଲଡ୍ସ ଲିମିଟେଡ଼ର ସିଏସଆର ମ୍ୟାନେଜର ଶ୍ରୀ ରୋହିତ, ଖରିଆରରୋଡ଼ ସିଏଚ୍‌ସି ଇନଚାର୍ଜ ଡ଼. ବୀରେନ୍ଦ୍ର କୁମାର ବାଗ, ଡିପିମ ଡିପିଏମ ସତ୍ୟ ତ୍ରିପାଠୀ, ଡିପିସି ତାପସ ବହିଦାର, ବିପିଏମ ଇପ୍ସିତ ହୋତା, ଖରିଆରରୋଡ୍ ସିଏଚସି ଯୋଗିତା ବୋର୍କର୍, ପ୍ରୋଜେକ୍ଟ ହେଡ୍, ଆରକେ, ଅନିଭୂଷଣ ରାୟ, ସତ୍ୟଜୀତ ଦାସ, ଦେବିପ୍ରସାଦ ମିଶ୍ର, ପିପିଏମ୍ ସମନ୍ୱୟକ ଉପସ୍ଥିତ ଥିଲେ। ଉଦ୍‌ଘାଟନ ସମାରୋହରେ ୩୫ ଜଣ ଟିବି ରୋଗୀଙ୍କ ପରିବାରକୁ ୧୪୦ ପୋଷଣ କିଟ୍ ବଣ୍ଟନ କରାଯାଇଛି। ଏହା ଟିବି ମୁକ୍ତ ପଞ୍ଚାୟତ ଓ ଟିବି ମୁକ୍ତ ଭାରତ ଗଠନରେ ନୂଆପଡ଼ା ଜିଲ୍ଲା ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ହେବ। ଜିଲ୍ଲାପାଳ ଶ୍ରୀ ଦାଶ ମହାନଦୀ କୋଲଫିଲ୍ଡସ୍ ଲିମିଟେଡ୍ ଓ ଆରକେ. ଏଚଆଇଭି ଏଡସ୍ ଗବେଷଣା ଏବଂ ସେବାକେନ୍ଦ୍ର ମୁମ୍ବାଇଙ୍କର ଜିଲ୍ଲାର ଅସହାୟ ଟିବି ରୋଗୀଙ୍କୁ ଏଭଳି ସହାୟତା ପ୍ରଦାନର ପ୍ରଶଂସା କରି ସେମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।



# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା

**ଜୟପାଟଣା, ୧୭ ।୧୧(ସମିସ):** କଳାହାଣ୍ଡି ଜିଲ୍ଲା ଜୟପାଟଣା ବ୍ଲକ ଜୟପାଟଣା ଉମାଶଙ୍କର ଉଚ୍ଚ ବିଦ୍ୟାଳୟ ପରିସରରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଜୟପାଟଣା ବ୍ଲକ ପୂର୍ବତନ ଚେୟାରମେନ ବ୍ରଜେନ୍ଦ୍ର ପଟ୍ଟଯୋଷି, ସନମ୍ମାନିୟ ଅତିଥି ସାଂସଦ ପ୍ରତିନିଧି ଅବିନାଶ ନନ୍ଦ, ଜୟପାଟଣା ବ୍ଲକ ଅଧ୍ୟକ୍ଷ ଥବିର ବାଗ, ବରିଷ୍ଟ ସାମ୍ବାଦିକ ଶେଷଦେବ ବେହେରା, ଜୟପାଟଣା ସମିତି ସଭ୍ୟ ସଂଘ ସଭାପତି ଅନନ୍ତ ପଟ୍ଟନାୟକ, ଉପ ସଭାପତି କୃଷ୍ଣ ଚନ୍ଦ୍ର ଶବର, ଜିଲ୍ଲାପରିଷଦ ଅଙ୍ଗଦ ମାଝୀ, ତପନ ପଣ୍ଡା, ଅରବିନ୍ଦ ପଣ୍ଡା, ଜିଲ୍ଲା ମତ୍ସ୍ୟ ଅଧିକାରୀ ଗ୍ୟାନରଞ୍ଜନ ସେଠୀ, ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡ. ନୀରଦ ଚନ୍ଦ୍ର କହଁର, ଜୟପାଟଣା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଧର୍ମରାଜ ମାଝୀ, ଜୟପାଟଣା ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଡ.ଶୈଳେନ୍ଦ୍ର ଭଦ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ମଞ୍ଚାସିନ ଅଥିତି ମତ୍ସ ଓ ପ୍ରାଣୀ ସମ୍ପଦ ବିଭାଗର ବିଭିନ୍ୟ ଯୋଜନା ବିଷୟରେ ଚାଷୀଙ୍କୁ ସୂଚନା ପ୍ରଦାନ ସହ ମତ ବ୍ୟକ୍ତ କରିଥିଲେ। ସରକାରଙ୍କ ଯୋଜନାର ଲାଭ ଉଠାଇ ସ୍ୱାଭାଲମ୍ବି ହୋଇ ପାରିବେ ଅର୍ଥ ଉପାର୍ଜନ କରିପାରିବେ ମତବ୍ୟକ୍ତ କରିଥିଲେ ।ଉକ୍ତ ସଭାରେ ପ୍ରାଣୀ ପାଳନ, ମତ୍ସ୍ୟ ଚାଷୀମାନଙ୍କୁ ସମ୍ବର୍ଦ୍ଧନା ଓ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମ ପରିସରରେ ମତ୍ସ୍ୟ ବିଭାଗ, ପ୍ରାଣୀ ସମ୍ପଦ ବିଭାଗ, କୃଷି ବିଭାଗ, ମିଶନ ଶକ୍ତି, ଉଦ୍ୟାନ ବିଭାଗ ଭଳି ୧୨ଟି ଷ୍ଟଲ ପ୍ରଦର୍ଶନୀ କରାଯାଇଥିବା ସହ ସମସ୍ତ ବିଭାଗର କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ସଫଳ କରିବାରେ ସହଯୋଗ କରିଥିଲ। ଡଃ. ସୁଦେବି ଭଞ୍ଜ ମଞ୍ଚ ପରିଚାଳନା କରିଥବା ବେଳେ ଜୟପାଟଣା ବିଡିଓ ଧନ୍ୟବାଦ୍ ପ୍ରଦାନ କରିଥିଲେ।





ମଦିନା ଦୁର୍ଘଟଣାରେ ୪୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଏମାନଙ୍କ ମଧ୍ୟରେ ଗୋଟିଏ ପରିବାରର ୧୮ ଜଣ ସଦସ୍ୟ ସାମିଲ ଥିଲେ । ହାଇଦରାବାଦର ବିମାନ ବନ୍ଦରରେ ନଭେମ୍ବର ୯ରେ ମକ୍କା ଯିବା ପୂର୍ବରୁ ଏହି ପରିବାରର ସଦସ୍ୟଙ୍କୁ ନିକଟ ସମ୍ପର୍କୀୟ ବିଦାୟ ଦେଉଛନ୍ତି । ଦୁର୍ଘଟଣାସ୍ଥଳୀର ଦୃଶ୍ୟ (ବାମ) ।

## ଡ୍ରଗ୍ସ ବୋଟ୍ ଉପରେ ଆକ୍ରମଣ; ୩ ମୃତ, ୭୫ ଦିନରେ ୮୩

ୱାସିଂଟନ, ୧୭ ।୧୧(ଏଜେନ୍ସି): ଆମେରିକା ଶନିବାର ପୂର୍ବ ପ୍ରଶାନ୍ତ ମହାସାଗରରେ ଡ୍ରଗ୍ସ ତଥା ନିଶାଦ୍ରବ୍ୟ ନେଇ ଯାଉଥିବା ଏକ ବୋଟ୍ ଉପରେ ଆକ୍ରମଣ କରିଛି । ଏଥିରେ ୩ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । ଏ ନେଇ ରବିବାର ଆମେରିକା ସେନା ତରଫରୁ ସୂଚନା ଦିଆଯାଇଛି । ଗତ ସେପ୍ଟେମ୍ବର ମାସ ଆରମ୍ଭରୁ ଏପର୍ଯ୍ୟନ୍ତ ଆମେରିକା ସେନା ଡ୍ରଗ୍ସ ନୌକା ଉପରେ ୨୧ତମ ଆକ୍ରମଣ କରିଛି । ଏହି ଆକ୍ରମଣରେ ଏପର୍ଯ୍ୟନ୍ତ ୮୩ରୁ ଅଧିକ ଲୋକ ମୃତ୍ୟୁବରଣ କଲେଣି । ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହି ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ ବୋଲି ଆମେରିକା ବିଦେଶ ମନ୍ତ୍ରୀ ମାର୍କୋ ରୁବିୟୋ କହିଛନ୍ତି । ଆମେରିକାରେ ଡ୍ରଗ୍ସ ତଥା ନିଶାଦ୍ରବ୍ୟ ଯୋଗାଣକୁ ବନ୍ଦ କରିବା ପାଇଁ ନିହାତି ଜରୁରୀ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି । ଏହାକୁ ମଧ୍ୟ ନ୍ୟାୟ ବିଭାଗ ଉଚିତ୍ ପଦକ୍ଷେପ ବୋଲି ଦର୍ଶାଇଛି । ତେଣୁ ଏହି ଆକ୍ରମଣରେ ସାମିଲଥିବା ଆମେରିକା ସୈନିକଙ୍କ ବିରୋଧରେ କୌଣସି ଆଇନଗତ ପଦକ୍ଷେପ ନିଆଯିବ ନାହିଁ ବୋଲି ସ୍ପଷ୍ଟ ହୋଇଛି । ଆମେରିକା ସେନା ଏହି ଆକ୍ରମଣର ଭିଡିଓ ମଧ୍ୟ ଜାରି କରିଛି । ଟ୍ରମ୍ପ କହିଛନ୍ତି ଯେ, ମୋ ନିର୍ଦ୍ଦେଶରେ ଆମେରିକା ସେନା ଡ୍ରଗ୍ସ ଚୋରାଚାଲାଣ କରୁଥିବା ନାର୍କୋ ଟେରରିଷ୍ଟ ଉପରେ ଆକ୍ରମଣ କରିଛି । ଏମାନେ ଭେନେଜୁଏଲାରୁ ଆମେରିକାକୁ ନିଶାଦ୍ରବ୍ୟ ନେଇ ଯାଉଥିଲେ । ପୂର୍ବରୁ ଗତ ନଭେମ୍ବର ୧୦ରେ ଆମେରିକା ପୂର୍ବ ପ୍ରଶାନ୍ତ ମହାସାଗରରେ ଦୁଇଟି ସନ୍ଦିଗ୍ଧ ନୌକା ଉପରେ ସମାନ କାରଣ ପାଇଁ ଆକ୍ରମଣ କରିଥିଲା ଓ ଏଥିରେ ୬ ଜଣ ମୃତ୍ୟୁବରଣ କରିଥିଲେ ।

ନକଲି ପାନ୍‌କାର୍ଡ ମାମଲରେ ରାମପୁର କୋର୍ଟଙ୍କ ରାୟ

## ଆଜମ ଖାନ, ପୁଅଙ୍କୁ ୭ ବର୍ଷ ଜେଲ୍ ଦଣ୍ଡ

ରାମପୁର, ୧୭ ।୧୧(ଏଜେନ୍ସି): ସମାଜବାଦୀ ପାର୍ଟିର ବରିଷ୍ଠ ନେତା ଆଜମ ଖାନ୍ ଓ ତାଙ୍କ ପୁଅ ଅବଦୁଲ୍ଲାଙ୍କୁ ପୁଣିଥରେ ୭ ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରାଯାଇଛି । ସୋମବାର ରାମପୁରର ଏମ୍‌ପି/ଏମ୍‌ଏଲ୍‌ଏ କୋର୍ଟ ଦୁହିଁଙ୍କୁ ନକଲି ପାନ୍‌କାର୍ଡ ମାମଲାରେ ଦୋଷୀ ସାବ୍ୟସ୍ତ କରିବା ସହ ଏହି ଦଣ୍ଡ ଶୁଣାଇଛନ୍ତି । ଉଭୟଙ୍କ ଉପରେ ୫୦ ହଜାର ଟଙ୍କାର



ଜରିମାନା ଧାର୍ଯ୍ୟ କରାଯାଇଛି । କୋର୍ଟ ରାୟ ଦେବା ପରେ ପୁଲିସ ଦୁଇଜଣଙ୍କୁ କୋର୍ଟ ରୁମ୍‌ରୁ ନିଜ ହେପାଜତକୁ ନେବା ସହ ପୁଣି ଜେଲ୍‌କୁ ପଠାଇଛି । ଦୁଇମାସ ତଳେ ସେପ୍ଟେମ୍ବର ୨୩ରେ ଆଜମ ସୀତାପୁର ଜେଲ୍‌ରୁ ଛାଡ଼ପାଇ ବାହାରକୁ ଆସିଥିଲେ । ଅବଦୁଲ୍ଲା ହରଦୋଇ ଜେଲ୍‌ରୁ ୯ ମାସ ତଳେ ଛାଡ଼ ପାଇଥିଲେ । ଏବେ ଦୁଇଜଣ ଜେଲକୁ ଫେରିଛନ୍ତି । ୨୦୧୯ରେ ଏହି ନକଲି ପାନ୍ କାର୍ଡ ମାମଲା ଦାଏର କରାଯାଇଥିଲା । ବିଜେପି ନେତା ଆକାଶ ସାକସେନା ସିଭିଲ ଲାଇନ୍ସ ଥାନାରେ ଏହି ମାମଲା ରୁଜୁ କରିଥିଲେ । ଆଜମ ତାଙ୍କ ପୁଅ ଅବଦୁଲ୍ଲାଙ୍କୁ ଦୁଇଟି ଭିନ୍ନ ଭିନ୍ନ ଜନ୍ମ ପ୍ରମାଣପତ୍ର ସହ ଦୁଇଟି ପାନ୍ କାର୍ଡ ବେଆଇନ ଭାବେ ଉପଲବ୍ଧ କରାଇବାରେ ସହାୟତା ପ୍ରଦାନ କରିଥିଲେ । ନିର୍ବାଚନ ଲଢ଼ିବା ପାଇଁ ଏହି ବେଆଇନ କାର୍ଯ୍ୟ ହୋଇଥିଲା ବୋଲି ରାମପୁର କୋର୍ଟ ହୃଦୟଙ୍ଗମ କରିବା ପରେ ଏହି ରାୟ ପ୍ରଦାନ କରିଛନ୍ତି ।

## କଙ୍ଗୋ ଖଣିରେ ଦୁର୍ଘଟଣା; ୮୦ ମୃତ

କିନ୍‌ଶାସା, ୧୭ ।୧୧(ଏଜେନ୍ସି): କେନ୍ଦ୍ର ଆଫ୍ରିକୀୟ ଦେଶ କଙ୍ଗୋରେ ଏକ ଖଣିରେ ବଡ଼ ଧରଣର ଦୁର୍ଘଟଣା ଘଟିଛି । ଶନିବାର ଏକ ଖଣି ଧସିବା ଫଳରେ ୮୦ଜଣ ଲୋକ ପ୍ରାଣ ହରାଇଛନ୍ତି ଓ ବହୁ ଲୋକ ଅବଶେଷ ତଳେ ଦବି ରହିଥିବା ଆଶଙ୍କା କରାଯାଉଛି । ଏହି ଦୁର୍ଘଟଣା ଲୁଆଲାବା ପ୍ରଦେଶର ମୁଲୋଣ୍ଡୋର କାଲାଣ୍ଡୋ ଖଣିରେ ଘଟିଥିଲା ବୋଲି ଜଣେ ଅଧିକାରୀ ସୂଚନା ଦେଇଛନ୍ତି । ପ୍ରବଳ ବର୍ଷା ଓ ଭୂସ୍ଖଳନ ଆଶଙ୍କା ଥିବାରୁ ଏହି ଖଣିକୁ ଯିବା ପାଇଁ ବାରଣ କରାଯାଇଥିଲା । ଏହା ସତ୍ତ୍ୱେ ବେଆଇନ ଖଣି ଖନନ କରୁଥିବା ଲୋକେ ଜବରଦସ୍ତି ସେଠାକୁ ଯାଇଥିଲେ । ଖଣିରେ ମାଇନିଂ କରୁଥିବା ଲୋକେ ସୈନିକଙ୍କ ଫାୟାରିଂରେ ଆତଙ୍କିତ ହୋଇ ଖଣିର ଉପରେ ଥିବା ପୋଲ ଉପରକୁ ଦୌଡ଼ିଥିଲେ । ଫଳରେ ପୋଲ ଭୁଶୁଡି ପଡ଼ିଥିଲା । ଘଟଣାର ଏକ ଭିଡିଓ ଏବେ ସାମ୍ନାକୁ ଆସିଛି । ଅଚାନକ ଏକ ଖଣିର ଏକ ଅଂଶ ଧସିବା ଫଳରେ ବହୁ ଲୋକ ଦବି ଯାଇଥିଲେ । ବହୁ ଲୋକ ଦୌଡ଼ି ପଳାଇବାକୁ ଚେଷ୍ଟା କରୁଥିବା ବେଳେ ପରସ୍ପର ଉପରେ ଚଢ଼ି ଯାଇଥିଲେ । ଫଳରେ ବହୁ ଲୋକଙ୍କୁ ଜୀବନ ହରାଇବାକୁ ପଡ଼ିଥିଲା ବୋଲି କୁହାଯାଇଛି ।

# ଡ୍ରୋନ୍, ରକେଟ ଆକ୍ରମଣ ପାଇଁ ଯୋଜନା

■ ଆତଙ୍କବାଦୀଙ୍କ ଟାର୍ଗେଟରେ ଥିଲା ଦିଲ୍ଲୀ
■ ଶ୍ରୀନଗରରୁ ଆଉ ଜଣେ ସନ୍ଦିଗ୍ଧ ଗିରଫ
■ ଦିଲ୍ଲୀ ବିସ୍ଫୋରଣରେ ଆଉ ୨ ମୃତ

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ଦିଲ୍ଲୀ ବିସ୍ଫୋରଣ ମାମଲାର ଯାଞ୍ଚ କରୁଥିବା ଏନ୍‌ଆଇଏ ହାତରେ ବିସ୍ଫୋରକ ତଥ୍ୟ ଲାଗିଛି । ଏହି ଘଟଣାରେ ଜଡ଼ିତ ଆତଙ୍କବାଦୀମାନେ ଦିଲ୍ଲୀ ଓ ଏହାର ଆଖପାଖ ଅଞ୍ଚଳରେ ଭୟଙ୍କର ଆକ୍ରମଣ କରିବାକୁ ଯୋଜନା କରିଥିଲେ । ଏଥିପାଇଁ ସେମାନେ ଡ୍ରୋନ୍ ଓ ରକେଟ ପ୍ରସ୍ତୁତ କରୁଥିଲେ । ୨୦୨୩ ଅକ୍ଟୋବରରେ ଇସ୍ରାଏଲ ଉପରେ ହମାସ ଯେପରି ଡ୍ରୋନ ଓ ରକେଟ ଜରିଆରେ ଆକ୍ରମଣ କରିଥିଲା, ଠିକ୍ ସେହି ଢଙ୍ଗରେ ଦିଲ୍ଲୀରେ ଆକ୍ରମଣ ପାଇଁ ବଡ଼ ଧରଣର ଯୋଜନା ଚାଲିଥିଲା । ଡ୍ରୋନରେ ଶକ୍ତିଶାଳୀ ବିସ୍ଫୋରକ ଖଞ୍ଜି ଏହାକୁ ଦିଲ୍ଲୀର ସବୁଠାରୁ ଗହଳି ଥିବା ଅଞ୍ଚଳ ଉପରେ ବିସ୍ଫୋରଣ କରାଯାଇ ଥାଆନ୍ତା । ଶ୍ରୀନଗରରୁ ଗିରଫ ହୋଇଥିବା ଆତ୍ମଘାତୀ ଡ. ଉମରର ସହଯୋଗୀ ଠାରୁ ଏଭଳି ତଥ୍ୟ ମିଳିଛି । ଏହି ଷଡ଼ଯନ୍ତ୍ର ।।ରେ ସେ, ଉମର ଏବଂ ଦାନିଶ ସାମିଲ ଥିବା ସ୍ୱୀକାର କରିଛି ।

ପାକିସ୍ତାନର କୁଖ୍ୟାତ ଆତଙ୍କବାଦୀ ସଂଗଠନ 'ଜୈସ-ଇ-ମହମ୍ମଦ' ମଧ୍ୟ ଏହି ଷଡ଼ଯନ୍ତ୍ରରେ ସାମିଲ ଥିଲା । ସେମା।।ନେ ଡିସେମ୍ବର ୬ରେ ବାବରୀ ମସଜିଦ୍ ଧ୍ୱଂସର ପ୍ରତିଶୋଧ ନେବା ପାଇଁ ବ୍ୟାପକ ଆତ୍ମଘାତୀ ଆକ୍ରମଣ କରିବାକୁ ଯୋଜନା କରିଥିଲେ । ଏହି ଯୋଜନାକୁ 'ଅପରେସନ ଡି-୬' ନାମ ଦିଆଯାଇଥିଲା । ଆତଙ୍କବାଦୀମାନେ ସହରର ଭିନ୍ନ୍ ଭିନ୍ନ ସ୍ଥାନରେ ବିସ୍ଫୋରଣ କରାଇବାକୁ ଚାହୁଁଥିଲେ । ଲାଲକିଲ୍ଲାରେ ହୋଇଥିବା ବିସ୍ଫୋରଣ ପ୍ଲାନ୍-ବି ଅର୍ଥାତ ଦ୍ୱିତୀୟସ୍ତରର ଯୋଜନା ଥିଲା ବୋଲି କୁହାଯାଇଛି । ଆକ୍ରମଣ ଉଦ୍ୟମକୁ ପଣ୍ଡ କରାଯିବା ଫଳରେ ଲାଲ୍‌କିଲ୍ଲା ବିସ୍ଫୋରଣକୁ କର୍ଯ୍ୟକାରୀ କରାଯାଇଥିଲା । ମହିଳା ଡାକ୍ତର ଶାହିନ ସହିଦ ଓ ଲାଲକିଲ୍ଲା ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଉମର ଏହି ଷଡ଼ଯନ୍ତ୍ରର ମୁଖ୍ୟ ନାୟକ ଓ ନାୟିକା ଥିଲେ ବୋଲି କୁହାଯାଉଛି । ଶାହିନକୁ ଭାରତରେ ଜୈସର ମହିଳା ଶାଖା ସ୍ଥାପନା ଓ ନେତୃତ୍ୱର ଦାୟିତ୍ୱ ଦିଆଯାଇଥିଲା । ଫରିଦାବାଦର ଅଲ୍ ଫଲାହ ବିଶ୍ୱବିଦ୍ୟାଳୟ ସହିତ ଜଡିତ ଥିବା ମୁଜମ୍ମିଲ ଅହମ୍ମଦ ଗନି ଗିରଫ ହେବା ପରେ ଡାକ୍ତର ଶାହିନଙ୍କୁ ଗିରଫ କାରାଯାଇଥିଲା । ଉମର ବ୍ୟାପକ ଧରଣର ଆତ୍ମଘାତୀ ଆକ୍ରମଣ କରିବାକୁ ଏକାଧିକ ଯୁବକଙ୍କୁ ପ୍ରସ୍ତୁତ କରିବାକୁ ଯୋଜନା କରୁଥିଲା ଓ ସକ୍ରିୟ ଭାବେ ସେମାନଙ୍କ ବ୍ରେନ୍‌ୱାସ କରୁଥିଲା । ଲାଲ୍‌କିଲ୍ଲା ବିସ୍ଫୋରଣରେ ଜୋତା ବୋମା ବ୍ୟବହାର କରାଯାଇଥିବା ଆଶଙ୍କା କରାଯାଉଛି । ବିସ୍ଫୋରଣ ହୋଇଥିବା କାର୍‌ରୁ ଏକ ଜୋତା ମିଳିଛି । ଏଥିରେ ଆମୋନିୟମ ନାଇଟ୍ରେଟ୍ ଓ ଟ୍ରାଇଆସେଟୋନ ଟ୍ରାଇପେରକ୍ସାଇଡ୍ (ଟିଏଟିପି) ର ଚିହ୍ନ ମିଳିଛି । ଏା ହେଉଛି ସବୁଠାରୁ ବିପଜ୍ଜନକ ବିସ୍ଫୋରକ ।

ଦିଲ୍ଲୀର ଲାଲକିଲ୍ଲା ବିସ୍ଫୋରଣ ମାମଲାରେ ଆତଙ୍କବାଦୀ ଉମରର ଆଉ ଜଣେ ସହଯୋଗୀକୁ ଗିରଫ କରାଯାଇଛି । ସୋମବାର ଏନ୍‌ଆଇଏ ଜସିର ବିଲାଲ ବାଣୀ ଉରଫ୍ ଦାନିଶକୁ ଜମ୍ମୁ- କଶ୍ମୀର ଶ୍ରୀନଗରରୁ ଗିରଫ କରିଛି । ଜସିର ଉମରକୁ ବୈଷୟିକ



ସହଯୋଗ ପ୍ରଦାନ କରୁଥିଲା । ଇତିମଧ୍ୟରେ ଦିଲ୍ଲୀ ବିସ୍ଫୋରଣରେ ଆଜି ଆଉ ଦୁଇ ଜଣ ପ୍ରାଣ ହରାଇଥିବାରୁ ମୃତ୍ୟୁସଂଖ୍ୟା ୧୫କୁ ବୃଦ୍ଧି ପାଇଛି । ଗୁରୁତର ଆହତ ଲୁକମାନ (୫୦) ଓ ବିନୟ ପାଠକ (୫୦) ଆଜି ଆଖି ବୁଜିଛନ୍ତି । ଗତକାଲି ବିଲାଲ ନାମକ ଆଉ ଜଣେ ଗୁରୁତର ବ୍ୟକ୍ତି ଚିକିତ୍ସାଧୀନ ଅବସରରେ ମୃତ୍ୟୁବରଣ କରିଥିଲେ ।

# 'ଅପରେସନ ସିନ୍ଦୂର ୮୮ ଘଣ୍ଟାର ଟ୍ରେଲର ଥିଲା'



■ ପୁଣି ସୁଯୋଗ ଦେଲେ ପାକିସ୍ତାନକୁ କଡ଼ା ଜବାବ ଦିଆଯିବ
■ ଆତଙ୍କ ସୃଷ୍ଟି କରୁଥିବା ଦେଶ ଉପରେ କାର୍ଯ୍ୟାନୁଷ୍ଠାନ ଜରୁରୀ

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ପାକିସ୍ତାନ ବିରୋଧରେ 'ଅପରେସନ ସିନ୍ଦୂର' ୮୮ ଘଣ୍ଟାର ଏକ ଟ୍ରେଲର ମାତ୍ର ଥିଲା । ଯଦି ପାକିସ୍ତାନ ପୁଣି କୌଣସି ଆତଙ୍କବାଦୀ ଆକ୍ରମଣ କରିବ, ତାହା ହେଲେ ଏହାର କଡ଼ା ଜବାବ ଦିଆଯିବ । ଭାରତୀୟ ସେନାମୁଖ୍ୟ ଉପେନ୍ଦ୍ର ଦ୍ୱିବେଦୀ ଆଜି ପାକିସ୍ତାନକୁ ଏଭଳି ଚେତାବନୀ ଶୁଣାଇଛନ୍ତି । ସେ କହିଛନ୍ତି ।।ଯେ ଏକ ଦାୟିତ୍ୱ ସମ୍ପନ୍ନ ଦେଶ କିପରି ପଡୋଶୀ ଦେଶ ପ୍ରତି ଆଚରଣ ପ୍ରଦର୍ଶନ କରେ ତାହା ଦେଖାଇବାକୁ ଆମେ ପଛକୁ ହଟିବୁ ନାହୁଁ ।

ଦିଲ୍ଲୀରେ ଆଜି ଆୟୋଜିତ ଚାଣକ୍ୟ ଡିଫେନ୍ସ ଡାଇଲଗ୍ କାର୍ଯ୍ୟକ୍ରମରେ ଯୋଗ ଦେଇ ।।ସେ କହିଛନ୍ତି ।।ଯେ ଭାରତ ସବୁବେଳେ ପ୍ରଗତି ଓ ଉନ୍ନତିର କଥା କହିଥାଏ । ଖାସ୍ ଏଥିପାଇଁ ଯେଉଁ ଲୋକ ଆତଙ୍କବାଦ କଥା କହୁଛନ୍ତି ଓ ଏହାର ପ୍ରଚାର ପ୍ରସାର କରୁଛନ୍ତି ସେମାନଙ୍କୁ ରୋକିବା ପାଇଁ କଡ଼ା କର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ । ଭାରତୀୟ ସେନା ଭବିଷ୍ୟତକୁ ମାଟି ସହିତ ସାମିଲ କରି ଦେଖିଥାଏ । ଆମେ ୫ଟି ପିଢ଼ିର ୱାରଫେୟାରରେ ଲଢ଼ିଆସିଛୁ ଓ ସେନା ସେହି ଅନୁସାରେ ନିଜର ପରିବର୍ତ୍ତନ କରିଆସିଛି । ପ୍ରଥମେ ଯୁଦ୍ଧର ନିଷ୍ପତ୍ତି ନେବା ପାଇଁ ବହୁ ଦିନ ଲାଗୁଥିଲା । କିନ୍ତୁ ଏବେ ସ୍ଥିତିରେ ପରିବର୍ତ୍ତନ ଆସିଛି । ଯଦି ଯୁଦ୍ଧ ୪୮ ଘଣ୍ଟା ମଧ୍ୟରେ ଲଢ଼ିବାକୁ ହୁଏ, ତେବେ ଦେଶର ସବୁ ସାମର୍ଥ୍ୟ ଓ ଶକ୍ତି ଲଗାଇବାକୁ ପଡ଼ିବ ବୋଲି ସେ କହିଛନ୍ତି । କୌଣସି ଭୁଲ କଲେ, ଭାରତ ତୁରନ୍ତ କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ।

ସେ କହିଲେ ଯେ ଏବେ ଭାରତର ପ୍ରତିରକ୍ଷା କ୍ଷମତା ବହୁତ ମଜବୁତ ହୋଇପାରିଛି । ଫଳରେ ପ୍ରତିପକ୍ଷ ତଥା ଶତ୍ରୁଦେଶ ଏବେ ଆମର ଆଭିମୁଖ୍ୟକୁ ଗମ୍ଭୀରତା ସହ ବିଚାର କରୁଛନ୍ତି । ଭାରତର ନୀତି ସଦାବେଳେ ସ୍ପଷ୍ଟ ରହିଛି । ପାଣି ଓ ରକ୍ତ ଏକା ସଙ୍ଗେ ପ୍ରବାହିତ ହେବ ନାହିଁ । ଆତଙ୍କବାଦ ଓ ଆଲୋଚନା ଏକାସାଥିରେ ହୋଇପାରିବ ନାହିଁ । କୂଟନୀତିରେ ସେନାର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ସେ ସ୍ପଷ୍ଟ କରିଛନ୍ତି । ସେ ଆହୁରି କହିଲେ ଯେ ଭାରତ ଓ ଚୀନ୍ ମଧ୍ୟରେ ରାଜନୈତିକ ଓ କୂଟନୈତିକ ସମ୍ପର୍କରେ ପରିବର୍ତ୍ତନ ହୋଇଛି । ଏବେ ଲୋକେ ଜମ୍ମୁ-କାଶ୍ମୀର ଯିବାକୁ ଚାହୁଁଛନ୍ତି । ସେନା ଏବେ ଦ୍ରୁତ ପରିବର୍ତ୍ତନ ଓ ଉନ୍ନତି ଦିଗରେ କାର୍ଯ୍ୟକରୁଛି । ଆଧୁନିକ ଯୁଦ୍ଧର ରୂପରେଖ ଏବେ ବଦଳୁଛି । ଏବେ ଯୁଦ୍ଧ କେବଳ ଆକାଶ, ମାଟି ଓ ସମୁଦ୍ରରେ ସୀମିତ ହୋଇ ରହିନାହିଁ । ଏହା ଏବେ ସାଇବର, ସ୍ପେସ, ଇନଫର୍ମେସନ ୱାରିୟର, ଇଲେକଟ୍ରୋମାଗ୍ନେଟିକ୍ସ ସ୍ପେକ୍ଟ୍ରମ, କଗ୍‌ନିଟିଭ ୱାରଫେୟାର ସହିତ ଜଡିତ ହେଲାଣି । ତେଣୁ ଏବେ ଦୁଇଟି ସୀମା ଓ ଆଭ୍ୟନ୍ତରଣ ଚ୍ୟାଲେଞ୍ଜକୁ ଦୃଷ୍ଟିରେ ରଖି ପ୍ରସ୍ତୁତ କରିବାକୁ ହେଉଛି । ପ୍ରତିରକ୍ଷା ବଜେଟରେ ବୃଦ୍ଧି ଜରୁରୀ ହୋଇଥିବା ବେଳେ ପାଣ୍ଠିର ଅଭାବ ରହିବ ନାହିଁ ବୋଲି ସେନାଧ୍ୟକ୍ଷ ଜେନେରାଲ ଦ୍ୱିବେଦୀ ସ୍ପଷ୍ଟ କରିଛନ୍ତି ।

## ତେଜସ୍ୱୀ ବିରୋଧୀ ଦଳ ନେତା ନିର୍ବାଚିତ

ପାଟଣା, ୧୭ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ଶୋଚନୀୟ ପରାଜୟ ପରେ ସୋମବାର ରାଷ୍ଟ୍ରୀୟ ଜନତା ଦଳର (ଆରଜେଡି)ର ପ୍ରଥମ ସମୀକ୍ଷା ବୈଠକ ବସିଥିଲା । ଏଥିରେ ତେଜସ୍ୱୀ ଯାଦବଙ୍କୁ ବିଧାନସଭାର ବିରୋଧୀ ଦଳ ନେତା ଭାବେ ନିର୍ବାଚିତ କରାଯାଇଛି । ଏହି ବୈଠକରେ ଆରଜେଡି ସୁପ୍ରିମୋ ଲାଲୁ ଯାଦବ, ପୂର୍ବତନ ମୁଖ୍ୟମନ୍ତ୍ରୀ ରାବଡୀ ଦେବୀ, ଆରଜେଡି ସାଂସଦ ମିସା ଭାରତୀ, ପୂର୍ବତନ ପ୍ରଦେଶ ଅଧ୍ୟକ୍ଷ ଜଗଦାନନ୍ଦ ସିଂ, ବାହୁବଳୀ ସୁରଜ ଭାନ ସିଂଙ୍କ ସମେତ ଆରଜେଡିର ଏକାଧିକ ବରିଷ୍ଠ ନେତା ଉପସ୍ଥିତ ଥିଲେ । ମାତ୍ର ୨ଟି ଆସନ ଅନ୍ତର କାରଣରୁ ତେଜସ୍ୱୀଙ୍କ ବିରୋଧୀ ଦଳ ନେତା ପଦ ସୁରକ୍ଷିତ ହୋଇଛି । ୨୪୩ ଆସନ ବିଶିଷ୍ଟ ବିଧାନସଭାରେ ମୁଖ୍ୟ ବରୋଧୀ ଦଳର ମାନ୍ୟତା ପାଇବା ପାଇଁ ଯେକୌଣସି ପାର୍ଟିକୁ ୧୦ ପ୍ରତିଶତ ଅର୍ଥାତ ୨୪ଟି ଆସନରେ ବିଜୟୀ ହେବା ଜରୁରୀ ।


## ଲାଲ୍‌କିଲ୍ଲା ବିସ୍ଫୋରଣ ପାଇଁ କେନ୍ଦ୍ରକୁ ଦାୟୀ କଲେ ମେହବୁବା

ଶ୍ରୀନଗର, ୧୭ ।୧୧(ଏଜେନ୍ସି): ଜମ୍ମୁ-କଶ୍ମୀର ପ୍ରମୁଖ ରାଜନୈତିକ ଦଳ ପିଡିପି ମୁଖ୍ୟ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ମେହବୁବା ମୁଫ୍‌ତି ଦିଲ୍ଲୀର ଲାଲ୍‌କିଲ୍ଲା ବିସ୍ଫୋରଣ ପାଇଁ କେନ୍ଦ୍ର ସରକାରକୁ ଦାୟୀ କରିଛନ୍ତି । କଶ୍ମୀର ପ୍ରସଙ୍ଗ ଏବେ ଦିଲ୍ଲୀ ଲାଲ୍‌କିଲ୍ଲାରେ ପ୍ରତିଧ୍ୱନିତ ହୋଇଛି । ଦେଶରେ ବୃଦ୍ଧି ପାଉଥିବା ଅସୁରକ୍ଷା ଓ ଜମ୍ମୁ-କଶ୍ମୀର ବ୍ୟାପାରରେ କେନ୍ଦ୍ର ସରକାରଙ୍କ ବିଫଳ ନୀତି କାରଣରୁ ଏଭଳି ସ୍ଥିତି ସୃଷ୍ଟି ହୋଇଛି ବୋଲି ସେ କହିଛନ୍ତି । କଶ୍ମୀରରେ ସବୁକିଛି ଠିକ୍ ଅଛି ବୋଲି କେନ୍ଦ୍ର ସରକାର ସାରା ବିଶ୍ୱକୁ ଅବଗତ କରାଉଛନ୍ତି । କିନ୍ତୁ କଶ୍ମୀର ସମସ୍ୟା ଏବେ ଲାଲ୍‌କିଲ୍ଲାରେ ମଧ୍ୟ ପହଞ୍ଚିଛି । ଜମ୍ମୁ-କଶ୍ମୀର ସୁରକ୍ଷା ବଢ଼ାଇବାକୁ ପ୍ରତିଶ୍ରୁତି ଦିଆଯାଇଥିଲା । କିନ୍ତୁ ଭୁଲ ନୀତି କାରଣରୁ ଦେଶର ରାଜଧାନୀ ଦିଲ୍ଲୀ ଏବେ ଅସୁରକ୍ଷିତ ହୋଇପଡ଼ିଛି । ଯଦି ଜଣେ ଶିକ୍ଷିତ ବ୍ୟକ୍ତି ନିଜ ଦେହରେ ଆରଡିଏକ୍ସ ବାନ୍ଧି ନିଜକୁ ଓ ଅନ୍ୟକୁ ହତ୍ୟା କରୁଛି, ତାହାଲେ ଦେଶ ଆଦୌ ସୁରକ୍ଷିତ ନାହିଁ । କେନ୍ଦ୍ର ସରକାରଙ୍କ କଶ୍ମୀର ନୀତି ସମ୍ପୂର୍ଣ୍ଣ ଭାବେ ବିଫଳ ହେବା ପ୍ରମାଣିତ ହୋଇଛି ବୋଲି ସେ କହିଛନ୍ତି ।

## ଏସ୍‌ଆଇଆର୍ ଚାପ: ରାଜସ୍ଥାନ, କେରଳରେ ୨ ବିଏଲ୍‌ଓଙ୍କ ଆତ୍ମହତ୍ୟା

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ରାଜସ୍ଥାନ ଓ କେରଳରେ ସ୍ପେଶାଲ ଇଣ୍ଟେନ୍‌ସିଭ୍ ରିଭିଜନ (ଏସ୍‌ଆଇଆର୍) ପ୍ରକ୍ରିୟାରେ ସାମିଲ ଥିବା ଦୁଇଜଣ ବୁଥ ସ୍ତରର ଅଧିକାରୀ (ବିଏଲ୍‌ଓ) ଆତ୍ମହତ୍ୟା କରିଛନ୍ତି । କାମ କରିବାର ଚାପକୁ ନିୟନ୍ତ୍ରଣ କରିନପାରି ଦୁହେଁ ଏହି ଚରମ ନିଷ୍ପତ୍ତି ନେଇଛନ୍ତି ବୋଲି ସେମାନଙ୍କ ପରିବାର ସଦସ୍ୟ କହିଛନ୍ତି । କେରଳର କନ୍ନୁର ଜିଲ୍ଲାର ଜଣେ ସରକାରୀ ସ୍କୁଲର କର୍ମଚାରୀ ୪୪ ବର୍ଷୀୟ ଅନିଶ ଜର୍ଜ ରବିବାର ଫାଶୀ ଲଗାଇ ଆତ୍ମହତ୍ୟା କରିଛନ୍ତି । ନିର୍ବାଚନ ପାଇଁ ତାଙ୍କୁ ବିଏଲ୍‌ଓ ଭାବେ ନିଯୁକ୍ତି ଦିଆଯାଇଥିଲା । ସେହିପରି ରାଜସ୍ଥାନର ଜୟପୁରର ୪୮ ବର୍ଷୀୟ ମୁକେଶ କୁମାର ଜାଙ୍ଗିଡ୍ ଏସ୍‌ଆଇଆର ପ୍ରକ୍ରିୟାରେ କାର୍ଯ୍ୟର ଚାପ ପାଇଁ ଟ୍ରେନ୍ ଆଗକୁ ଡେଇଁ ଆତ୍ମହତ୍ୟା କରିଛନ୍ତି । ମୁକେଶ କଲୱାଡାର ଧରମପୁରାରେ ଏକ ସରକାରୀ ସ୍କୁଲରେ ଶିକ୍ଷକତା କରୁଥିଲେ । ତାଙ୍କ ପକେଟରୁ ଏକ ସୁସାଇଡ୍ ନୋଟ୍ ମିଳିଛି । ଉପରସ୍ତରର ଅଧିକାରୀମାନେ ତାଙ୍କୁ ହଇରାଣ ଓ ଅପମାନିତ କରିବା ସହ ସସ୍‌ପେଣ୍ଡ କରିବାକୁ ଧମକ ଦେଇଥିଲେ ବୋଲି ସେ ଏଥିରେ ଉଲ୍ଲେଖ କରିଛନ୍ତି । ସେପଟେ କୋଲକାତାରେ ମଧ୍ୟ ଜଣେ





ବିଏଲ୍‌ଓ ଅସୁସ୍ଥତା କରାଣରୁ ହସ୍ପିଟାଲରେ ଭର୍ତ୍ତି ହୋଇଛନ୍ତି । ଏସ୍‌ଆଇଆର କାର୍ଯ୍ୟ କରିବା ପାଇଁ ତାଙ୍କ ଉପରେ ବହୁତ ଚାପ ଥିଲା ବୋଲି ତାଙ୍କ ପତ୍ନୀ କହିଛନ୍ତି ।

# ବିହାରରେ ମନ୍ତ୍ରିପଦ ପାଇଁ କସରତ

ବିଜେପିରୁ ୧୬, ଜେଡିୟୁରୁ ୧୫ ଜଣ ହୋଇପାନ୍ତି ମନ୍ତ୍ରୀ

ନୂଆଦିଲ୍ଲୀ, ୧୭ ।୧୧(ଏଜେନ୍ସି): ବିହାର ବିଧାନସଭା ନର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ମେଣ୍ଟର ଐତିହାସିକ ବିଜୟ ପରେ ନୂଆ ସରକାର ଗଠନ କରିବାର ପ୍ରକ୍ରିୟା ଆରମ୍ଭ ହୋଇଛି । ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଆଜି ରାଜ୍ୟପାଳ ଆରିଫ ମହମ୍ମଦ ଖାନ୍‌ଙ୍କୁ ଭେଟି ବିଧାନସଭା ଭଙ୍ଗ ପାଇଁ ସୁପାରିସ କରିଛନ୍ତି । ଆଜି ନୀତୀଶଙ୍କ ଅଧ୍ୟକ୍ଷତାରେ ଶେଷ କ୍ୟାବିନେଟ ବୈଠକ ହୋଇଥିଲା । ବୈଠକରେ ବିଧାନସଭା ଭଙ୍ଗ ପାଇଁ ସୁପାରିସ କରିବାକୁ ପ୍ରସ୍ତାବ ଗ୍ରହଣ କରାଯାଇଥିଲା । ଆସନ୍ତାକାଲି ବିଜେପି ଓ ଜେଡିୟୁର ମିଳିତ ବିଧାୟକ ଦଳ ବୈଠକ ଡକାଯାଇଛି । ଏଥିରେ ଏନ୍‌ଡିଏର ବିଧାୟକ ଦଳର ନେତା ନିର୍ବାଚିତ କରାଯିବ । ଏହାପରେ ଯାଇ ନୂଆ ସରକାର ଗଠନ କରିବା ଲାଗି ଦାବି ଉପସ୍ଥାପନ କରାଯିବ । ନଭେମ୍ବର ୨୦ରେ ପାଟନା ଗାନ୍ଧୀ ମଇଦାନରେ ନୀତୀଶ ୧୦ମ ଥର ପାଇଁ ମୁଖ୍ୟମନ୍ତ୍ରୀ ପଦର ଶପଥ ଗ୍ରହଣ କରିବେ । ଶପଥ ଗ୍ରହଣ ଉତ୍ସବରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସମେତ ଅନେକ କେନ୍ଦ୍ର ମନ୍ତ୍ରୀ ଓ ବିଜେପି ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି ।

ଇତିମଧ୍ୟରେ ମନ୍ତ୍ରୀ ତାଲିକାକୁ ନେଇ କସରତ ଆରମ୍ଭ ହୋଇଛି । କେଉଁ ଦଳରୁ କେତେ ଜଣ ମନ୍ତ୍ରୀ ହେବେ ତାହାକୁ ନେଇ ବୁଝାମଣା ପ୍ରାୟ ଚୂଡ଼ାନ୍ତ ହୋଇଯାଇଛି । ନୂଆ କ୍ୟାବିନେଟ୍‌ରେ ୩୬ ଜଣ ମନ୍ତ୍ରୀଙ୍କୁ ସାମିଲ କରାଯିବ ବୋଲି କେନ୍ଦ୍ରମନ୍ତ୍ରୀ ଜିତେନ ରାମ ମାଞ୍ଜି କହିଛନ୍ତି । ନବଗଠିତ ମନ୍ତ୍ରିମଣ୍ଡଳରେ ବିଜେପିର ୧୬, ଜେଡିୟୁର ୧୫, ଚିରାଗ ପାଶୱାଙ୍କ ଏଲ୍‌ଜେପି (ଆର୍), ଏଚ୍‌ଏଏମ୍ ଓ ଆରଏଲ୍‌ଏସ୍‌ପିର ଜଣେ ଲେଖାଏ ମନ୍ତ୍ରୀ ସାମିଲ ହେବେ । ତେବେ ୧୯ଟି ଆସନ ଜିତିଥିବା ଚିରାଗ ପାଶ୍ୱାନଙ୍କ ଏଲଜେପି ନୂଆ ସରକାରରେ ଆଉ ଗୋଟିଏ ମନ୍ତ୍ରୀ ପଦ ପାଇଁ ଦାବି କରିଛି । ଏପରିକି ଏହି ଦଳରୁ



ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରିବା ଲାଗି ମଧ୍ୟ ପାଶ୍ୱାନ ଦାବି କରିଥିବା ଜଣାପଡ଼ିଛି ।

ଜେଡିୟୁ ଏହାର ମନ୍ତ୍ରୀ ତାଲିକାରେ ଅଦଳବଦଳ କରିବାର ସମ୍ଭାବନା ରହିଛି । ଅନ୍ୟପକ୍ଷରେ ବିଜେପି ଏହାର ପୁରୁଣା ମନ୍ତ୍ରୀଙ୍କୁ ବଜାୟ ରଖିବାର ସମ୍ଭାବନା ରହିଛି । ତଥାପି କିଛି ପରିବର୍ତ୍ତନ ହୋଇପାରେ । ତେଣୁ ନୂଆ ସରକାରରେ ମନ୍ତ୍ରୀ ପଦ ପାଇବା ଲାଗି ଅନେକ ଆଶାୟୀ ଲବି କରିବା ଆରମ୍ଭ କରିଦେଇଛନ୍ତି ।

ସୂଚନାଯୋଗ୍ୟ, ନଭେମ୍ବର ୨୨ରେ ରାଜ୍ୟ ବିଧାନସଭାର କର୍ଯ୍ୟକାଳ ଶେଷ ହେବ । ନିର୍ବାଚନ କମିସନ ଇତିମଧ୍ୟରେ ବିଧାନସଭା ନିର୍ବାଚନ ।।ରେ ବିଜୟୀ ପ୍ରାର୍ଥୀଙ୍କ ତାଲିକା ରାଜଭବନକୁ ପ୍ରଦାନ କରିଛନ୍ତି । ନିର୍ବାଚନରେ ୨୪୩ ଆସନରୁ ଏନ୍‌ଡିଏ ମେଣ୍ଟ ୨୦୨ଟିରେ ବିଜୟୀ ହୋଇଛି । ଏଥିରେ ବିଜେପି ୮୯, ଜେଡିୟୁ ୮୫, ଏଲ୍‌ଜେପି ୧୯, ଏଚ୍‌ଏଏମ୍‌ର ୫, ଆରଏଲ୍‌ଏମ୍‌ର ୪ ଆସନରେ ବିଜୟୀ ହୋଇଛନ୍ତି ।

**ମୁଦ୍ରା ବିନିମୟ ମୂଲ୍ୟ**

ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୫୦ ● ପାଉଣ୍ଡ ୧୧୬.୦୩
- ୟୁରୋ ୧୦୨.୯୪ ● ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**

୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୪,୭୦୦ (ନୂଆଦିଲ୍ଲୀ)
- ରୁପା : ୧,୬୭,୦୦୦ (କେଜି)

**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୪,୯୫୦.୦୦
- ନିଫ୍ଟି ୨୬,୦୧୩. ୦୦

**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

# ଅରୁନ୍ଧତୀ ଜୁଏଲର୍ସର 'ବିବାହ ମହୋତ୍ସବ' ଜୁଏଲାରୀ ପ୍ରଦର୍ଶନୀ ଆରମ୍ଭ



ଭୁବନେଶ୍ୱର,୧୭।୧୧(ସମିସ): ଜୁଏଲାରୀ ବ୍ରାଣ୍ଡ ଅରୁନ୍ଧତୀ ଜୁଏଲର୍ସ ଚଳିତ ବିବାହ ଋତୁ ପାଇଁ ଗ୍ରାହକଙ୍କ ପସନ୍ଦକୁ ଆଖି ଆଗରେ ରଖି ଗତକାଲି ଅରୁନ୍ଧତୀ ଜୁଏଲର୍ସ ପୁରୀ ଶାଖାଠାରେ ବିବାହ ମହୋତ୍ସବର ଜୁଏଲାରୀ ପ୍ରଦର୍ଶନୀ ଆରମ୍ଭ କରିଛି। ବିବାହ ଅବସର ପାଇଁ ବିଶେଷ ଭାବରେ ପ୍ରସ୍ତୁତ, ପାରମ୍ପରିକ ସୁନା ଗହଣାର କମ୍ ଓଜନ ଯୁକ୍ତ ସର୍ବୋତମ ଡିଜାଇନ୍ ଓ କଲେକ୍ସନ ପ୍ରସ୍ତୁତ କରାଯାଇଛି। ଏହି ବିବାହ ଋତୁକୁ ଆଖି ଆଗରେ ରଖି ଅରୁନ୍ଧତୀ ଜୁଏଲର୍ସ ତରଫରୁ ବଜାରର ସର୍ବଶ୍ରେଷ୍ଠ ଅଫର ଘୋଷଣା କରିଛି, ଯେଉଁଥିରେ ୫୦ଗ୍ରାମ ରୁ ଉର୍ଦ୍ଧ୍ୱ ସୁନା ଗହଣା କ୍ରୟ ଉପରେ ଫ୍ଲାଟ ୫୦%ରିଆତି, ୨୫ ରୁ ୫୦ ଗ୍ରାମ୍ ଭିତରେ ଯେତିକି ଗ୍ରାମ୍ ସୁନା ଗହଣା କ୍ରୟ କରିବେ ସେତିକି ପ୍ରତିଶତ ଗଢ଼ାମଜୁରି ରେ ରିହାତି ସହ ପ୍ରତି କ୍ୟାରେଟ ହୀରା ମୂଲ୍ୟରେ ୨୦,୦୦୦ ଟଙ୍କାର ମହାବଚତ ରିଆତି ପାଇପାରିବେ ଏବଂ ୫୧ ଜଣ ଲକ୍ଷପତି ହେବାର ସୁଯୋଗ ମଧ୍ୟ ପାଇପାରିବେ। ସୁନା ଗହଣା ପରି ରୁପାଗହଣା ରେ ମଧ୍ୟ ସମାନ ପ୍ରକାରର ଅଫର ରହିଛି। ଏହି ଅଫର ଅରୁନ୍ଧତୀର ସମସ୍ତ ଶାଖାମାନଙ୍କରେ ଉପଲବ୍ଧ।

# କୋମାକି ଇଲେକ୍ଟ୍ରିକ୍‌ର ଏମ୍ଏକ୍ସ-୧୬ ପ୍ରୋ ବଜାରରେ



ନୂଆଦିଲ୍ଲୀ, ୧୭।୧୧(ସମିସ): କୋମାକି ଇଲେକ୍ଟ୍ରିକ୍ ଆଜି ନିଜର ନୂଆ କ୍ରୁଜର୍ ଇଲେକ୍ଟ୍ରିକ୍ ବାଇକ୍ ଏମ୍ଏକ୍ସ୧୬ ପ୍ରୋର ବଜାର ପ୍ରବେଶ କରାଇଛି। ଶକ୍ତିଶାଳୀ ମେଟାଲ୍ ବୋଡି, ଆଧୁନିକ ଇଭି ଟେକ୍ନୋଲୋଜି ଓ ପ୍ରିମିୟମ୍ ଡିଜାଇନ୍ ସହିତ ଏହି ବାଇକ୍ ୧,୬୯,୯୯୯ ଟଙ୍କାର ଆରମ୍ଭିକ ମୂଲ୍ୟରେ ଉପଲବ୍ଧ। ଏହା ଡୁଆଲ୍ ଟୋନ୍‌ଅ ଓ ଜେଟ୍ ବ୍ଲାକ୍ ଏହି ଦୁଇଟି ରଙ୍ଗରେ ଉପଲବ୍ଧ, ଯାହା ଏହାର କ୍ରୁଜର୍ ଆକର୍ଷଣକୁ ଆଉ ବଢ଼ାଇଦେଇଛି। ଅଧା ମୂଲ୍ୟରେ ବେଶି ପରଫର୍ମାନ୍ସରେ କୌଣସି ସମଝୋତା କରାଯାଇନି। ଗୋଟିଏ ଥର ଚାର୍ଜରେ ୧୬୦–୨୨୦ କି.ମି.ର ରେଞ୍ଜ ଏବଂ ୨୦୦ କି.ମି. ଚାଲିବାର ଖର୍ଚ୍ଚ ମାତ୍ର ୧୫–୨୦ ଟଙ୍କା। ପେଟ୍ରୋଲ୍ ବାଇକ୍ ତୁଳନାରେ ୫ ଗୁଣା ଶସ୍ତା। ଏହାର ସର୍ବାଧିକ ଗତି: ୮୦ କି.ମି./ଘଣ୍ଟା ସୁରକ୍ଷା ଓ ସୁବିଧାର ସଠିକ୍ ସମନ୍ୱୟ।

### ସଙ୍କଟରେ ଭାରତର ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା

# ପ୍ରତି ୬ ଜଣରେ ଜଣେ ମଧୁମେହରେ ପୀଡିତ

- ଆଇସିଆଇସିଆଇ ଲୋମ୍ବାର୍ଡ ରିପୋର୍ଟ
- କ୍ରମାଗତ ଭାବରେ ଚାପ ଓ ଥକାପଣର ଶିକାର



ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି)

ବର୍ତ୍ତମାନର ବ୍ୟସ୍ତ ବହୁଳ ଜୀବନରେ ଆପଣ କ'ଣ କ୍ଳାନ୍ତ ଅନୁଭବ କରୁଛନ୍ତି? ଚାପ ଆପଣଙ୍କ ଜୀବନର ଏକ ଅଂଶ ପାଲଟିଛି କି ? ଯଦି ହଁ, ତେବେ ଆପଣ ଏକା ନୁହଁନ୍ତି। ସଙ୍କଟରେ ଏବେ ଭାରତର ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା। ଦେଶର ପ୍ରମୁଖ ବୀମା କମ୍ପାନୀ ଆଇସିଆଇସିଆଇ ଲୋମ୍ବାର୍ଡ ସମ୍ପ୍ରତି ଏକ ଆଶ୍ଚର୍ଯ୍ୟଜନକ ପରିସଂଖ୍ୟାନ ସହିତ ଏକ ରିପୋର୍ଟ ପ୍ରକାଶ କରିଛି। ବିଶ୍ୱ ମଧୁମେହ ଦିବସ ଅବସରରେ ପ୍ରକାଶିତ ଏହି ରିପୋର୍ଟ କେବଳ ଭାରତୀୟଙ୍କ ଅବନତିଶୀଳ ସ୍ୱାସ୍ଥ୍ୟ ବିଷୟରେ ଅନ୍ଧକାର ସତ୍ୟ ପ୍ରକାଶ କରେ ନାହିଁ, ବରଂ ଏହା ମଧ୍ୟ ପ୍ରକାଶ କରେ ଯେ ଭାରତରେ ପ୍ରତି ୬ଜଣରେ ଜଣେ ବର୍ତ୍ତମାନ ମଧୁମେହ ରୋଗରେ ପୀଡିତ। ଆଇସିଆଇସିଆଇ ଲୋମ୍ବାର୍ଡର ଇଣ୍ଡିଆ ୱେଲନେସ୍ ଇଣ୍ଡେକ୍ସ ୨୦୨୫ ଅନୁଯାୟୀ, ଚାପ, ଗଣ୍ଠି ଯନ୍ତ୍ରଣା ଏବଂ ଉଚ୍ଚ ରକ୍ତଚାପ ପରେ ମଧୁମେହ ଦେଶର ଶ୍ରେଷ୍ଠ ୫ଟି ରୋଗ ମଧ୍ୟରୁ ଗୋଟିଏ ହୋଇଗଲାଣି।

ଏହି ରିପୋର୍ଟ ଦେଶର ୧୯ଟି ପ୍ରମୁଖ ସହରର ୨୦୦୦ ଲୋକଙ୍କ ଉପରେ କରାଯାଇଥିବା ଏକ ସର୍ଭେ ଉପରେ ଆଧାରିତ। ଏଥିରେ ସବୁଠାରୁ ଚିନ୍ତାଜନକ କଥା ହେଉଛି ଏହି ରୋଗ ଆଉ କେବଳ ବୟସ୍କ ଲୋକଙ୍କ ମଧ୍ୟରେ ସୀମିତ ନୁହେଁ। ମିଲେନିୟାଲ୍ସ ଏବଂ କର୍ପୋରେଟ୍ କର୍ମଚାରୀଙ୍କ ମଧ୍ୟରେ ମଧ୍ୟ ଏହାର ପ୍ରକୋପ ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏହାର ମୁଖ୍ୟ କାରଣ ହେଉଛି ଆମେ ସମସ୍ତେ ସମ୍ମୁଖୀନ ହେଉଥିବା ସମାନ - ଖରାପ ଖାଦ୍ୟ, ଶାରୀରିକ ନିଷ୍କ୍ରିୟତା ଏବଂ ଅତ୍ୟଧିକ ଚାପ। ରିପୋର୍ଟରେ ସ୍ପଷ୍ଟ ଭାବରେ କୁହାଯାଇଛି ଯେ ହୃଦରୋଗ କିମ୍ବା ମଧୁମେହ ଥିବା ଲୋକଙ୍କର ସାଧାରଣ ଜନସଂଖ୍ୟା (୭୯) ତୁଳନାରେ ଯଥେଷ୍ଟ କମ୍ ସୁସ୍ଥତା ସ୍କୋର (୭୦) ଥାଏ। ପ୍ରାୟତଃ ଏହା ଅନୁମାନ କରାଯାଏ ଯେ ଯୁବପିଢ଼ିର ଅର୍ଥ ପ୍ରଚୁର ଶକ୍ତି, କିନ୍ତୁ ଏହି ରିପୋର୍ଟ ଏକ ଭିନ୍ନ କାହାଣୀ କୁହେ। ଭାରତର ଯୁବପିଢ଼ି ଜେନ୍ ଜେଡ୍‌ଙ୍କ ସ୍ୱାସ୍ଥ୍ୟରେ ଏକ ଗୁରୁତ୍ୱପୂର୍ଣ୍ଣ ହ୍ରାସ ଦେଖିବାକୁ ମିଳିଛି। ରିପୋର୍ଟ ଅନୁଯାୟୀ, ଏହି ପିଢ଼ି ଶାରୀରିକ, ମାନସିକ ଏବଂ ସାମାଜିକ ପ୍ରତ୍ୟେକ କ୍ଷେତ୍ରରେ ପଛରେ ପଡ଼ିଛି। ଟାୟାର-୧ ସହରରେ ରହୁଥିବା ଯୁବପିଢ଼ି ବିଶେଷ ଭାବରେ ଦୁର୍ବଳ। ଅନ୍ୟପକ୍ଷରେ, କର୍ପୋରେଟ୍ ଜଗତରେ ପରିସ୍ଥିତି ଆହୁରି ଭୟଙ୍କର। ସର୍ଭେରେ ସାମିଲ ହୋଇଥିବା ପ୍ରତି ତିନି ଜଣଙ୍କ ମଧ୍ୟରୁ ଜଣେ ସ୍ୱୀକାର କରିଛନ୍ତି ଯେ ସେମାନେ ଦୈନନ୍ଦିନ ଚାପ ଅନୁଭବ କରୁଛନ୍ତି, ଯେତେବେଳେ ୪୧% ଲୋକ ନିରନ୍ତର କ୍ଳାନ୍ତ ଅନୁଭବ କରୁଛନ୍ତି। ଅଫିସ୍ କର୍ମଚାରୀଙ୍କ ଶାରୀରିକ ସ୍ୱାସ୍ଥ୍ୟ ସାଧାରଣ ଲୋକଙ୍କ ତୁଳନାରେ ବହୁତ ଖରାପ। କାର୍ଯ୍ୟ-ଜୀବନ ସନ୍ତୁଳନର ଅଭାବ, ଜ୍ୱଳନ ଏବଂ ପରିବାରକୁ ସମୟ ଦେଇ ନ ପାରିବା ପାଇଁ ଦୋଷୀ ପ୍ରାୟ ଦୁଇ-ତୃତୀୟାଂଶ କର୍ମଚାରୀଙ୍କୁ ଗ୍ରାସ କରୁଛି। ତଥାପି, ଭଲ ଖବର ହେଉଛି ଯେ ଜେନେରେସନ୍ ଏକ୍ସ ଏବଂ ମହିଳାମାନେ ସେମାନଙ୍କ ସ୍ୱାସ୍ଥ୍ୟ, ଆର୍ଥିକ ବୁଝାମଣା ଏବଂ କର୍ମକ୍ଷେତ୍ର ସନ୍ତୁଳନରେ ଉନ୍ନତି ଦେଖାଇଛନ୍ତି।

# ବେଦାନ୍ତ ଝାରସୁଗୁଡା- ଏମ୍‌ସିଏଲ୍ ସହଭାଗିତା



ଭୁବନେଶ୍ୱର,୧୭।୧୧(ସମିସ): ବେଦାନ୍ତ ଆଲୁମିନିୟମ, ମହାନଦୀ କୋଲଫିଲ୍ଡସ୍ ଲିମିଟେଡ୍ (ଏମ୍‌ସିଏଲ) ସହଯୋଗରେ ଲଖନପୁର ରେଳ ସାଇଡିଂରେ ଆୟୋଜିତ ଏକ ଗଣ ସୁରକ୍ଷା ସଚେତନତା ପଦକ୍ଷେପ, ସୁରକ୍ଷା ସମ୍ପର୍କ ମାଧ୍ୟମରେ ସୁରକ୍ଷା ଏବଂ ନବସୃଜନର ସଂସ୍କୃତିକୁ ପ୍ରୋତ୍ସାହିତ କରିବା ପାଇଁ ଏହାର ଅଟଳ ପ୍ରତିବଦ୍ଧତାକୁ ଆହୁରି ଦୃଢ଼ କରିଛି। ଏହି ଶିଳ୍ପ-ପ୍ରଥମ ଅଭିଯାନ ଲଜିଷ୍ଟିକ୍ସ କାର୍ଯ୍ୟର ଏକ ଗୁରୁତ୍ୱପୂର୍ଣ୍ଣ ଉପାଦାନ, ରେଳ ସାଇଡିଂ ଇକୋସିଷ୍ଟମକୁ ବେଦାନ୍ତର ସୁରକ୍ଷା ହସ୍ତକ୍ଷେପର ପରିସରକୁ ବିସ୍ତାର କରି ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଖୁଣ୍ଟ ଚିହ୍ନିତ କରିଥିଲା। କମ୍ପାନୀର ପୂର୍ବ ସୁରକ୍ଷା ସାରଥି ପ୍ରୟାସର ପରିସରକୁ ବିସ୍ତାର କରି ଯାହା ସମଲେଶ୍ୱରୀ,ଗର୍ଜନବାହାଲ ଏବଂ ଲଖନପୁର ଖଣିରେ ବ୍ୟାପକ ସଡ଼କ ସୁରକ୍ଷା ସଚେତନତା ଉପରେ ଧ୍ୟାନ କେନ୍ଦ୍ରିତ କରିଥିଲା, ଏହି ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଅଭିଜ୍ଞତାମୂଳକ ଶିକ୍ଷା ଏବଂ ମାନବିକ ସମ୍ପର୍କ ମାଧ୍ୟମରେ ରେଳ ସାଇଡିଂ ଶ୍ରମିକଙ୍କ ମଧ୍ୟରେ ସୁରକ୍ଷା-ସଚେତନ ଅଭ୍ୟାସ ଏବଂ ଆଚରଣଗତ ସଚେତନତାକୁ ପ୍ରୋତ୍ସାହିତ କରିବା ଉପରେ ଧ୍ୟାନ କେନ୍ଦ୍ରିତ କରିଥିବା ବେଦାନ୍ତ ଝାରସୁଗୁଡାର ସିଇଓ ସି ଚନ୍ଦ୍ରୁ କହିଛନ୍ତି।

### ବିଦ୍ୟୁତ୍ ଚୋରି ଯୋଗୁଁ ପ୍ରଭାବିତ ହେଉଛନ୍ତି ସଚ୍ଚୋଟ ଉପଭୋକ୍ତା

# କଠୋର ହେଲା ଏନଫୋର୍ସମେଣ୍ଟ ଟିମ୍

ଭୁବନେଶ୍ୱର,୧୭।୧୧(ସମିସ): ଅବୈଧ ହୁକିଂ, ମିଟର୍ ଟ୍ୟାମ୍ପରିଂ ଓ ଅନଧିକୃତ ବିଦ୍ୟୁତ ବ୍ୟବହାର ଆଦି ବିଭିନ୍ନ ଉପାୟରେ ବିଦ୍ୟୁତ୍ ଚୋରି ବହୁ ଅଞ୍ଚଳରେ ବଣ୍ଟନ କ୍ଷେତ୍ରରେ କ୍ଷତିର ଏକ ପ୍ରମୁଖ କାରଣ। ଏହି କ୍ଷତି ବିଦ୍ୟୁତ୍ କ୍ଷେତ୍ର ଉପରେ ଆର୍ଥିକ ଚାପ ବୃଦ୍ଧି କରିବା ସହିତ ପରୋକ୍ଷ ଭାବରେ ସଚ୍ଚୋଟ ଭାବେ ବିଲ୍ ଦେଉଥିବା ଉପଭୋକ୍ତାମାନଙ୍କୁ ପ୍ରଭାବିତ କରେ। ଏଥିପାଇଁ ସେମାନଙ୍କୁ ଅଧିକ ସିଷ୍ଟମ୍ ଖର୍ଚ୍ଚ ଦେବାକୁ ପଡୁଥିବାବେଳେ ଉନ୍ନତ ସେବା ପାଇବାରେ ବିଳମ୍ବ ମଧ୍ୟ ହୋଇଥାଏ। ଯେତେବେଳେ କେହି ଅବୈଧ ଭାବେ ବିଦ୍ୟୁତ ବ୍ୟବହାର କରନ୍ତି, ଏଭଳି କ୍ଷେତ୍ରରେ ଠିକ ସମୟରେ ବିଲ୍ ପେମେଣ୍ଟ କରୁଥିବା ପରିବାର ଓ ବ୍ୟବସାୟିକ ସଂସ୍ଥାକୁ ସେମାନଙ୍କର ଅନଧିକୃତ ବ୍ୟବହାରର ଭାର ବୋହିବାକୁ ପଡିଥାଏ । ଅବୈଧ ଓ ଅସୁରକ୍ଷିତ ଭାବରେ ବିଦ୍ୟୁତ ନେବା ଦ୍ୱାରା ଫିଡର୍ ଏବଂ ବଣ୍ଟନ ଟ୍ରାନ୍ସଫର୍ମର ଭାରାକ୍ରାନ୍ତ ହୋଇଥାଏ ଯାହାଦ୍ୱାରା ଭୋଲଟେଜରେ ପରିବର୍ତ୍ତନ,ବାରମ୍ବାର ଟ୍ରିପ୍ ଓ ଦୀର୍ଘ ସମୟ ଧରି ବିଦ୍ୟୁତ ବିଭ୍ରାଟ ଦେଖାଯାଇଥାଏ ଓ ଏହା ଯୋଗୁଁ ଅନେକ ଉପଭୋକ୍ତା ହଇରାଣ ହୋଇଥାନ୍ତି।


**GOVERNMENT OF ODISHA**
**OFFICE OF THE EXECUTIVE ENGINEER**
**RURAL WORKS DIVISION-II, SUNDARGARH**
E.Mail-rw_rourkela@yahoo.co.in
No.1471-O
**TENDER CALL NOTICE**
**BID IDENTIFICATION NO. ONLINE-EERKL-19 of 2025-26**

1. Name of the Work :- Road Works.
2. Total No. of works :- 05 (Five) Nos.
3. Estimated cost :- Rs.5.59 Lakhs to 9.32 Lakhs.
4. Class of contractor :- "D" & "C" Class
5. Period of completion :- 01 (One) Calendar months.
6. Type of Tender :- Single Cover
7. Other details :-

| Procurement Officer | Bid Identification No. | Availability of Tender On-line for bidding | |
|---|---|---|---|
| | | From | To |
| 1 | 2 | 3 | 4 |
| Executive Engineer, Rural Works Division-II, Sundargarh | Online-EERKL-19 of 2025-26 | 18.11.2025 from 10.00 A.M. | 26.11.2025 upto 5.00 P.M. |

Further details can be seen from the website www.tendersodisha.gov.in.
Sd/- Executive Engineer
RW Division-II, Sundargarh
OIPR


# ଟ୍ରମ୍ପଙ୍କ ଚାପରେ ଭାରତ

# ୧୦% ଗ୍ୟାସ୍ ଆମେରିକାଠାରୁ କିଣିବ

ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି): ଶୁଳ୍କ ବିବାଦ ମଧ୍ୟରେ, ଭାରତ ଏବଂ ଆମେରିକା ସେମାନଙ୍କର ପ୍ରଥମ ଚୁକ୍ତି ସ୍ୱାକ୍ଷର କରିଛନ୍ତି। ଏହି ଚୁକ୍ତି ଅନୁଯାୟୀ, ଭାରତ ଆମେରିକାରୁ ପ୍ରାୟ ୨.୨ ନିୟୁତ ଟନ୍ ଏଲ୍‌ପିଜି କ୍ରୟ କରିବ। ଏହା ଭାରତର ବାର୍ଷିକ ଆବଶ୍ୟକତାର ୧୦%। ଏହି ଚୁକ୍ତି କେବଳ ଗୋଟିଏ ବର୍ଷ ପାଇଁ, ଅର୍ଥାତ୍ ୨୦୨୬ ପାଇଁ। ଏହି ଚୁକ୍ତି ଭାରତର ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡ଼ିକ ଇଣ୍ଡିଆନ ଅଏଲ୍ କର୍ପୋରେସନ), ଭାରତ ପେଟ୍ରୋଲିୟମ୍ କର୍ପୋରେସନ, ଏବଂ ହିନ୍ଦୁସ୍ତାନ ପେଟ୍ରୋଲିୟମ୍ କର୍ପୋରେସନ ,- ଆମେରିକାର ଶକ୍ତି ଯୋଗାଣକାରୀ ଚେଭ୍‌ରନ୍, ଫିଲିପ୍ସ ୬୬ ଏବଂ ଏନର୍ଜିକ୍ ଟ୍ରେଡିଂ ସହିତ ସ୍ୱାକ୍ଷରିତ ହୋଇଛି।

ଭାରତ ବିଶ୍ୱର ଦ୍ୱିତୀୟ ବୃହତ ଏଲ୍‌ପିଜି ଗ୍ରାହକ। ବର୍ତ୍ତମାନ, ଭାରତ ଏହାର ଏଲ୍‌ପିଜି ଆବଶ୍ୟକତାର ୫୦% ରୁ ଅଧିକ ଆମଦାନୀ କରେ, ଏଥିରୁ ଅଧିକାଂଶ ଯୋଗାଣ ପଶ୍ଚିମ ଏସୀୟ ବଜାରରୁ ଆସୁଛି। ପେଟ୍ରୋଲିୟମ୍ ମନ୍ତ୍ରୀ ହରଦୀପ ସିଂହ ପୁରୀ ଏହି ଚୁକ୍ତିକୁ ଐତିହାସିକ ବୋଲି କହିଛନ୍ତି। ସେ କହିଛନ୍ତି, ବିଶ୍ୱର ସବୁଠାରୁ ଦ୍ରୁତ ଗତିରେ ବଢ଼ୁଥିବା ଏଲପିଜି ବଜାର ମଧ୍ୟରୁ ଗୋଟିଏ ଏବେ ଆମେରିକା ଯୋଗାଣ ପାଇଁ ଖୋଲା। ଭାରତର ଲୋକଙ୍କୁ ନିରାପଦ ଏବଂ ସୁଲଭ ଏଲପିଜି ଯୋଗାଇବା ପାଇଁ ଆମର ପ୍ରୟାସରେ, ଆମେ ଆମର ସୋର୍ସିଂକୁ ବିବିଧ କରୁଛୁ। ଏହି ଚୁକ୍ତି ସେହି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ।

# 'ଏଆଇ ଇମ୍ପାକ୍ଟ ଫେଷ୍ଟିଭାଲ – ୨୦୨୫' ଉଦ୍‌ଘାଟିତ



ନୂଆଦିଲ୍ଲୀ,୧୭।୧୧: ବର୍ତ୍ତମାନର ସମୟ ଏକବିଂଶ ଶତାବ୍ଦୀର ସମୟ । ଏହି ସମୟରେ ଆମ ଦେଶ ଭାରତ ବିକାଶ ଦିଗରେ ଅଗ୍ରସର ହେଉଥିବା ବେଳେ ଆମକୁ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ(ଏଆଇ) ସୁଯୋଗର ସମ୍ପୂର୍ଣ୍ଣ ଲାଭ ନେବାକୁ ହେବ ବୋଲି ସୋମବାର ନୂଆଦିଲ୍ଲୀରେ ଆୟୋଜିତ 'ଏଆଇ ଇମ୍ପାକ୍ଟ ଫେଷ୍ଟିଭାଲ୍ -୨୦୨୫'କୁ ଉଦ୍‌ଘାଟନ କରିବା ସହ ଏକାଧିକ ଏଆଇ ପଦକ୍ଷେପର ଶୁଭାରମ୍ଭ କରିବା ଅବସରରେ କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। ଏହି ଅବସରରେ ଇନଟେଲ ଦ୍ୱାରା ନିଆଯାଇଥିବା ସମସ୍ତ ପଦକ୍ଷେପକୁ ଭୂୟସୀ ପ୍ରଶଂସା କରିଥିଲେ ଶ୍ରୀ ପ୍ରଧାନ । ସେ କହିଥିଲେ ଏହି ପଦକ୍ଷେପ ଗୁଡ଼ିକ ନୂତନ ଜାତୀୟ ଶିକ୍ଷା ନୀତି ୨୦୨୦କୁ ଆଧାର କରି ଆମ ଛାତ୍ରଛାତ୍ରୀଙ୍କ କଳ୍ପନା ଓ ନବସୃଜନକୁ ଆହୁରି ଅଧିକ ଗତି ଦେବ। ଭାରତବର୍ଷ ଏଆଇ ପ୍ରଦାନ କରୁଥିବା ସୁଯୋଗଗୁଡ଼ିକୁ ହାତଛଡ଼ା ନକରି ତାହାକୁ ଆପଣେଇ ନେଉଛି। ଭାରତର ମାନବ ବୁଦ୍ଧିମତା ଏବଂ କୃତ୍ରିମ ବୁଦ୍ଧିମତାର ମିଳିତ ଶକ୍ତି ଏକ ବିକଶିତ ଭାରତ ଗଠନ କରିବ।

# ରାଷ୍ଟ୍ରପତିଙ୍କୁ ଷୋଡ଼ଶ ଅର୍ଥ ଆୟୋଗଙ୍କ ରିପୋର୍ଟ ପ୍ରଦାନ

ନୂଆଦିଲ୍ଲୀ,୧୭।୧୧(ଏଜେନ୍ସି): ଭାରତୀୟ ସମ୍ବିଧାନର ଧାରା ୨୮୦ ର ଧାରା (୧) ଅନୁଯାୟୀ ଭାରତର ରାଷ୍ଟ୍ରପତିଙ୍କ ଦ୍ୱାରା ଷୋଡ଼ଶ ଅର୍ଥ ଆୟୋଗ ଗଠନ କରାଯାଇଥିଲା। ଡକ୍ଟର ଅରବିନ୍ଦ ପାନଗାରିଆଙ୍କ ଅଧ୍ୟକ୍ଷତାରେ କମିଶନ ଆଜି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ତାଙ୍କର ରିପୋର୍ଟ ପ୍ରଦାନ କରିଛନ୍ତି। ଆୟୋଗଙ୍କ ଏହି ରିପୋର୍ଟ ୨୦୨୬-୩୧ ଆର୍ଥିକବର୍ଷ ନିମନ୍ତେ ଉର୍ଦ୍ଦିଷ୍ଟ। ଏହି ଅବସରରେ ଆୟୋଗର ସଦସ୍ୟ ଆନି ଜର୍ଜ ମାଥ୍ୟୁ, ଡକ୍ଟର ମନୋଜ ପଣ୍ଡା, ଟି. ରବି ଶଙ୍କର ଏବଂ ଡକ୍ଟର ସୌମ୍ୟକାନ୍ତି ଘୋଷ ଏବଂ ଆୟୋଗଙ୍କ ସଚିବ ଋତ୍ୱିକ ପାଣ୍ଡେ ପ୍ରମୁଖ ଉପସ୍ଥିତ ଥିଲେ। ଏହାପରେ ଆୟୋଗ ଆଜି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏବଂ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କୁ ରିପୋର୍ଟର ଏକ ନକଲ ପ୍ରଦାନ କରିଛନ୍ତି। ସନ୍ଦର୍ଭର ସର୍ତ୍ତାବଳୀ (ଟିଓଆର୍) ଅନୁଯାୟୀ, ଆୟୋଗ ୨୦୨୬ ଏପ୍ରିଲ୍ ପହିଲାରୁ ଆରମ୍ଭ କରି ୫ ବର୍ଷ ପାଇଁ ଏହାର ରିପୋର୍ଟ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା, ଯେଉଁଥିରେ କେନ୍ଦ୍ର ଏବଂ ରାଜ୍ୟ ମଧ୍ୟରେ ଟିକସର ନିଟ୍ ଆୟ ବଣ୍ଟନ, ରାଜ୍ୟମାନଙ୍କ ମଧ୍ୟରେ ଏପରି ପ୍ରାପ୍ତିର ସମ୍ପୃକ୍ତ ଅଂଶର ଆବଣ୍ଟନ ପାଇଁ ଆର୍ଥିକ ବ୍ୟବସ୍ଥାର ସମୀକ୍ଷା ଉପରେ ସୁପାରିଶ କରାଯାଇଥିଲା।


**ଓଡ଼ିଶା ସରକାର**
**ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ**
**ଅଧିସୂଚନା**

No. RDM-LAB-GM-0015-2025- 20959 / R&DM, Dated. 11 JUN 2025

XII-13: ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଗଞ୍ଜାମ ଜିଲ୍ଲାର ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପ ନିର୍ମାଣ ମୌଜା–ଛଣମେରି, ଥାନା– ପାଟପୁର, ତହସିଲ–ସାନଖେମୁଣ୍ଡି, ଜିଲ୍ଲା–ଗଞ୍ଜାମରେ ନିମ୍ନ ତଫସିଲ ମତେ ପ୍ରାୟ ୦.୫୧୦ ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ–ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act.2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରୁଛନ୍ତି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ–ଅର୍ଜନ ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ ୨୦୧୩ ର ଧାରା ୧୧(୧)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act.2013) ର ଧାରା ୧୫ର ବ୍ୟବସ୍ଥା ଅନୁଯାୟୀ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ**

୧. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ– ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପର ନିର୍ମାଣ ନିମନ୍ତେ ।
୨. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ଅଧିକ୍ଷଣ ଯନ୍ତ୍ରୀ, ଛେଳିଗଡ କେନାଲ ବିଭାଜନ, ଦିଗପହଣ୍ଡି ଗଞ୍ଜାମ ।
୩. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ : ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଗଞ୍ଜାମ ଜିଲ୍ଲାର ଛେଳିଗଡ ଜଳସେଚନ କେନାଲ ପ୍ରକଳ୍ପ ନିର୍ମାଣ ନିମନ୍ତେ (ଉକ୍ତ ପ୍ରକଳ୍ପ ଯୋଗୁଁ କୌଣସି ଲୋକ ବିସ୍ଥାପିତ ହେଉନାହାନ୍ତି) ।
୪. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ : ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ, ଓଡ଼ିଶା ସରକାରଙ୍କ ପତ୍ର ସଂଖ୍ୟା–୩୪୮୮୪, ତାରିଖ : ୦୮.୧୦.୨୦୨୪ରେ ଦ୍ରଷ୍ଟବ୍ୟ ।
୫. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ : ଉପ ଜିଲ୍ଲାପାଳ, ବ୍ରହ୍ମପୁର, ଗଞ୍ଜାମ
୬. ଜମିର ବିବରଣୀ

ଜମିର ବିଶଦ ବିବରଣୀ

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ଗଞ୍ଜାମ | ସାନଖେମୁଣ୍ଡି | ଛଣମେରି | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ. ୨.୫୪୫ | ଏ. ୦.୫୧୦ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଜିଲ୍ଲାପାଳ, ଗଞ୍ଜାମ ଓ ସ୍ୱତନ୍ତ୍ର ଭୂ–ଅର୍ଜନ ତଥା ଥଇଥାନ ଓ ପୁନର୍ବସତି ଅଧିକାରୀ, (ମଧ୍ୟମ ଜଳସେଚନ ପ୍ରକଳ୍ପ), ମହେନ୍ଦ୍ରଗଡଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ, ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଜିଲ୍ଲାପାଳ, ଗଞ୍ଜାମଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳଙ୍କ ଆଦେଶକ୍ରମେ
ସ୍ୱା/- (ମଧୁସ୍ମିତା ସାହୁ)
ଅତିରିକ୍ତ ଶାସନ ସଚିବ

**ଛଣମେରି ଗ୍ରାମର ଜମିର ବିବରଣୀ**

ମୌଜା - ଛଣମେରି, ତହସିଲ - ସାନଖେମୁଣ୍ଡି, ଜିଲ୍ଲା-ଗଞ୍ଜାମ

| ଖାତା ନମ୍ବର | ପ୍ଲଟ ନମ୍ବର | ଚାଷୀଙ୍କ ନାମ ପିତାଙ୍କ ନାମ | ମୋଟ ଏରିଆ (ଏକର) | ଶ୍ରେଣୀ ବିଭାଜନ | ଅର୍ଜିତ ହେବାକୁ ଥିବା ଜମିର ପରିମାଣ (ଏକର) | ମନ୍ତବ୍ୟ |
|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ |
| ୨୭୩ | ୧୪୯୮ | ଶ୍ରୀ କପିଳେଶ୍ୱର ମହାଦେବ ବିଜେ ନିଜଗାଁ ମାର୍ଫତ ଛଣମେରି ଗ୍ରାମବାସୀ ତରଫେ ଟ୍ରଷ୍ଟି | ୧.୨୦୦ | ବିଲ ଅଣଜଳସେଚିତ ଦୁଇ | ୦.୨୪୦ | |
| | ୧୫୨୮ | | ୦.୨୬୦ | | ୦.୦୩୦ | |
| | ୧୫୩୧ | | ୦.୫୮୦ | | ୦.୦୧୫ | |
| | ୧୫୩୭ | | ୦.୨୪୫ | | ୦.୦୫୦ | |
| | ୧୫୨୬ | | ୦.୧୩୫ | | ୦.୦୯୦ | |
| | ୧୫୨୭ | | ୦.୧୨୫ | | ୦.୮୫ | |
| | | | | | ମୋଟ - ୦.୫୧୦ ଏକର | |

Sd/-
Spl. L.A. Cum-R & R.O. (M.I.P),
Mahendragada, (Gajapati)



**OFFICE OF THE CHIEF DISTRICT MEDICAL & PUBLIC HEALTH OFFICER, PURI**
E-514
**CONTRACTUAL APPOINTMENT (WALK-IN-INTERVIEW)**
**Advt. No : 6156 /DPMU Dt: 14.11.2025**

Interested candidates may attend the **Walk-in-interview** for the post of Medical Officers at different SNCU, UHWCs & UPHCs, Puri on contractual basis as per the NHM norms.

| Sl No | Name of the Post | Vacancy | Mode of Interview |
|---|---|---|---|
| 01 | MO, MBBS | 08 | 29 .11.2025, 11.00AM (Walk In) |

The application format and details are available in the website https://puri.odisha.gov.in. The application should reach by Walk-In-interview to the undersigned.

-sd-
OIPR Chief District Medical & Public Health Officer, Puri



**GOVERNMENT OF ODISHA**
**DEPARTMENT OF WATER RESOURCES**
**Office of the Superintending Engineer**
**Barpali Irrigation Division, Barpali**
**E-mail Id - ee.barpali.canal@gmail.com**
No.875-A
**'e' Procurement Notice No-07/2025-26**
**BID IDENTIFICATION NO-BID 07(01 to 04) / 2025-26 (ON-LINE) DATED 10.11.2025**

1. Type of the work : Improvement to canal structures & Approach Road.
2. No of works : 04 (Four) Nos.
3. Class of contractor : "D" & "C"
4. Bid identification No. : BID 07 (01 to 04)/2025-26
5. Estimate cost : 8.97 Lakhs to 16.91 Lakhs
6. Period of completion : As per DTCN.
7. Date and time of availability of bid documents in the portal Dt.13.11.2025 at 11.00 A.M. to Dt.20.11.2025 upto 5.00 P.M.
8. Last date/ time for receipt of bids in the portal Dt.20.11.2025 upto 5.00 P.M.
9. Date of opening of Bid Dt.21.11.2025 at 11.00 A.M.
10. Date of Lottery Dt.27.11.2025 at 11.00 A.M.

1. Any addendum/corrigendum/cancellation of tender can also be seen in the said Website.
2. Further details can be seen from Government Website-http://tenderodisha.gov.in.

Sd/- Superintending Engineer
Barpali Irrigation Division, Barpali
OIPR

# ଗୌହାଟୀ ଯିବେ ନାହିଁ ଗିଲ୍

**କୋଲକାତା, ୧୭।୧୧(ଏଜେନ୍ସି):** ଦକ୍ଷିଣ ଆଫ୍ରିକାଠାରୁ ପ୍ରଥମ ଟେଷ୍ଟ ହାରିଯିବା ପରେ ଅଧିନାୟକ ଶୁବମନ ଗିଲ୍‌ଙ୍କ ଅନୁପସ୍ଥିତି ଭାରତୀୟ ଦଳରେ ଅନୁଭୂତ ହୋଇଥିଲା। ଭାରତର ପ୍ରଥମ ଇନିଂସରେ ୩ଟି ବଲ୍‌ରୁ ୪ ରନ୍ କରିବା ପରେ ଗିଲ୍ ପଡ଼ିଆ ଛାଡ଼ିଥିଲେ। ତାଙ୍କ ବେକ ପଛପଟେ ଯନ୍ତ୍ରଣା ହେବାରୁ ସେ ଏହି



ଟେଷ୍ଟରେ ଆଉ ଖେଳି ପାରି ନ ଥିଲେ। ତାଙ୍କୁ ସଙ୍ଗେ ସଙ୍ଗେ ଚିକିତ୍ସା ଲାଗି ମେଡିକାଲରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସା ପରେ ଆଜି ତାଙ୍କୁ ମେଡିକାଲରୁ ଛାଡି ଦିଆଯାଇଛି। କିନ୍ତୁ ନଭେମ୍ବର ୨୨ରୁ ଖେଳାଯିବାକୁ ଥିବା ଦ୍ୱିତୀୟ ଟେଷ୍ଟରେ ତାଙ୍କର ଖେଳିବା ନେଇ ଆଶଙ୍କା ରହିଛି। ଆସନ୍ତାକାଲି ବା ମଙ୍ଗଳବାର ଭାରତୀୟ ଦଳ ଇଡେନ୍‌ରେ ଅଭ୍ୟାସ କରିବ। ବୁଧବାର ସକାଳେ ଦ୍ୱିତୀୟ ଟେଷ୍ଟ ଖେଳିବାକୁ ଗୌହାଟୀ ଯାତ୍ରା କରିବ। କିନ୍ତୁ ବେକରେ ଆଘାତ ଲାଗିଥିବା ବ୍ୟକ୍ତିଙ୍କୁ ବିମାନରେ ଯାତ୍ରା କରିବାର ନିୟମ ନାହିଁ। ଏବେ ସେ ବିସିସିଆଇ ମେଡିକାଲ ଟିମ୍‌ର ତତ୍ତ୍ୱାବଧାନରେ ରହିଛନ୍ତି। ଯାହା ଫଳରେ ବୁଧବାର ଦଳ ସେ ଗୌହାଟୀ ଯାଇ ପାରିବେ ନାହିଁ ବୋଲି ଟିମ୍ ମ୍ୟାନେଜମେଣ୍ଟ ପକ୍ଷରୁ ସୂଚନା ଦିଆଯାଇଛି। ସେ ଯଦି ଦ୍ୱିତୀୟ ଟେଷ୍ଟରେ ଖେଳିବାକୁ ସମର୍ଥ ନ ହୁଅନ୍ତି, ତେବେ ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ, ବି. ସାଇ ସୁଦର୍ଶନ ଓ ଦେବଦତ୍ତ ପାଡିକଲଙ୍କ ମଧ୍ୟରୁ ଜଣେ ଖେଳିବାର ସୁଯୋଗ ପାଇପାରନ୍ତି। ଅନ୍ୟ ପକ୍ଷରେ ଗିଲ ଦ୍ୱିତୀୟ ଟେଷ୍ଟରେ ନ ଖେଳିଲେ, ତାଙ୍କ ସ୍ଥାନରେ ଆଉ ନୂଆ ଖେଳାଳିଙ୍କ ନିଆଯିବ କିମ୍ବା ଦଳରେ ଥିବା ବ୍ୟାଟରଙ୍କୁ ସାମିଲ କରାଯିବ ତାହା ଏବେଠାରୁ କହିବା କଷ୍ଟକର। ଦଳରେ ଥିବା ୨ ବ୍ୟାଟର ହେଲେ ବି. ସାଇ ସୁଦର୍ଶନ ଓ ଦେବଦତ୍ତ ପାଡିକଲ। ସୁଦର୍ଶନ ୱେଷ୍ଟଇଣ୍ଡିଜ୍ ବିପକ୍ଷ ପ୍ରଥମ ଟେଷ୍ଟ ଖେଳି ୮ ୭ ଓ ୩୯ ରନ୍ କରିଥିଲେ। କିନ୍ତୁ ସେ ଦକ୍ଷିଣ ଆଫ୍ରିକା-ଏ' ବିପକ୍ଷ ୨ଟି ଟେଷ୍ଟର ୪ଟି ଇନିଂସରେ ୩୨ ରନ୍‌ର ସର୍ବାଧିକ ରନ୍ କରିଥିଲେ। ଘରୋଇ ମାଟିରେ ଇଂଲଣ୍ଡ ସହ ଖେଳିଥିବା ପାଡିକଲ ଅଷ୍ଟ୍ରେଲିଆରେ ଗୋଟିଏ ଟେଷ୍ଟ ଖେଳିଥିଲେ। କିନ୍ତୁ ଦକ୍ଷିଣ ଆଫ୍ରିକା ବିପକ୍ଷ ଅନ୍‌ଅଫିସିଆଲ ଟେଷ୍ଟରେ ସେ ୩ଟି ଇନିଂସରେ ଏକ ଅଙ୍କ ବିଶିଷ୍ଟ ଓ ଅନ୍ୟ ଗୋଟିକରେ ୨୪ ରନ୍ କରିଥିଲେ।

# ଇଡେନ୍ ପିଚ୍‌କୁ ନେଇ ବିତର୍କ ଜୋର୍‌ଦାର୍

**କୋଲକାତା,୧୭।୧୧(ଏଜେନ୍ସି):** ସ୍ଥାନୀୟ ଇଡେନ ଗାର୍ଡେନଠାରେ ଦକ୍ଷିଣ ଆଫ୍ରିକା ଠାରୁ ଭାରତ ୩୦ ରନ୍‌ରେ ପ୍ରଥମ ଟେଷ୍ଟ ହାରିଯିବା ପରେ ପିଚ୍‌କୁ ନେଇ ଆଲୋଚନା, ସମାଲୋଚନା ଓ ବିତର୍କ ଜୋର ହୋଇଛି। ଦଳର ପରାଜୟ ପରେ ମଧ୍ୟ ଏହି ପିଚ୍‌କୁ ଭାରତୀୟ ଦଳର ହେଡ୍ କୋଚ୍ ଗୌତମ ଗମ୍ଭୀର ଓ ସୁସ୍ଥ ହେବା ପରେ ଅଧିନାୟକ ଶୁବମନ ଗିଲ୍ ସମର୍ଥନ କରିଛନ୍ତି। ପିଚ୍ ନିର୍ମାତା ସୁଜନ ବାନାର୍ଜୀ ତାଙ୍କ ପରାମର୍ଶ ଅନୁଯାୟୀ ସହାୟତା ଯୋଗାଇଦେଇଛନ୍ତି। ଏଣୁ ପିଚ୍‌କୁ ଦୋଷ ଦେଇହେବ ନାହିଁ ବୋଲି ଗମ୍ଭୀର କହିଛନ୍ତି। ପ୍ରଥମ ଦିନରୁ ଇଡେନ୍ ପିଚ୍‌ରେ ଅନ୍ ଇଭିନ ବାଉନ୍ସ ହୋଇଥିଲା। ଯାହା ଫଳରେ ଭାରତୀୟ ପେସର ଫାଇଦା ଉଠାଇ ୭ଟି ୱିକେଟ ନେଇଥିଲେ। ଏହା ପରେ ଦ୍ୱିତୀୟ ଦିନରେ ଅନ୍‌ଇଭିନ ବାଉନ୍ସ ସାଙ୍ଗକୁ ପିଚ୍ ଟର୍ଣ୍ଣ ନେଇଥିଲା। ଯାହା ଫଳରେ ବ୍ୟାଟିଂ କରିବା କଷ୍ଟକର ହୋଇଥିଲା। ମ୍ୟାଚ୍‌ର ତୃତୀୟ ଦିନରେ ବଲ ଅଧିକ ଟର୍ଣ୍ଣ ହୋଇଥିଲା। ଯାହାକୁ ଭାରତୀୟ ବ୍ୟାଟର ମୁକାବିଲା କରି ପାରି ନ ଥିଲେ। ଶୁବମନ ଗିଲ ଅନୁପସ୍ଥିତ ଥିଲାବେଳେ ଅନ୍ୟ ୯ ଜଣଙ୍କ ମଧ୍ୟରୁ ଦକ୍ଷିଣ ଆଫ୍ରିକାର ସ୍ପିନରମାନେ ୭ଟି ୱିକେଟ ନେଇଥିଲେ। ଏଣୁ ଟର୍ଣ୍ଣ ନେଉଥିବା ପିଚ୍‌ରେ ଭାରତୀୟ ବ୍ୟାଟର ଯେ ଖେଳିବାକୁ ଅସମର୍ଥ ତାହା ପୁଣିଥରେ ପ୍ରମାଣିତ ହୋଇଛି। କିଛି ଦିନ ଆଗରୁ ବିରାଟ କୋହଲି ଓ ରୋହିତ ଶର୍ମାଙ୍କ ଉପସ୍ଥିତି ସତ୍ତ୍ୱେ ଭାରତୀୟ ଟର୍ଣ୍ଣିଂ ପିଚ୍‌ରେ ଭାରତ ନ୍ୟୁଜିଲାଣ୍ଡ ନିକଟରୁ କ୍ରମାଗତ ୩ଟି ମ୍ୟାଚ୍‌ରେ ହାରିଯାଇଥିଲା। ବିଶେଷ କରି ଡାହାଣହାତୀ ବ୍ୟାଟରଙ୍କୁ ବାମହାତୀ ସ୍ପିନର ଓ ବାମହାତୀ ବ୍ୟାଟରଙ୍କୁ ଅଫ୍ ସ୍ପିନର ଅତି ସହଜରେ ଆଉଟ କରିଦେଇଥିଲେ। ଅନ୍ୟପକ୍ଷରେ କହିବାକୁ ଗଲେ ଟର୍ଣ୍ଣିଂ ପିଚ୍‌ରେ ଭାରତୀୟ ବ୍ୟାଟିଂର ଦୁର୍ବଳତା ପଦାରେ ପଡ଼ିଥିଲା। ନିଜ ମାଟିରେ ଟେଷ୍ଟ ହାରିବା ସମର୍ଥକଙ୍କର ଆଦୌ ହଜମ ହେଉନାହିଁ। ଦକ୍ଷିଣ ଆଫ୍ରିକା ଏବେ ବିଶ୍ୱ ଟେଷ୍ଟ ଚାମ୍ପିଅନ ହୋଇଥିଲେ ମଧ୍ୟ ସ୍ପିନରଙ୍କୁ ମୁକାବିଲା କରିବାରେ ଦକ୍ଷତା ନ ଥିଲା। ଦ୍ୱିତୀୟ ଇନିଂସରେ ଅଧିନାୟକ ତେମ୍ବା ବଭୁମାଙ୍କ ଅପରାଜିତ ଅର୍ଦ୍ଧଶତକ ସବୁକିଛି ବଦଳାଇଦେଇଥିଲା। ଏବେ ଦୁଇଟି ପ୍ରଶ୍ନ ସମର୍ଥକଙ୍କୁ ଆନ୍ଦୋଳିତ କରୁଛି। ଗୋଟିଏ ହେଲା ଇଡେନ ପିଚ୍ ଟେଷ୍ଟ ଲାଗି ଏବଂ ଦ୍ୱିତୀୟଟି ହେଉଛି ଭାରତ ଲାଗି ଉପଯୁକ୍ତ କି ନୁହେଁ। ଭାରତ ଟେଷ୍ଟ ହାରିଯିବା ପରେ ଇଡେନ୍ ପିଚ୍‌କୁ ନେଇ ଦୀର୍ଘଦିନ ବିତର୍କ ଜାରି ରହିବ।

**କିଟ୍ ରଣଜୀ ଲଢ଼େଇ**

# ଅନିଲଙ୍କ ଶତକ; ଓଡ଼ିଶା ଇନିଂସ ଅଗ୍ରଣୀ

ଭୁବନେଶ୍ୱର, ୧୭ ।୧୧ (ସମିସ)

ସ୍ଥାନୀୟ କିଟ୍ କ୍ରିକେଟ୍ ଗ୍ରାଉଣ୍ଡରେ ନାଗାଲାଣ୍ଡ ବିପକ୍ଷରେ ଚାଲିଥିବା ରଣଜୀ ଟ୍ରଫି ମୁକାବିଲାରେ ଘରୋଇ ଓଡ଼ିଶା ପ୍ରଥମ ଇନିଂସରେ ଅଗ୍ରଣୀ ହାସଲ କରିବାରେ ସଫଳ ହୋଇଛି। ଓଡ଼ିଶାର ପ୍ରଥମ ଇନିଂସ ସ୍କୋର ୨୭୫ ରନ ଜବାବରେ ନାଗାଲାଣ୍ଡ ୧୬୧ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଫଳରେ ୧୧୪ ରନରେ ଅଗ୍ରଣୀ ହାସଲ କରିଥିବା ଓଡ଼ିଶା କିନ୍ତୁ ଦ୍ୱିତୀୟ ଇନିଂସ ଆରମ୍ଭରୁ ପ୍ରାରମ୍ଭିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ସୋମବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ଓଡ଼ିଶା ଦ୍ୱିତୀୟ ଇନିଂସରେ ୬.୫ ଓଭର ଖେଳି ୨ ୱିକେଟ ହରାଇ ୧୬ ରନ ସଂଗ୍ରହ କରିଛି। ସ୍ୱସ୍ତିକ ସାମଲ ୯ ରନ କରି ଅପରାଜିତ ରହିଛନ୍ତି। ଓପନର୍ ଗୌରବ ଚୌଧୁରୀ ୭ ରନରେ ଆଉଟ୍ ହୋଇଛନ୍ତି। ସେହିଭଳି ଏଠାରେ ପଦାର୍ପଣ କରିଥିବା ୱିକେଟ୍‌କିପର ସାୱନ ପହରିୟା ଦ୍ୱିତୀୟ ଇନିଂସରେ ମଧ୍ୟ ନିରାଶ କରି ଖାତା ଖୋଲିବା ପୂର୍ବରୁ ଆଉଟ୍ ହୋଇଛନ୍ତି। ପ୍ରଥମ ଇନିଂସରେ ପହରିୟା ମାତ୍ର ୧ ରନ କରିଥିଲେ। ଆଠ ୱିକେଟ ବଳକା ଥାଇ ଓଡ଼ିଶା ଏବେ ମୋଟ୍ ଉପରେ ୧୩୦ ରନରେ ଅଗ୍ରଣୀ ଲାଭ କରିଛି। ମ୍ୟାଚ୍ ଆହୁରି ୨ ଦିନ ବାକି ରହିଥିବାରୁ ଫଳାଫଳ ବାହାରିବା ନିଶ୍ଚିତ ହୋଇଛି।



## ଅନିଲଙ୍କ ଶତକ; ବୋଲରଙ୍କ ମିଳିତ ସଫଳତା

ପୂର୍ବ ଦିନର ଅସମାପ୍ତ ପ୍ରଥମ ଇନିଂସ ସ୍କୋର ୨୪୩/ ୭ରୁ ସୋମବାର ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ୨୨ ରନ ଯୋଡ଼ି ଅଲ୍‌ଆଉଟ୍ ହୋଇଯାଇଥିଲା। ନିଜର ଦ୍ୱିତୀୟ ମ୍ୟାଚ୍ ଖେଳୁଥିବା ଯୁବ ବ୍ୟାଟର ଅନିଲ ପରିଡ଼ା ୧୧୮ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜେଶ ମହାନ୍ତି ୧୪ ଏବଂ ବାଦଲ ବିଶ୍ୱାଳ ଓ ତାପସ ଦାସ ଖାତା ଖୋଲି ନ ପାରି ଆଉଟ୍ ହୋଇଥିଲେ। ଅନିଲଙ୍କ ଏହା ପ୍ରଥମ ପ୍ରଥମଶ୍ରେଣୀ ଶତକ ଥିଲା। ଗତ ସିଜନରେ ସେ ସର୍ଭିସେସ ବିପକ୍ଷ ପଦାର୍ପଣ ମ୍ୟାଚରେ ଅପରାଜିତ ୯୯ ରନ କରିବା ସହ ଅଳ୍ପକେ ଶତକରୁ ବଞ୍ଚିତ ହୋଇଥିଲେ। ବୋଲିଂରେ ନାଗାଲାଣ୍ଡ ପକ୍ଷରୁ ରୋନିତ ମୋରେ, ଅଧିନାୟକ ରଙ୍ଗସେନ ଜୋନାଥନ ଓ ଲମଲିୱତି ଲେମତୁର ୩ଟି ଲେଖାଏ ୱିକେଟ୍ ନେଇଥିଲେ।

ଏହାପରେ ପ୍ରଥମ ପାଳି ଆରମ୍ଭ କରିଥିବା ନାଗାଲାଣ୍ଡ ଓପନିଂ ୱିକେଟରେ ୫୨ ରନ ସଂଗ୍ରହ କରି ଭଲ ଆରମ୍ଭ କରିଥିଲା। କିନ୍ତୁ ଏହାପରେ ଦଳ ନିୟମିତ ବ୍ୟବଧାନରେ ୱିକେଟ୍ ହରାଇ ୧୬୧ରେ ସୀମିତ ରହିଥିଲା। ଓପନର୍ ଡେଗା ନିଶ୍ଚଳ ସର୍ବାଧିକ ୭୨, ରୋନିତ ୨୫ ଓ ଜୋନାଥନ ୧୬ ରନ କରିଥିଲେ। ଘରୋଇ ଓଡ଼ିଶା ପକ୍ଷରୁ ରାଜେଶ ମହାନ୍ତି, ସମ୍ବିତ ବରାଳ ଓ ସ୍ପିନ ଅଲରାଉଣ୍ଡର ଗୋବିନ୍ଦ ପୋଦ୍ଦାର ୩ଟି ଲେଖାଏ ୱିକେଟ୍ ନେଇ ଦଳକୁ ଅଗ୍ରଣୀ ଦେବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ।


**ସଂକ୍ଷିପ୍ତ ସ୍କୋର**

**ଓଡ଼ିଶା ପ୍ରଥମ ଇନିଂସ:** ୨୭୫/୧୦, ୧୦୪.୪ ଓଭର।
**ନାଗାଲାଣ୍ଡ ପ୍ରଥମ ଇନିଂସ:** ୧୬୧/୧୦, ୫୭.୩ ଓଭର
**ଓଡ଼ିଶା ଦ୍ୱିତୀୟ ଇନିଂସ:** ୧୬/୨, ୬.୫ ଓଭର (ସ୍ୱସ୍ତିକ- ଅପରାଜିତ- ୯, ଗୌରବ- ୭, ଲେମତୁର- ୧/୪)

**● ଏଟିପି ଫାଇନାଲ୍ସ**

# ଟାଇଟଲ୍ ସହ ୪୪.୯ କୋଟି ଜିତିଲେ ସିନ୍ନର୍

**ତୁରିନ, ୧୭ ।୧୧ (ଏଜେନ୍ସି):** ପୁରୁଷ ଟେନିସ ଇତିହାସର ଅନ୍ୟତମ ଶ୍ରେଷ୍ଠ ଟୁର୍ଣ୍ଣାମେଣ୍ଟ ଏଟିପି ଫାଇନାଲ୍ସରେ ଏଥର ମଧ୍ୟ ଇଟାଲୀ ତାରକା ଜାନ୍ନିକ ସିନ୍ନର ଚାମ୍ପିଅନ ହୋଇଛନ୍ତି। ଗତକାଲି ରାତିରେ ଖେଳାଯାଇଥିବା ଫାଇନାଲରେ ବିଶ୍ୱ ମାନ୍ୟତାର ଦ୍ୱିତୀୟ ସ୍ଥାନରେ ରହିଥିବା ସିନ୍ନର ୭-୬ (୪), ୭-୫ ସେଟ୍‌ରେ ଶୀର୍ଷ ମାନ୍ୟତା କାର୍ଲୋସ ଆଲ୍‌କାରାଜଙ୍କୁ ହରାଇ ଟାଇଟଲ୍ ବଜାୟ ରଖିଛନ୍ତି। ଘରୋଇ ମାଟିରେ ଏହି ସମ୍ମାନଜନକ ଟ୍ରଫି ଜିତିବା ସହ ସିନ୍ନର ରେକର୍ଡ ୫.୦୭୧ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୪୪ କୋଟି ୯୨ ଲକ୍ଷ) ପୁରସ୍କାର ବାବଦରେ ହାସଲ କରିଛନ୍ତି। ସେହିଭଳି ରନର୍ସଅପ୍ ହୋଇଥିବା ଆଲ୍‌କାରାଜ ୨.୭ ମିଲିୟନ ଡଲାର (୨୩ କୋଟି ୯୫ ଲକ୍ଷ ଟଙ୍କା) ବିଜୟୀ ହୋଇଛନ୍ତି।





# ରୟାଲ୍ସର କୋଚ୍ ପଦକୁ ଫେରିଲେ ସାଙ୍ଗାକରା

**ଜୟପୁର, ୧୭ ।୧୧ (ଏଜେନ୍ସି):** ଶ୍ରୀଲଙ୍କାର କିମ୍ବଦନ୍ତୀ କ୍ରିକେଟର୍ କୁମାର ସାଙ୍ଗାକରା ରାଜସ୍ଥାନ ରୟାଲ୍ସ ଦଳର ମୁଖ୍ୟ କୋଚ୍ ପଦକୁ ଫେରିଛନ୍ତି। ୪୮ ବର୍ଷୀୟ ସାଙ୍ଗାକରାଙ୍କୁ ପୁନଃନିଯୁକ୍ତି କରାଯାଇଥିବା ନେଇ ରାଜସ୍ଥାନ ଫ୍ରାଞ୍ଚାଇଜ ପକ୍ଷରୁ ସୋମବାର ସୂଚନା ଦିଆଯାଇଛି। ରାହୁଲ ଦ୍ରାବିଡଙ୍କ ସ୍ଥାନରେ ସାଙ୍ଗାକରା ଆଗାମୀ ଆଇପିଏଲ୍-୧୯ରେ ରୟାଲ୍ସର ମୁଖ୍ୟ କୋଚ୍ ଦାୟିତ୍ୱ ସମ୍ଭାଳିବେ।

# ଓଡ଼ିଶା ବୋଲର ନିରାଶ; ମହାରାଷ୍ଟ୍ର ୫୨୮

**କୁଚ ବିହାର ଟ୍ରଫି**

**କଟକ,୧୭।୧୧(ସମିସ):** ନାଗୋଥାନେର ରିଲାଏନ୍ସ କ୍ରିକେଟ ଗ୍ରାଉଣ୍ଡରେ ଖେଳାଯାଉଥିବା କୁଚବିହାର ଟ୍ରଫିର ଓଡ଼ିଶା ବିପକ୍ଷ ମ୍ୟାଚ୍‌ରେ ଘରୋଇ ମହାରାଷ୍ଟ୍ର ଦଳ ଦୃଢ଼ ସ୍ଥିତିରେ ରହିଛି। ମହାରାଷ୍ଟ୍ରର ପ୍ରଥମ ପାଳି ୫୨୮ ରନରେ ସୀମିତ ରହିବା ପରେ ସୋମବାର ମ୍ୟାଚର ଦ୍ୱିତୀୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଓଡ଼ିଶା ୩ ୱିକେଟ ହରାଇ ୧୩୪ରନ ସଂଗ୍ରହ କରିଛି। ମ୍ୟାଚ୍ ଆଉ ଦୁଇ ଦିନ ବାକି ରହିଛି। ଅସମାପ୍ତ ପ୍ରଥମ ପାଳି ୨୯୯/୫ରୁ ଆଜି ମହାରାଷ୍ଟ୍ର ବ୍ୟାଟିଂ ଆରମ୍ଭ କରିଥିଲା। ୪୮ ରନରେ ଅପରାଜିତ ଥିବା ଏସ୍ ଜଗତପ ୧୧୭ରନର ପାଳି ଖେଳିଥିଲେ। ନିମ୍ନକ୍ରମର ବ୍ୟାଟର ଆରକମ୍ ସୟଦଙ୍କ ୬୨ରନ ଏବଂ ଶୁଭମ କଦମଙ୍କ ୪୮ ରନ ଯୋଗୁଁ ମହାରାଷ୍ଟ୍ରର ସ୍କୋର ୫୦୦ ଟପିଥିଲା। ଓଡ଼ିଶା ପକ୍ଷରୁ ଅର୍ପିତ ମହାନ୍ତି ୫ଟି ୱିକେଟ ଦଖଲ କରିଥିଲେ।

**ଜାତୀୟ ପାରା ସୁଇମିଂରେ ଚମକ**

# ଦ୍ୱିତୀୟ ଦିନରେ ୪ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୨୬ ପଦକ

**ଭୁବନେଶ୍ୱର, ୧୭ ।୧୧ (ସମିସ):** ହାଇଦରାବାଦ୍‌ରେ ଚାଲିଥିବା ୨୫ତମ ଜାତୀୟ ପାରା ସୁଇମିଂରେ ଓଡ଼ିଶାର ସନ୍ତରଣକାରୀଙ୍କ ଦମ୍‌ଦାର ପ୍ରଦର୍ଶନ ଜାରି ରହିଛି। ଉଦ୍‌ଘାଟନୀ ଦିବସରେ ୭ଟି ପଦକ ଜିତିଥିବା ଓଡ଼ିଶା ସୋମବାର ଆଉ ୨୬ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୪ଟି ସ୍ୱର୍ଣ୍ଣ, ୧୩ ରୌପ୍ୟ ଓ ୯ଟି କାଂସ୍ୟ ପଦକ ରହିଛି। ଲିନା ସ୍ୱାଇଁ ୨ଟି ଏବଂ ନରହରି ବେହେରା ଓ ସଙ୍ଗୀତା ନାୟକ ଗୋଟିଏ ଲେଖାଏ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ସେହିଭଳି ବିକାଶ ରଞ୍ଜନ ବରାଳ, ପ୍ରଦୀପ୍ତ କୁମାର ସ୍ୱାଇଁ, ଲିନା ସ୍ୱାଇଁ, ଆକାଶ ବାନଛୋର, ଗୋଲାପୀ ସିରକା, ଚୈତନ୍ୟ ମାରାଣ୍ଡି, ଭାନୁମତୀ ବେହେରା ଗୋଟିଏ ଲେଖାଏ ଏବଂ ରଞ୍ଜନ ହାଁସଦା ଓ କବିତା ଦଳାଇ ୨ଟି ଲେଖାଏ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ରାମ ମୁର୍ମୁ, ଅନିତା ମୁଣ୍ଡା, ଭାନୁମତୀ, ସୁଜାତା ସାମଲ, ବିଜୁ ସିଂ, କମଳ ଟୁଡୁ ଓ ଶିବାନନ୍ଦ ବୈଦ୍ୟ କାଂସ୍ୟ ପଦକ ସଫଳତା ପାଇଥିଲେ।

**ନିଖିଳ ଓଡ଼ିଶା ବିଲିଆର୍ଡ୍‌ସ ଓ ସ୍ନୁକର**

# ସୁବ୍ରତ-ଆଶୁତୋଷ ଫାଇନାଲ

**ଭୁବନେଶ୍ୱର,୧୭।୧୧(ସମିସ):** ରାଜ୍ୟର ଦୁଇ ପ୍ରତିଷ୍ଠିତ ଖେଳାଳି ସୁବ୍ରତ ଦାସ ଓ ଆଶୁତୋଷ ପାଢ଼ୀଙ୍କ ମଧ୍ୟରେ ସିନିଅର ବିଲିଆର୍ଡ୍ସ ଟାଇଟଲ ଲାଗି ମୁକାବିଲା ହେବ। ପଟିଆ ଛକସ୍ଥିତ ସିକ୍ସ ପକେଟସ କ୍ଲବ୍ ପରିସରରେ ଚାଲିଥିବା ୩୧ତମ ରାଜ୍ୟ ବିଲିୟାର୍ଡ୍ସ ଓ ସ୍ନୁକର ଚାମ୍ପିଅନସିପ୍‌ର ଦ୍ୱିତୀୟ ଦିନରେ ଚିରଞ୍ଜୀବ ସିଂହଙ୍କୁ ୩-୦ ଫ୍ରେମ୍‌ରେ ହରାଇ ଆଶୁତୋଷ ଓ ସମୀର ଅଲିଙ୍କୁ ୩-୦ରେ ହରାଇ ସୁବ୍ରତ ବିଲିଆର୍ଡ୍‌ସ ଫାଇନାଲରେ ପ୍ରବେଶ କରିଛନ୍ତି। ପୂର୍ବରୁ କୁନାଲ ଅଗରୱାଲଙ୍କୁ ୨-୧ରେ ହରାଇ ଆଶୁତୋଷ ସେମିରେ ପ୍ରବେଶ କରିଥିଲେ। ଆସନ୍ତାକାଲି ଫାଇନାଲ୍ ଖେଳାଯିବ।

**ଷ୍ଟେଟ-ଏ' ଟ୍ରଫି**

# ଆସାମକୁ ହରାଇ ଓଡ଼ିଶାର ଚତୁର୍ଥ ବିଜୟ

**କଟକ,୧୭।୧୧(ସମିସ):** ଚଳିତ ୨୩ବର୍ଷରୁ କମ୍ ପୁରୁଷ ଷ୍ଟେଟ-ଏ (ଲିଷ୍ଟ-ଏ) ଟ୍ରଫିରେ ଓଡ଼ିଶା ୪ର୍ଥ ବିଜୟ ହାସଲ କରିଛି। ଆଜି ବରୋଦାର ମୋତିବାଗ୍ କ୍ରିକେଟ ଗ୍ରାଉଣ୍ଡରେ ଅନୁଷ୍ଠିତ ମ୍ୟାଚ୍‌ରେ ଦଳ ଅନ୍ତିମ ୱିକେଟରେ ଆସାମକୁ ପରାସ୍ତ କରିଥିଲା। ଲିଗ୍ ପର୍ଯ୍ୟାୟରେ ୫ଟି ମ୍ୟାଚ୍‌ରୁ ୪ଟି ବିଜୟ, ଗୋଟିଏ ପରାଜୟ ୧୬ ପଏଣ୍ଟ ହାସଲ କରି ଓଡ଼ିଶା ଗ୍ରୁପ-ବି ଟେବଲର ୩ୟ ସ୍ଥାନରେ ରହିଛି। ୧୯ ତାରିଖରେ ମୁମ୍ବାଇ ବିପକ୍ଷରେ ଓଡ଼ିଶା ପରବର୍ତ୍ତୀ ମ୍ୟାଚ୍ ଖେଳିବ। ସୋମବାର ଖେଳାଯାଇଥିବା ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରିଥିବା ଆସାମ ୮ ୱିକେଟ ବିନିମୟରେ ୨୫୭ରନ ସଂଗ୍ରହ କରିଥିଲା। ଓପନର ସୌରଭ ଡ଼ିଙ୍ଗିଆ ଅପରାଜିତ ୧୩୪ରନ କରିଥିଲେ। ଓଡ଼ିଶାର ମହମ୍ମଦ ଡାନିସ ଏବଂ ଆୟୁଷ ବାରିକ ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ତେବେ ୪୯ ଓଭରରେ ୯ ୱିକେଟ ହରାଇ ଓଡ଼ିଶା ବିଜୟ ଲକ୍ଷ୍ୟ ହାସଲ କରିଛି। ସୁଜଳ କୁମାର ସିଂହ ୫୪ବଲରୁ ୭୬ରନର ଅପରାଜିତ ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ୱିକେଟକିପର ଆଶୀର୍ବାଦ ସ୍ୱାଇଁ ୬୭ରନ କରିଥିଲେ।





ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ

ବିତର୍କ ପ୍ରତିଯୋଗିତା ୨୦୨୫

ଭାଷା: ଓଡ଼ିଆ

5th Anniversary

Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

In Association with:
CBSE-XI & XII
SRI VINAYAKA Concept School
BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ବଲାଙ୍ଗିର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଗାନ୍ଧୀନଗରପଡ଼ା, ବଲାଙ୍ଗିର | ଅଭିଳାଷ ହୋତା - ୭୦୦୮୦୮୪୨୪୭ |
| ଦେବଗଡ଼ | ଅପ୍ରାଇଜ ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଟ, ପୁରୁଣାଗଡ଼, ଦେବଗଡ଼ | ବ୍ରିଜେଶ ସାହୁ - ୭୮୪୭୦୨୩୩୦୩ |
| କଳାହାଣ୍ଡି | ପିଏମ୍ ଶ୍ରୀ ମ୍ୟୁନିସିପାଲ ସରକାରୀ ଉଚ୍ଚ ବିଦ୍ୟାଳୟ, ଭବାନୀପାଟଣା, କଳାହାଣ୍ଡି | ସ୍ୱାଧୀନ ପାତ୍ର - ୯୪୩୭୨୨୨୯୨୨ |
| ନୂଆପଡ଼ା | ନ୍ୟାସନାଲ ହାଇସ୍କୁଲ ନୂଆପଡ଼ା | ଘନଶ୍ୟାମ ଭୋଇ - ୯୯୩୭୬୯୨୧୩୨ |
| ସମ୍ବଲପୁର | ଗୁରୁନାନକ ପବ୍ଲିକ ସ୍କୁଲ, ସମ୍ବଲପୁର | ସୁକାନ୍ତ କର - ୯୪୩୭୧୪୯୧୬୬ |
| ଝାରସୁଗୁଡ଼ା | PKSS କଲେଜ, ଝାରସୁଗୁଡ଼ା | ଡୁଲେଶ୍ୱରୀ ପ୍ରଧାନ - ୯୭୭୭୩୪୩୬୯୩ |
| ବୌଦ୍ଧ | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ବୌଦ୍ଧ | ବବୁଲ ପାଢ଼ୀ - ୯୪୩୭୫୨୯୪୪୦ |
| ବରଗଡ଼ | ରାଣା ପ୍ରତାପ ଉଚ୍ଚ ବିଦ୍ୟାଳୟ ବରଗଡ଼ | ସରୋଜ ଷଡଙ୍ଗୀ - ୯୯୩୭ ୦୭୧୩୩୦ |
| ରାଉରକେଲା | ରାଉରକେଲା ମୁନିସିପାଲ ମହାବିଦ୍ୟାଳୟର ଅଡିଟୋରିୟମ୍ ଉଦିତନଗର, ରାଉରକେଲା - ୭୬୯୦୦୭ | ଦେବବ୍ରତ ପଟ୍ଟନାୟକ - ୯୪୩୭୦୮୨୭୭୭ |

୨୩ ନଭେମ୍ବର ୨୦୨୫ | ରବିବାର

ଜୁନିୟରଃ ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟରଃ କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ରୁ ଦାସ
EXECUTIVE EDITOR: SAMARENDU DAS